# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

♦VOLUME- 43 ♦ISSUE-142 ♦TUESDAY ♦18 NOVEMBER 2025 ♦PAGE-12 ♦₹ 6.00 | BHUBANESWAR | ♦ବର୍ଷ-୪୩ ♦ସଂଖ୍ୟା-୧୪୨ ♦ମଙ୍ଗଳବାର ♦୧୮ ନଭେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦




**ପରଲୋକରେ ହ୍ୟୁମାନ ସାଗର**

▶ପୃଷ୍ଠା ୩ ଦେଖନ୍ତୁ...




# ୨୫ ବର୍ଷରେ ସବୁଠୁ ଥଣ୍ଡା ନଭେମ୍ବର

ଭୁବନେଶ୍ୱର,୧୭।୧୧(ସମିସ): ସାରା ରାଜ୍ୟରେ ପ୍ରବଳ ଥଣ୍ଡା ଜାରି ରହିଛି। ରାଜ୍ୟକୁ କ୍ରମାଗତ ଭାବେ ଆସୁଥିବା ଥଣ୍ଡା ଓ ଶୁଷ୍କ ବାୟୁର ପ୍ରଭାବ ଯୋଗୁଁ ତାପମାତ୍ରା ତଳମୁହାଁ ହୋଇଛି। ଏହାଦ୍ୱାରା ସାରା ରାଜ୍ୟରେ ପାରଦ ତଳମୁହାଁ ହୋଇଥିବା ବେଳେ ଗତ ୨୫ ମଧ୍ୟରେ ନଭେମ୍ବର ମାସରେ ଭୁବନେଶ୍ୱରରେ ରେକର୍ଡ ହୋଇଥିବା ତାପମାତ୍ରା ସବୁଠୁ ତଳେ ପହଞ୍ଚିଛି। ଗତ ୩ ଦିନ ହେବ ରାଜଧାନୀ ଭୁବନେଶ୍ୱରରେ ପାରଦ ସ୍ୱାଭାବିକ ତୁଳନାରେ ୫ ଡିଗ୍ରୀ ତଳେ ରହୁଥିବା ହେତୁ ଏଠାରେ ପ୍ରବଳ ଥଣ୍ଡା ଅନୁଭୂତ ହେଉଛି। ଫଳସ୍ୱରୂପ ରାଜଧାନୀର ନଭେମ୍ବର ଥଣ୍ଡା, ୨୫ ବର୍ଷର ରେକର୍ଡ ଭାଙ୍ଗିଛି। ସେହିପରି କଟକରେ ମଧ୍ୟ ତାପମାତ୍ରା ୧୪ ବର୍ଷର ରେକର୍ଡ ଭାଙ୍ଗିଛି। ଏହା ବ୍ୟତୀତ ଝାରସୁଗୁଡ଼ାରେ ରେକର୍ଡ ହୋଇଥିବା ଥଣ୍ଡା ନଭେମ୍ବର ମାସର ଅଷ୍ଟମ ସର୍ବନିମ୍ନ ତାପମାତ୍ରାର ରେକର୍ଡ କହିଛି।

ଗତ୨୪ଘଣ୍ଟାରେଭୁବନେଶ୍ୱରରସର୍ବନିମ୍ନରାତିରତାପମାତ୍ରା ୧୨.୯ ଡିଗ୍ରୀ ରେକର୍ଡ ହୋଇଛି। ଏହାସହ କଟକରେ ୧୩.୨ ଡିଗ୍ରୀ ତାପମାତ୍ରା ରହିଛି। ୨୦୦୦ ମସିହା ପରେ ନଭେମ୍ବର ମାସରେ ଭୁବନେଶ୍ୱରର ରାତିର ତାପମାତ୍ରା ପ୍ରଥମ ଥର ପାଇଁ ଏତେ ତଳକୁ ଖସିଛି। ଏହା ପୂର୍ବରୁ ୨୦୦୯ ନଭେମ୍ବର ୨୯ରେ ଭୁବନେଶ୍ୱରରେ ୧୩.୫ ଡିଗ୍ରୀ ରେକର୍ଡ ହୋଇଥିବା ବେଳେ ୨୦୧୮ ନଭେମ୍ବର ୨୫ ୧୩.୬, ୨୦୧୭ ନଭେମ୍ବର ୨୬ରେ ୧୩.୭, ୨୦୨୫ ୧୬ ନଭେମ୍ବରରେ ୧୩.୦ ଓ ଗତ ୨୪ ଘଣ୍ଟାରେ ୧୨.୯ ଡିଗ୍ରୀ ସହ ଏହି



ରେକର୍ଡ ଭଙ୍ଗ ହୋଇଛି। କଟକରେ ୨୦୧୨ ମସିହାରେ ଶେଷ ଥର ପାଇଁ ନଭେମ୍ବରରେ ତାପମାତ୍ରା ୧୨.୮ ଡିଗ୍ରୀ ରେକର୍ଡ ହୋଇଥିଲା।

ଭୁବନେଶ୍ୱର ବ୍ୟତୀତ ଗତ ୨୪ ଘଣ୍ଟାରେ ରାଜ୍ୟର ୬ସହରରେ ତାପମାତ୍ରା ୧୦ ଡିଗ୍ରୀ କିମ୍ବା ତାଠାରୁ କମ ରେକର୍ଡ ହୋଇଛି। ଝାରସୁଗୁଡାଠାରେ ଭୀଷଣ ଶୀତ ଲହରୀ ଅନୁଭୂତ ହୋଇଥିବା ବେଳେ କଟକ ଓ ଭୁବେନଶ୍ୱରରେ ଶୀତ ଲହରୀ ଅନିଭୂତ ହୋଇଛି। ଏହା ବ୍ୟତୀତ ୧୪ ସହରରେ ତାପମାତ୍ରା ୧୨ ଡିଗ୍ରୀ ତଳେ ରହିଛି। ଜି.ଉଦୟଗିରି ୫.୪ ଡିଗ୍ରୀ ପାରଦ ପହଞ୍ଚିଥିବା ବେଳେ ସେମିଳିଗୁଡାରେ ୬.୧, ଦାରିଙ୍ଗବାଡି ୭, ଫୁଲବାଣୀ ୮ ଏବଂ ଝାରସୁଗୁଡାରେ ୯.୮ ଡିଗ୍ରୀ ତାପମାତ୍ରା ରେକର୍ଡ ହୋଇଛି। ସେହିପରି ରାଉରକେଲାରେ ୧୦, କେନ୍ଦୁଝରରେ ୧୧ ଡିଗ୍ରୀ ରେକର୍ଡ ହୋଇଛି। ପାଣିପାଗ ବିଭାଗ କହିବା ଅନୁସାରେ, ପଶ୍ଚିମ ଉତ୍ତର ପବନ। ତୀବ୍ର ହେବା, ଆକାଶ ସଫା ରହିବା ଓ ଆର୍ଦ୍ରତା ହ୍ରାସ କାରଣରୁ ରାତିର ତାପମାତ୍ରା ଦ୍ରୁତ ଭାବେ ତଳକୁ ଖସୁଛି। ତେବେ ମଙ୍ଗଳବାର ରାତିଠାରୁ ତାପମାତ୍ରାରେ ସାମାନ୍ୟ ବୃଦ୍ଧି ଘଟିବ। ତାପମାତ୍ରା ବଢ଼ିଲେ ମଧ୍ୟ ଆଭ୍ୟନ୍ତରୀଣ ଓଡ଼ିଶାରେ ଶୀତ ଜାରି ରହିବ।

ଅନ୍ୟପଟେ ଦକ୍ଷିଣ ଭାରତରେ ୨୨ ତାରିଖ ଯାଏଁ ପ୍ରବଳ ବର୍ଷା ହେବ ବୋଲି ଆଇଏମ୍‌ଡି ପୂର୍ବାନୁମାନ କରିଛି। ଆସନ୍ତା ୨୪ ଘଣ୍ଟା ଅର୍ଥାତ ମଙ୍ଗଳବାର ସକାଳ ସାଢ଼େ ୮ ଟା ପର୍ଯ୍ୟନ୍ତ ରାଜ୍ୟର ଖୋର୍ଦ୍ଧା, କନ୍ଧମାଳ, ଝାରସୁଗୁଡ଼ା, ସୁନ୍ଦରଗଡ଼ର କିଛି କିଛି ଅଞ୍ଚଳରେ ଶୀତ ଲହରୀ ପାଇଁ ପାଣିପାଗ କେନ୍ଦ୍ର ପକ୍ଷରୁ ୟେଲୋ ଆଲର୍ଟ ଜାରି କରାଯାଇଛି।

## ପୁଲିସକୁ ଗାଡ଼ି ଚେକିଂ କ୍ଷମତା

# ବସ୍‌ମାଲିକ ସଂଘ-ସରକାର ବିବାଦ ତେଜିଲା

ଭୁବନେଶ୍ୱର,୧୭ ।୧୧(ସମିସ): ରାଜ୍ୟରେ ଗାଡ଼ି ଚେକିଂ କ୍ଷମତା ପୁଲିସକୁ ଦେବା ପାଇଁ ସରକାର ଏକ ପ୍ରକାର ସ୍ଥିର କରି ସାରିଛନ୍ତି। ଆସନ୍ତା ଡିସେମ୍ବର ୧ ତାରିଖରୁ ଏହି ନିୟମ ଲାଗୁ ହେବ। ତେବେ ଘରୋଇ ବସ୍ ମାଲିକ ସଂଘ ଓ ଟ୍ରକ୍ ମାଲିକ ସଂଘ ସରକାରଙ୍କୁ ଏହି ନିୟମ ଲାଗୁ ନ କରିବାକୁ ଅନୁରୋଧ କରିଥିଲେ ମଧ୍ୟ ରାଜ୍ୟ ପରିବହନ ବିଭାଗ ନିଜ ଜିଦ୍‌ରେ ଅଟଳ ରହିଛି। ଏଭଳି ସ୍ଥିତିରେ ନିଷ୍ପତ୍ତିକୁ ବିରୋଧ କରି ସୋମବାର ରାଜ୍ୟ ଘରୋଇ ବସ୍ ମାଲିକ ସଂଘ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ଏକ ପତ୍ର ଲେଖି ଏହି ନିଷ୍ପତ୍ତିର ପୁନର୍ବିଚାର ପାଇଁ

- ମୁଖ୍ୟମନ୍ତ୍ରୀଙ୍କୁ ପତ୍ର ଲେଖି ନିଷ୍ପତ୍ତିର ପୁନଃର୍ବିଚାର ଦାବି
- ନିୟମ ଲାଗୁ ହେଲେ ସାରା ରାଜ୍ୟରେ ଚକଅଖ ବନ୍ଦ
- ୨୫ରେ ସାଧାରଣ ପରିଷଦ ବୈଠକ ଡାକିଲା ସଂଘ

ନିବେଦନ କରିଛନ୍ତି। ଏହାସହିତ ସଂଘ ପକ୍ଷରୁ ଆସନ୍ତା ୨୫ ତାରିଖରେ ସାଧାରଣ ପରିଷଦ ବୈଠକ ଡକାଇଯାଇଥିବା ବେଳେ ଯଦି ସରକାର ଏହି ନିୟମ ଲାଗୁ କରନ୍ତି, ତେବେ ରାଜ୍ୟରେ ଘରୋଇ ବସ୍ ଚଳାଚଳ ବନ୍ଦ କରିବାକୁ ସଂଘ ପରୋକ୍ଷରେ ଚେତାବନୀ ଦେଇଛି।

ଗାଡ଼ି ମାଲିକ ସଂଘ ପକ୍ଷରୁ କୁହାଯାଇଛି ଯେ ଏମ୍‌ଭି ଆକ୍ଟ ୧୯୮୮ ଅଧିନିୟମ ଅନୁଯାୟୀ ରାଜ୍ୟରେ ହେଲମେଟ, ସିଟ୍ ବେଲ୍ଟ, ଟ୍ରିପଲ୍ ରାଇଡର୍, ଭୁଲ ପାଶ୍ୱର୍ରେ ଗାଡ଼ି ଚଳାଇବା, ମଦ୍ୟପାନ କରି ଗାଡ଼ି ଚଳାଇବା ଇତ୍ୟାଦି ମୋଟର ଯାନ ଯାଞ୍ଚ ପାଇଁ ପୁଲିସକୁ ପୂର୍ବରୁ କ୍ଷମତା ଦିଆଯାଇଛି। ଦୁର୍ଘଟଣା ଓ ମୃତ୍ୟୁହାର ହ୍ରାସ କରିବା ପାଇଁ ସରକାର ଏହି ପଦକ୍ଷେପ ନେଇଛନ୍ତି। ମାତ୍ର ଆଗକୁ ରାଜ୍ୟରେ ମୋଟର ଯାନ ଯାଞ୍ଚ ପାଇଁ ପୁଲିସ ବିଭାଗକୁ ଅଧିକ କ୍ଷମତା ପ୍ରଦାନ କରିବାକୁ ସରକାର ଯୋଜନା କରୁଛନ୍ତି। ସାଧାରଣତଃ, ବିଗତ ଦିନରେ ପୁଲିସ ବିଭାଗକୁ ମଧ୍ୟ ଏହି କ୍ଷମତା ଦିଆଯାଇଥିଲା। କିନ୍ତୁ ଦୁର୍ନୀତି ବୃଦ୍ଧି ଏବଂ କ୍ଷମତାର ଅପବ୍ୟବହାର ହେତୁ ଏହି ଉଦ୍ଦେଶ୍ୟ ବିଫଳ ହୋଇଥିଲା। ଏହାସହିତ ପୁଲିସର ମାନବ ସମ୍ବଳ ଅଭାବ ହେତୁ ଏବେ ସେମାନେ ଅପରାଧ ହ୍ରାସ କରିବାରେ ସକ୍ଷମ ହେଉ ନାହାନ୍ତି। ଫଳସ୍ୱରୂପ ପୂର୍ବ ସରକାର ପୁଲିସ ବିଭାଗକୁ ଦିଆଯାଇଥିବା ଏହି କ୍ଷମତାକୁ ପ୍ରତ୍ୟାହାର କରି ନେଇଥିଲେ। ସେହିପରି ବାରମ୍ବାର ଗାଡି ମାଲିକମାନଙ୍କୁ ଅନାବଶ୍ୟକ ଇ-ଚାଲାଣ କରି ପୁଲିସ ବିଭାଗ ଦ୍ୱାରା ହଇରାଣ ହେବାକୁ ପଡୁଛି।

ନିକଟରେ ଭୁବନେଶ୍ୱରରେ ଘରୋଇ ବସ୍ ମାଲିକଙ୍କ ବସ୍ ବିରୋଧରେ ପୁଲିସ ବିଭାଗ ଦ୍ୱାରା ମନମୁଖୀ ଭାବରେ ୫୦୦ ରୁ ଅଧିକ ଇ-ଚାଲାଣ କରାଯାଇଛି। ଏହାସହ ଗୋଟିଏ ଗାଡ଼ିକୁ ମାର୍ଗାଘାଇ ପୁଲିସ ଦ୍ୱାରା ୩୨୫୦୦ ଟଙ୍କାର ଇ-ଚାଲାଣ କରାଯାଇଛି। ଏହି ଇ-ଚାଲାଣ ବିରୋଧରେ ପୁଲିସ ମହାନିର୍ଦ୍ଦେଶକ, ବାଣିଜ୍ୟ ଓ ପରିବହନ ବିଭାଗର ପ୍ରମୁଖ ସଚିବ, ପରିବହନ କମିଶନର, ରାଜ୍ୟ ପରିବହନ କର୍ତ୍ତୃପକ୍ଷ ଏବଂ କେନ୍ଦ୍ରାପଡ଼ା ଏସ୍‌ପିଙ୍କ ନିକଟରେ ସଂଘ ଆପତ୍ତି କରିବା ସହ ମାର୍ଶାଘାଇ ଆଇଆଇସିଙ୍କ ବିରୋଧରେ ଅଭିଯୋଗ କରାଯାଇଥିଲା। କିନ୍ତୁ ଆଜି ପର୍ଯ୍ୟନ୍ତ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ନାହିଁ। ଫଳରେ ଗାଡି ମାଲିକ ଉପରୋକ୍ତ ଜୋରିମାନା ଦେବାକୁ ବାଧ୍ୟ ହେଉଛନ୍ତି। ବିଭିନ୍ନ ପୁଲିସ ଷ୍ଟେସନରେ ଏଭଳି ଇ-ଚାଲାଣ କରାଯାଉଥିବାରୁ ଗାଡ଼ି ମାଲିକମାନଙ୍କ ପାଇଁ ବୋଝ ସାଜିଛି। ତେଣୁ ସରକାର ଏହି ନିଷ୍ପତ୍ତିର ପୁନର୍ବିଚାର କରନ୍ତୁ ବୋଲି ସଂଘ ପକ୍ଷରୁ ନିବେଦନ କରାଯାଇଛି। ମିଳିଥିବା ସୂଚନା ଅନୁଯାୟୀ ଏହି ଘଟଣାକୁ ନେଇ ଆଜି ବସ୍ ମାଲିକ ସଂଘ ଓ ଟ୍ରକ୍ ମାଲିକ ସଂଘ ପରିବହନ ଆୟୁକ୍ତଙ୍କୁ ମଧ୍ୟ ସାକ୍ଷାତ କରିଛନ୍ତି। ଯଦି ସରକାର ଏହି ନିଷ୍ପତ୍ତିରୁ ନ ଓହରନ୍ତି ତେବେ ରାଜ୍ୟରେ ବସ୍ ମାଲିକ ସଂଘ କଠୋର ନିଷ୍ପତ୍ତି ନେବ ବୋଲି ମଧ୍ୟ ସଂଘ ଚେତାବନୀ ଦେଇଛି।

## ପୁଣି ଫେରିଲା ବୋର୍ଡ, ନିଗମ ନିଯୁକ୍ତି ଚର୍ଚ୍ଚା

# ନେତାଙ୍କ ଧୈର୍ଯ୍ୟଚ୍ୟୁତି: ଧନୁରେ ମିଳିବ ନିଗମ ମୁଆଁ!

ଭୁବନେଶ୍ୱର,୧୭।୧୧(ସମିସ): ବେଶ କିଛିଦିନର ନିରବତା ପରେ ପୁଣି ଚର୍ଚ୍ଚାକୁ ଫେରିଛି ରାଜ୍ୟରେ ବୋର୍ଡ, ନିଗମ ନିଯୁକ୍ତି ପ୍ରସଙ୍ଗ। କିଛିମାସର ବ୍ୟବଧାନ ପରେ ରାଜ୍ୟରେ ଖୁବଶୀଘ୍ର ବୋର୍ଡ, ନିଗମ ନିଯୁକ୍ତି ଦିଆଯିବ ବୋଲି ପୁଣି ଦୋହରାଇଛନ୍ତି ରାଜ୍ୟ ବିଜେପି ପ୍ରଭାରୀ ବିଜୟ ପାଲ୍ ସିଂ ତୋମାର। ରାଜ୍ୟସ୍ତରରେ ଚର୍ଚ୍ଚା, ଆଲୋଚନା ସରିବା ସହ ସମସ୍ତ ପ୍ରକ୍ରିୟା ସରିଛି ଓ କେନ୍ଦ୍ରୀୟ ନେତୃତ୍ୱ ଏ ନେଇ ଖୁବଶୀଘ୍ର ନିଷ୍ପତ୍ତି ନେବେ ବୋଲି ସେ କହିଛନ୍ତି। ତେଣୁ ଧନୁ ମାସରେ ଆଶାୟୀଙ୍କୁ ନିଗମ ମୁଆଁ ବଣ୍ଟା ହେବା ଆଶା ଉଜ୍ଜ୍ୱଳ ହୋଇଛି ।

ରାଜ୍ୟରେ ସରକାର ଗଠନ କରିବାକୁ ବିଜେପିକୁ ୧୭ ମାସ ପୂରିଲାଣି। ମାତ୍ର ଏଯାଏଁ ଦଳ ବୋର୍ଡ, ନିଗମ ଏବଂ ବିଭିନ୍ନ ଅକାଦେମୀରେ ନିଯୁକ୍ତି ଦେଇପାରୁ ନାହିଁ। ସେହିପରି ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ମଧ୍ୟ ହୋଇପାରୁନଥିବା ବେଳେ ଏହାକୁ ନେଇ ରାଜ୍ୟ ବିଜେପି ସରକାର ଏବଂ ସଂଗଠନକୁ ବିଭିନ୍ନ ମହଲରୁ ସମାଲୋଚନାର ଶରବ୍ୟ ହେବାକୁ ପଡୁଛି। ଏପଟେ ଥଇଥାନ ହେବା ପାଇଁ ଅନେକ ଦିନ ଅପେକ୍ଷା କରି ଆଶାୟୀଙ୍କ ଧୈର୍ଯ୍ୟଚ୍ୟୁତି ହେଲାଣି। ଜୁଲାଇରୁ ସେପ୍ଟେମ୍ବର ମାସରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏବଂ ରାଜ୍ୟ ସଭାପତି ମନମୋହନ ସାମଲ ଏକାଧିକବାର ଦିଲ୍ଲୀ ଗସ୍ତ କରିଥିଲେ। ଦିଲ୍ଲୀରେ ପ୍ରମୁଖ ପଦରେ ଦଳୀୟ ନେତାଙ୍କୁ ଥଇଥାନ ଏବଂ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ନେଇ ପ୍ରତିଟି ଗସ୍ତ ବେଳେ କେନ୍ଦ୍ରୀୟ ନେତୃତ୍ୱଙ୍କ ସହ ଆଲୋଚନା ମଧ୍ୟ ହୋଇଥିଲା। ମାତ୍ର ଶେଷ ମୂହୂର୍ତ୍ତରେ କୌଣସି ନା କୌଣସି କାରଣ ପାଇଁ ଏହା ସମ୍ଭବପର ହୋଇପାରୁ ନଥିଲା। ତେବେ ନୂଆପଡ଼ା ନିର୍ବାଚନ ପାଇଁ ବୋର୍ଡ, ନିଗମ ନିଯୁକ୍ତି ଚର୍ଚ୍ଚା କିଛି ସମୟ ପାଇଁ ରାଜ୍ୟରେ ଥମି ଯାଇଥିବା ବେଳେ ଶ୍ରୀ ତୋମାରଙ୍କ ବୟାନ ଏହି ଚର୍ଚ୍ଚାକୁ ପୁଣିଥରପେ ଖୋରାକ୍ ଯୋଗାଇଛି। ନିଗମ ନିଯୁକ୍ତି ଖୁବଶୀଘ୍ର ହୋଇଯିବ ବୋଲି ସେ ଦୃଢ଼ୋକ୍ତି ପ୍ରକାଶ କରିଥିବା ବେଳେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ପାଇଁ କିଛି ସମୟ ଲାଗିବ ବୋଲି କହିଛନ୍ତି।

### ଦଳ ସଭାପତିଙ୍କ ସୁପାରିସ ଆପାତତଃ ଚୂଡ଼ାନ୍ତ

ତେବେ ବର୍ତ୍ତମାନ ରାଜ୍ୟ ବିଜେପି ରାଜନୀତିକୁ ଦୃଷ୍ଟି ରଖି ଶ୍ରୀ ତୋମାରଙ୍କ କଥାରେ ଦମ୍ ରହିଥିବା କହିଛନ୍ତି ରାଜନୈତିକ ସମୀକ୍ଷକ। ନୂଆପଡ଼ାରେ ମୋହନ-ମନମୋହନଙ୍କ ଯୋଡ଼ି ବେଶ୍ ସଫଳତା ପାଇଥିବାରୁ ଦିଲ୍ଲୀରେ ସେମାନଙ୍କର ପ୍ରଭାବ ବଢ଼ିଛି। ଏପରିସ୍ଥଳେ ନିଗମ ବଣ୍ଟନ ବେଳେ ଦଳୀୟ ଶୀର୍ଷ ନେତୃତ୍ୱଙ୍କ ପାଖେ ମୋହନ-ମନମୋହନ ଏବେ ଅଧିକ ବିଶ୍ୱାସଭାଜନ ହୋଇପାରିଛନ୍ତି। ଉଭୟଙ୍କ ପରାମର୍ଶକୁ ଭିତ୍ତି କରି ରାଜ୍ୟର ତାଲିକାକୁ କେନ୍ଦ୍ର ସବୁଜ ସଙ୍କେତ ଦେବାର ସମ୍ଭାବନା ଉଜ୍ଜ୍ୱଳ ହୋଇଛି। ତେବେ ରାଜ୍ୟ ବିଜେପି ରାଜନୀତିରେ ଘଡ଼ିକେ ଘୋଡ଼ା ଛୁଟୁଥିବାରୁ ଏନେଇ କୌଣସି ସ୍ପଷ୍ଟ ପୂର୍ବାନୁମାନ କରିବା କଷ୍ଟକର ବୋଲି ରାଜନୈତିକ ସମୀକ୍ଷକ ମତ ରଖିଛନ୍ତି।

# କମ୍ବୁପାଣି ପାଢ଼ୀ ରାଜ୍ୟ ଆଇନଜୀବୀ ପରିଷଦର ନୂତନ ସଦସ୍ୟ ନିର୍ବାଚିତ

କଟକ, ୧୭ ।୧୧(ସମିସ): ଓଡ଼ିଶା ରାଜ୍ୟ ଆଇନଜୀବୀ ପରିଷଦର ଖାଲି ପଡ଼ିଥିବା ଏକ ସଦସ୍ୟ ପଦ ପାଇଁ ହୋଇଥିବା ନିର୍ବାଚନରେ ଟିଟିଲାଗଡର ଆଇନଜୀବୀ କମ୍ବୁପାଣି ପାଢ଼ୀ ନିର୍ବାଚିତ ହୋଇଛନ୍ତି। ଉକ୍ତ



ନିର୍ବାଚନରେ ଶ୍ରୀ ପାଢ଼ୀଙ୍କ ବିପକ୍ଷରେ କଟକର ଆଇନଜୀବୀ ଆଭାସ ମହାନ୍ତି ପ୍ରାର୍ଥୀ ଥିଲେ। ଆଇନଜୀବୀ ପରିଷଦର ମୋଟ ୨୪ଜଣଙ୍କ ମଧ୍ୟରୁ ୧୬ଜଣ ଶ୍ରୀ ପାଢ଼ୀଙ୍କୁ ସମର୍ଥନ ଜଣାଇ ମତଦାନ କରିଛନ୍ତି। ଆଜି ରାଜ୍ୟ ଆଇନଜୀବୀ ପରିଷଦ ତରଫରୁ ଅଧ୍ୟକ୍ଷ ସୀତାଂଶୁ ମୋହନ ଦ୍ୱିବେଦୀ ନବନିର୍ବାଚିତ ସଦସ୍ୟ ଶ୍ରୀ ପାଢ଼ୀଙ୍କୁ ସମ୍ବର୍ଦ୍ଧିତ କରିବା ସହ ଅଭିନନ୍ଦନ ଜଣାଇଛନ୍ତି। ପ୍ରକାଶଥାଉକି, ରାଜ୍ୟ ଆଇନଜୀବୀ ପରିଷଦର ସଦସ୍ୟ ଥିବା ପୀତବାସ ପଣ୍ଡାଙ୍କ ପରଲୋକ ପରେ ଏହି ପଦ ଖାଲି ପଡ଼ିଥିଲା। ଶ୍ରୀ ପଣ୍ଡାଙ୍କୁ ଗତ ଅକ୍ଟୋବର ୬ ତାରିଖ ଦିନ ଦୁର୍ବୃତ୍ତମାନେ ହତ୍ୟା କରିଥିଲେ। ଖାଲି ପଦ ପୂରଣ ପାଇଁ ଗତ ଅକ୍ଟୋବର ୨୨ ତାରିଖରେ ବିଜ୍ଞପ୍ତି ପ୍ରକାଶ ପାଇ ନଭେମ୍ବର ୧୬ରେ ନିର୍ବାଚନ ଅନୁଷ୍ଠିତ ହୋଇଥିଲା।

# ପୋଖରୀରେ ବୁଡ଼ି ୨ ଶିଶୁ ମୃତ

ଭଦ୍ରକ/ତିହିଡି, ୧୭।୧୧(ସମିସ): ଭଦ୍ରକ ଜିଲ୍ଲା ତିହିଡ଼ି ବ୍ଲକ ପୀରହାଟ ଥାନା ସାହାପୁର ପଞ୍ଚାୟତ ଅଧୀନ ଜାଫରାବାଦ ଗ୍ରାମରେ ଆଜି ଏକ ଦୁଃଖଦ ଘଟଣା ଘଟିଛି। ପୋଖରୀରେ ବୁଡ଼ି ୨ ଶିଶୁଙ୍କ ମୃତ୍ୟୁ ଘଟିଛି। ମୃତ ଶିଶୁଦ୍ୱୟ ହେଲେ, ଜାଫରାବାଦ ଗ୍ରାମର ବୁଲୁ ବାରିକଙ୍କ ପୁଅ ଅନନ୍ତଦେବ (୩) ଏବଂ ସିମୁଳିଆ ଥାନା ଅଧୀନ ଫୁଲଗଡ଼ ଗ୍ରାମର ଜୟନ୍ତ ସାହୁଙ୍କ ପୁଅ ହିମାଂଶୁ (୪)। ହିମାଂଶୁ ତାଙ୍କ ବାପାଙ୍କ ସହ ଜାଫରାବାଦ ଗ୍ରାମସ୍ଥିତ ବନ୍ଧୁ ଘରକୁ ଆସିଥିଲେ। ମଧ୍ୟାହ୍ନ ୧ଟା ବେଳେ ଦୁହେଁ ସାଙ୍ଗ ହୋଇ ଖେଳୁଥିବା ବେଳେ ପାଖରେ ଥିବା ଏକ ପୋଖରୀରେ ପଡ଼ିଯାଇଥିଲେ। ଗ୍ରାମବାସୀଙ୍କ ସହାୟତାରେ ପରିବାରଲୋକେ ଉଭୟଙ୍କୁ ଉଦ୍ଧାର କରି ତିହିଡ଼ି ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। ମାତ୍ର ସେଠାରେଅବସ୍ଥାସଂକଟାପନ୍ନହେବାରୁତାଙ୍କୁଭଦ୍ରକଡାକ୍ତରଖାନାକୁସ୍ଥାନାନ୍ତର କରାଯାଇଥିଲା। ସେଠାରେ ଡାକ୍ତର ଦୁହିଁଙ୍କୁ ମୃତ ଘୋଷଣା କରିଥିଲେ।

## ହାଇକୋର୍ଟରେ ହୀରାକୁଦ ସଟର ଗେଟ୍ କାର୍ଯ୍ୟ ଦୁର୍ନୀତି ପ୍ରସଙ୍ଗ

# ଭିତ୍ତିହୀନ ଜନସ୍ୱାର୍ଥ ମାମଲା ପାଇଁ ୨ ଲକ୍ଷ ତଣ୍ଡ ଗଣିବେ ଆବେଦନକାରୀ

କଟକ,୧୭ ।୧୧(ସମିସ): ହୀରାକୁଦ ମେକାନିକାଲ ଡିଭିଜନ୍ ଅଧୀନରେ ସଟର ଗେଟ୍ କାର୍ଯ୍ୟରେ ବ୍ୟାପକ ଅନିୟମିତତା ହୋଇଥିବା ନେଇ ଦାୟର ଜନସ୍ୱାର୍ଥ ମାମଲାକୁ ହାଇକୋର୍ଟ ଖାରଜ କରିଦେଇଛନ୍ତି। ଏଥିସହ ଏଭଳି ଭିତ୍ତିହୀନ ଜନସ୍ୱାର୍ଥ ମାମଲା ପାଇଁ ଆବେଦନକାରୀ ୨ଲକ୍ଷ ଟଙ୍କା ତଣ୍ଡ ଗଣିବେ ବୋଲି ହାଇକୋର୍ଟ ଆଜି ଏକ ଗୁରୁତ୍ୱପୂର୍ଣ୍ଣ ନିର୍ଦ୍ଦେଶ ପ୍ରଦାନ କରଛନ୍ତି। ୨ଲକ୍ଷ ଟଙ୍କା ତଣ୍ଡରାଶିକୁ ଓଡ଼ିଶା ରାଜ୍ୟ ଆଇନସେବା ପ୍ରାଧିକରଣ ନିକଟରେ ଜମା କରିବାକୁ ହାଇକୋର୍ଟ କହିଛନ୍ତି। ମୁଖ୍ୟ ବିଚାରପତି ଜଷ୍ଟିସ ହରୀଶ ଟଣ୍ଡନ ଓ ଜଷ୍ଟିସ ଏମ.ଏସ୍ ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ଏମଏସ୍ ଏମକେ ଇଣ୍ଡଷ୍ଟ୍ରିଜ୍ ପକ୍ଷରୁ ଦାୟର ଜନସ୍ୱାର୍ଥ ଆବେଦନର ଶୁଣାଣି କରି ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି।

ମାମଲାରୁ ପ୍ରକାଶ, ହୀରାକୁଦ ମେକାନିକାଲ ଡିଭିଜନ୍ ଅଧୀନରେ ସଟର୍ ଗେଟ୍ କାର୍ଯ୍ୟରେ ବ୍ୟାପକ ଅନିୟମିତତା ନେଇ ଗତ ମେ' ମାସରେ ଆବେଦନକାରୀ ଜଳସଂପଦ ବିଭାଗ ଅତିରିକ୍ତ ମୁଖ୍ୟ ସଚିବଙ୍କ ନିକଟରେ ଲିଖିତ ଅଭିଯୋଗ କରିଥିଲେ। ୨୦୧୭ ଏପ୍ରିଲ ୧ରୁ ୨୦୨୦, ଜୁଲାଇ ୩୧ରେ ମଧ୍ୟ ଏହି କାର୍ଯ୍ୟ ପାଇଁ ବେଆଇନ ଭାବେ ବିପୁଳ ସରକାରୀ ଅର୍ଥ ବ୍ୟୟ କରାଯିବା ସହ ନିୟମ ଅନୁସାରେ ଟେଣ୍ଡର୍ କରାଯାଇନଥିଲା। ଡିଭିଜନ୍‌ର ଜନୈକ ତତ୍କାଳୀନ ନିର୍ବାହୀ ଯନ୍ତ୍ରୀ ଏଥିରେ ସଂପୃକ୍ତି ଥିବା ଦର୍ଶାଇ ହାଇକୋର୍ଟରେ ଜନସ୍ୱାର୍ଥ ମାମଲା ରୁଜୁ କରିଥିଲେ। ପୂର୍ବରୁ ଉଚ୍ଚ କର୍ତ୍ତୃପକ୍ଷଙ୍କ ତରଫରୁ ତଦନ୍ତ କରାଯାଇ ସମ୍ପୃକ୍ତ ନିର୍ବାହୀ ଯନ୍ତ୍ରୀଙ୍କୁ ଦୋଷମୁକ୍ତ କରାଯାଇଛି ବୋଲି ସରକାରଙ୍କ ପକ୍ଷରୁ ଅବଗତ କରାଯାଇଥିଲା।

## ତରିକୁନ୍ଦରେ ବୁଲିଲା ବୁଲ୍‌ଡୋଜର୍

# ମାଟିରେ ମିଶିଲା ବେହେରାମପୁର ବସ୍ତି





ଜଗତସିଂହପୁର, ୧୭।୧୧(ସମିସ): ଜଗତସିଂହପୁର ସଦର ଥାନା ଅନ୍ତର୍ଗତ ତରିକୁନ୍ଦ ବେହେରାମପୁର ବସ୍ତିରେ ଗତକାଲି ମାରଣାସ୍ତ୍ର ମିଳିବା ପରେ ଆଜି ବସ୍ତିରେ ବୁଲିଛି ବୁଲ୍‌ଡୋଜର। ଫଳରେ ମାଟିରେ ମିଶିଯାଇଛି ଏହି ବସ୍ତିରେ ଥିବା ୩୦ରୁ ଊର୍ଦ୍ଧ୍ୱ ଘର। ଗତକାଲି ସନ୍ଧ୍ୟାରେ ପୁଲିସ ଚଢ଼ଉ କରି ୨ଜଣ ମହିଳାଙ୍କୁ ଗିରଫ କରିଥିଲା। ରାତିରେ ସେମାନଙ୍କୁ କୋର୍ଟଚାଲାଣ କରାଯାଇଥିବା ଆଇଆଇସି ସରୋଜ କୁମାର ସାମଲ ସୂଚନା ଦେଇଛନ୍ତି। ସେହିପରି

- ଆଧାର କାର୍ଡ ସହିତ ବିଭିନ୍ନ କାଗଜପତ୍ର ଜବତ
- ସନ୍ଦିଗ୍ଧଙ୍କ ପ୍ରକୃତ ବାସସ୍ଥାନ ସଂପର୍କରେ ଚାଲିଛି ଅନୁସନ୍ଧାନ

ଅନ୍ୟ କିଛି ପୁରୁଷ ଓ ମହିଳାଙ୍କୁ ପୁଲିସ ଅଟକ ରଖି ତଦନ୍ତ ଚଳାଇଛି। ତେବେ ମୁଖ୍ୟ ଅଭିଯୁକ୍ତ କୁହାଯାଉଥିବା ସିକନ୍ଦର ଆଲାମଙ୍କ ସହ ଅନ୍ୟ ୮/୧୦ ଜଣ ପୁଲିସ ଚଢ଼ଉ ଖବର ପାଇ ଫେରାର୍ ହୋଇଯାଇଛି। ଚଢ଼ଉ ସମୟରେ ପୁଲିସ ସହ ଧସ୍ତାଧସ୍ତି ହେବାରୁ ଜଣେ ମହିଳା କନଷ୍ଟେବଳ ଆହତ ହୋଇଥିବା ପୁଲିସ୍ ସୂଚନା ଦେଇଛି।

ବିଶ୍ୱସ୍ତ ସୂତ୍ରରୁ କିଛି ସନ୍ଦିଗ୍ଧ ଆଚରଣ ସଂପର୍କରେ ସୂଚନା ପାଇ ଏଏସ୍‌ପି ସତ୍ୟ ଦାଶଙ୍କ ନେତୃତ୍ୱରେ ସଦର ଥାନା ପୁଲିସ ଏହି ବସ୍ତିରେ ଚଢ଼ଉ କରିଥିଲା। ଚଢ଼ଉ ବେଳେ ଗୋଟିଏ ଦେଶୀ ବନ୍ଧୁକ, ୫/୬ଟି ବଡ଼ କଟୁରି ଏବଂ ଅନ୍ୟ ହାତହତିଆର ପୁଲିସ ଜବତ କରିଥିଲା। ସରକାରୀ ଜାଗାରେ ଏହି ଗୃହ ନିର୍ମାଣ କରାଯାଇଥିବା ଜଣାପଡ଼ିବା ପରେ ଆଜି ବୁଲ୍‌ଡୋଜର ଲଗାଇ ସମସ୍ତ ଘରକୁ ଭାଙ୍ଗି ଦିଆଯାଇଛି। ଜିଲ୍ଲାପାଳ ଜେ. ସୋନାଲ ଏବଂ ଏସ୍‌ପି ଅଙ୍କିତ ବର୍ମା ଘଟଣାସ୍ଥଳକୁ ଯାଇ ସ୍ଥିତି ଅନୁଧ୍ୟାନ କରିଛନ୍ତି। ସେହିପରି ଆଜି ସନ୍ଧ୍ୟାରେ ଡିଆଇଜି ସତ୍ୟଜିତ ନାୟକ ଜଗତସିଂହପୁର ଗସ୍ତରେ ଆସି ଜିଲ୍ଲାପାଳଙ୍କ ସଦ୍‌ଭାବନା ସଭାଗୃହରେ ଏକ ସାମ୍ବାଦିକ ସମ୍ମିଳନୀରେ ଯୋଗ ଦେଇ ସବିଶେଷ ତଥ୍ୟ ଉପସ୍ଥାପନ କରିଛନ୍ତି। ଯେଉଁମାନେ ଚଢ଼ଉ ସମୟରେ ଫେରାର ହୋଇଯାଇଛନ୍ତି, ସେମାନଙ୍କୁ ଧରିବା ପାଇଁ ସ୍ୱତନ୍ତ୍ର ପୁଲିସ ଟିମ୍ ଗଠନ କରାଯାଇଥିବା ଡିଆଇଜି ସୂଚନା ଦେଇଥିଲେ। ୩ଜଣ ସନ୍ଦିଗ୍ଧ ବାଂଲାଦେଶୀଙ୍କୁ ପୁଲିସ ଅଟକ ରଖି ପଚରାଉଚରା କରୁଥିବା ବେଳେ ସମଗ୍ର ଜିଲ୍ଲାରେ ଏହି ସର୍ଚ୍ଚ ଅପରେସନ ଜାରି ରହିଛି ଏବଂ ଅଗାମୀ ଦିନରେ ମଧ୍ୟ ଜାରି ରହିବ ବୋଲି ଶ୍ରୀ ନାୟକ ସୂଚନା ଦେଇଛନ୍ତି।

କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ନିର୍ଦ୍ଦେଶକ୍ରମେ ଅନୁପ୍ରବେଶକାରୀ ବାଂଲାଦେଶୀଙ୍କୁ ଚିହ୍ନଟ କରିବା ପ୍ରକ୍ରିୟା ଚାଲିଥିବା ବେଳେ ଜଗତସିଂହପୁର ଜିଲ୍ଲାରେ ରହୁଥିବା ସନ୍ଦିଗ୍ଧ ପରିବାରଙ୍କ ଉପରେ ନଜର ରଖାଯାଇଛି ବୋଲି ସାମ୍ବାଦିକ ସମ୍ମିଳନୀରେ ଜିଲ୍ଲାପାଳ ଜେ. ସୋନାଲ ସୂଚନା ଦେଇଛନ୍ତି। ବେହେରାମପୁର ବସ୍ତିରୁ ଜବତ ହୋଇଥିବା ସମସ୍ତ କାଗଜପତ୍ର ଅନୁସନ୍ଧାନ କରାଯାଉଛି ଏବଂ ଅଟକ ଥିବା ସନ୍ଦିଗ୍ଧମାନେ ପଶ୍ଚିମବଙ୍ଗର ଯେଉଁ ଜିଲ୍ଲାର ବାସିନ୍ଦା ବୋଲି ଦର୍ଶାଉଛନ୍ତି, ସେହି ଜିଲ୍ଲା ପ୍ରଶାସନକୁ ଏ ସଂପର୍କରେ ଅବଗତ କରାଯିବ ବୋଲି ଜିଲ୍ଲାପାଳ କହିଛନ୍ତି। ଜିଲ୍ଲା ପ୍ରଶାସନ ଓ ପୁଲିସ ପ୍ରଶାସନ ପକ୍ଷରୁ ଏହି ସମ୍ବେଦନଶୀଳ ପ୍ରସଙ୍ଗରେ କଡ଼ା ଆଭିମୁଖ୍ୟ ନିଆଯାଇଛି ବୋଲି ଜିଲ୍ଲାପାଳ ସୂଚନା ଦେଇଛନ୍ତି।

# ମହାପ୍ରଭୁଙ୍କର ହେଲା ପଇତାଲାଗି

ପୁରୀ,୧୭।୧୧(ସମିସ): ଶ୍ରୀମନ୍ଦିରରେ ସୋମବାର ମହାପ୍ରଭୁଙ୍କ ପଇତାଲାଗି ନୀତି ସମ୍ପନ୍ନ ହୋଇଛି। ସନ୍ଧ୍ୟା ୫ଟା ୪୦ରେ ଦ୍ୱିତୀୟ ଭୋଗମଣ୍ଡପ ପରେ ମଇଲମ ହୋଇଥିଲା। ୫ଟା ୫୫ରେ ଲକ୍ଷ୍ମୀ, ସରସ୍ୱତୀ ଖଟଶେଯ ଘରକୁ ବିଜେ କରିଥିଲେ। ସନ୍ଧ୍ୟା ୬ଟା ୫ରେ ଜୟ



ବିଜୟ ଦ୍ୱାର ବନ୍ଦ ହୋଇଥିଲା। ଏହାପରେ ଦଇତାପତି ସେବକମାନେ ଗର୍ଭଗୃହକୁ ପ୍ରବେଶ କରିଥିଲେ। ଆରମ୍ଭ ହୋଇଥିଲା ପଇତାଲାଗି ନୀତି। ଦେଉଳକରଣଙ୍କଠାରୁ ବାସୁଙ୍ଗା ପାଟରେ ନିର୍ମିତ ପଇତା ନେଇ ଦଇତାପତିମାନେ ଗୋଷ୍ଠୀଗତ ଭାବେ ଏହି ପଇତାଲାଗି କରିଥିଲେ। ଏହା ଏକ ଗୁପ୍ତ ନୀତି ହୋଇଥିବାରୁ ଏହି ସମୟରେ ଜୟ ବିଜୟ ଦ୍ୱାର ବନ୍ଦ କରାଯାଇଥିଲା। ଫଳରେ ସର୍ବସାଧାରଣ ଦର୍ଶନ ବନ୍ଦ ରହିଥିଲା। ପଇତାଲାଗି ନୀତି ସମ୍ପନ୍ନ ହେବାପରେଠାକୁରଙ୍କମହାସ୍ନାନପରେ ପୁଣି ଦର୍ଶନ ଆରମ୍ଭ ହୋଇଥିଲା। ସୂଚନାଥାଉ କି, ଠାକୁରଙ୍କ ଶ୍ରୀଅଙ୍ଗର ସୁରକ୍ଷା ଲାଗି ବର୍ଷକୁ ପ୍ରାୟ ଚାରିଥର ପଇତାଲାଗି କରାଯାଏ। ଦୈନନ୍ଦିନ ମହାପ୍ରଭୁଙ୍କ ଶ୍ରୀଅଙ୍ଗରେ ଲାଗି ହେଉଥିବା ଚନ୍ଦନ ଖସି ନ ଯିବା ପାଇଁ ଏହା କରାଯାଇଥାଏ।

# ହାଇୱା-ସ୍କର୍ପିଓ ମୁହାଁମୁହିଁ; ଜଣେ ମୃତ

ଯୋଡ଼ା, ୧୭।୧୧ (ସମିସ): ଆଜି ସନ୍ଧ୍ୟାରେ ଯୋଡ଼ାସ୍ଥିତ ଫ୍ଲାଏଓଭର୍‌ରେ ଉପରେ ହାଇୱା ଓ ସ୍କର୍ପିଓ ମୁହାଁମୁହିଁ ଧକ୍କା ହେବାରୁ ଜଣେ ମହିଳାଙ୍କ ମୃତ୍ୟୁ ଘଟିଛି। ମୃତ ମହିଳା ଜଣକ ବଡ଼ବିଲର ସୋନାଲି ଓଝା। ସେ ସ୍କର୍ପିଓରେ ବାଂଶପାଣି ଅଭିମୁଖେ ଯାଉଥିବା ବେଳେ ଏହି ଅଘଟଣ ଘଟିଥିଲା। ସାମ୍ନାପଟୁ ଦ୍ରୁତ ଗତିରେ ଆସୁଥିବା ଏକ ହାଇୱା ମୁହାଁମୁହିଁ ଧକ୍କା ଦେଇଥିଲା। ଦୁର୍ଘଟଣା ଏତେ ଭୟଙ୍କର ଥିଲା ଯେ ଏଥିରେ ସ୍କର୍ପିଓଟି ପୂରା ଚୂରମାର୍ ହୋଇଯାଇଛି। ଅପରପକ୍ଷେ, ଦୁର୍ଘଟଣା ଘଟାଇବା ପରେ ହାଇୱାଟି ଘଟଣାସ୍ଥଳରୁ ଚମ୍ପଟ ମାରିଥିଲା। ଯୋଡ଼ା ପୁଲିସ ସ୍କର୍ପିଓରେ ଥିବା ଯାତ୍ରୀଙ୍କୁ ଉଦ୍ଧାର କରିଛି। ଦୁର୍ଘଟଣାଗ୍ରସ୍ତ ସ୍କର୍ପିଓରେ ଚାଳକ ସହ ମହିଳାଙ୍କ ଭାଇ ଥିବା ବେଳେ ଉଭୟ ସାମାନ୍ୟ ଆହତ ହୋଇଛନ୍ତି। ସେମାନଙ୍କୁ ପ୍ରାଥମିକ ଚିକିତ୍ସା ପରେ ଛାଡ଼ି ଦିଆଯାଇଥିବା ଜଣାପଡ଼ିଛି।

## ଆଇଟମ୍ ଡ୍ୟାନ୍ସରୁ ଯାଇ ପୌରାଣିକ ମଞ୍ଚରେ ପହଞ୍ଚିଲା ଅଶ୍ଳୀଳତା

# କୁଆଡ଼େ ଗଲା ସଂସ୍କୃତି ସୁରକ୍ଷା ନିର୍ଦ୍ଦେଶାବଳୀ?

ଭୁବନେଶ୍ୱର, ୧୭।୧୧(ସମିସ): ଦର୍ଶକ ସଂଖ୍ୟା ବୃଦ୍ଧି କରିବା ନିଶାରେ ଓଡ଼ିଆ ସଂସ୍କୃତି, ପରମ୍ପରାକୁ ଭୁଲି ଯାଉଛନ୍ତି ଯାତ୍ରା କମିଟି ଓ ଯାତ୍ରା କଳାକାର। ଟଙ୍କା ପାଇଁ ହଜାର ହଜାର ଦର୍ଶକଙ୍କ ସାମ୍ନାରେ ଅର୍ଦ୍ଧନଗ୍ନ ହେବାକୁ ପଛାଉ ନାହାନ୍ତି। ଆଇଟମ୍ ଡ୍ୟାନ୍ସ ନାଁରେ ଯେଭଳି ନୃତ୍ୟ ହେଉଛି, ପରିବାର ସହ ଯାଉଥିବା ଲୋକେ ମୁଣ୍ଡଟେକି ମଞ୍ଚକୁ ଚାହିଁ ପାରୁନାହାନ୍ତି। ବାରମ୍ବାର ଏଭଳି ଘଟଣା ଘଟିବା ପରେ ଲୋକଙ୍କ ଚାପରେ ସରକାର ନୂଆ ମାର୍ଗଦର୍ଶିକା (ଏସ୍‌ଓପି) ଆଣିବେ ବୋଲି କହିଥିଲେ। ଏଥିପାଇଁ ଥରକୁ ଥର ବୈଠକ ହେଲା, ଗଣମାଧ୍ୟମରେ ବି ମନ୍ତ୍ରୀ ବୟାନବାଜି କରି ନିଜ ପିଠି ଥାପୁଡ଼େଇଲେ। କିନ୍ତୁ, କିଛି ଦିନ ଚର୍ଚ୍ଚାରେ ରହିବା ପରେ ପୂରା ପ୍ରସଙ୍ଗ କୁଆଡ଼େ ହଜିଗଲା। ସରକାର ବି ପାସୋରିଗଲେ। ମାର୍ଗଦର୍ଶିକା ଜାରି ହେବା ତ ଦୂରର କଥା, ତା'ର ନାଁ ଗନ୍ଧ ମଧ୍ୟ ନାହିଁ। ସେପଟେ, ମଞ୍ଚରେ ପୂର୍ବଭଳି ସେମିତି ନଗ୍ନତାର ତାଣ୍ଡବ ଜାରି ରହିଛି। ଯାତ୍ରାରେ ଅଶ୍ଳୀଳତା ଦିନକୁ ଦିନ ସୀମା ଟପୁଥିବା ବେଳେ ଏ ଦିଗରେ ସରକାର କୌଣସି ପଦକ୍ଷେପ ନ ନେବା ବୁଦ୍ଧିଜୀବୀ ଓ ସଂସ୍କୃତିପ୍ରେମୀଙ୍କୁ ଆଶ୍ଚର୍ଯ୍ୟ କରିଛି।

ରାମାୟଣ ଭଳି ପବିତ୍ର କଥାବସ୍ତୁରେ ବି ଏବେ ଅଶ୍ଳୀଳତା ଧସେଇ ପଶିଲାଣି। ସୀତାହରଣ ଭଳି ଦୃଶ୍ୟରେ ଅଶ୍ଳୀଳତା ସବୁ ସୀମା ଲଂଘିଛି। ଏଭଳି ଦୃଶ୍ୟ ଦେଖିବାକୁ ମିଳିଛି

- ନିଜ ପିଠି ଥାପୁଡ଼ାଇ ଚୁପ୍ ବସିଗଲେ ସରକାର
- ସୀମା ଟପୁଛନ୍ତି ଆଇଟମ୍ ଡ୍ୟାନସର୍ ଓ କଳାକାର

ଗଞ୍ଜାମ ଜିଲ୍ଲା ଦିଗପହଣ୍ଡି ଅଞ୍ଚଳର ମୌଳଭଣଜା ଗାଁରେ। ଦୁଇ ଦଳ ମଧ୍ୟରେ ରାମାୟଣ ନାଟକ ପରିବେଷଣ କରାଯାଇଥିଲା। ପୂର୍ବରୁ ଗୋଟିଏ ଦଳ ପକ୍ଷରୁ ଜଣେ ଚର୍ଚ୍ଚିତ ଆଇଟମ୍ ଡ୍ୟାନସରଙ୍କୁ ନିଆଯାଇଥିଲା। ସେଠାରେ ସେ ଅର୍ଦ୍ଧନଗ୍ନ ହୋଇ ନୃତ୍ୟ ପରିବେଷଣ କରିଥିବା ବେଳେ ଆଉ ଏକ ଦଳ ପକ୍ଷରୁ ତାଙ୍କ ସହ ପ୍ରତିଯୋଗିତା କରି ସୀତାହରଣ ଦୃଶ୍ୟରେ ଅତ୍ୟନ୍ତ ଅଶ୍ଳୀଳତା ପ୍ରଦର୍ଶନ କରିଥିଲେ। ଆଧ୍ୟାତ୍ମିକ ଓ ପୌରାଣିକ କଥାବସ୍ତୁକୁ ଏଭଳି କଦର୍ଥ କରାଯାଇଥିବାରୁ ସାରା ରାଜ୍ୟରେ ଏହାକୁ ନେଇ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇବାରେ ଲାଗିଛି।

ଏଭଳି ସ୍ଥିତିରେ ସରକାରଙ୍କ ଭୂମିକା ଓ କାର୍ଯ୍ୟଦକ୍ଷତାକୁ ନେଇ ପ୍ରଶ୍ନ ଉଠିଛି। ଏହା ପୂର୍ବରୁ ରାଜ୍ୟ ସରକାରଙ୍କ ଦୁଇ ଗୁରୁତ୍ୱପୂର୍ଣ୍ଣ ବିଭାଗର ୨ଜଣ ମନ୍ତ୍ରୀ ଯଥା ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଓ ସଂସ୍କୃତି ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ସଂସ୍କୃତିର ସୁରକ୍ଷା ପାଇଁ ଏକ କଡ଼ା ଏସ୍‌ଓପି ଅଣାଯିବ ବୋଲି କହିଥିଲେ। ଏହି ଏସ୍‌ଓପି ଜରିଆରେ ରାଜ୍ୟରେ ଯାତ୍ରା ପେଣ୍ଡାଲ ହେଉ ଅବା ଅନ୍ୟ ସ୍ଥାନରେ, ଯେପରି ଅଶ୍ଳୀଳତା ପ୍ରଦର୍ଶନ ହେବନି, ତାହା ସୁନିଶ୍ଚିତ ହେବ ବୋଲି ଦୁଇ ମନ୍ତ୍ରୀ କହିଥିଲେ। ହେଲେ ଦୁଇ ମନ୍ତ୍ରୀଙ୍କ କଥାକୁ ପ୍ରାୟ ବର୍ଷଟେ ବିତିଯାଇଥିଲେ ହେଁ ଏଯାଏଁ କୌଣସି ଏସ୍‌ଓପି ଆସିପାରିନାହିଁ। ଫଳରେ ରାଜ୍ୟରେ ପ୍ରତ୍ୟେକ ଦିନ ବିଭିନ୍ନ ଜିଲ୍ଲାରେ ମଞ୍ଚଗୁଡ଼ିକରେ କଳକାରମାନେ ଅଶ୍ଳୀଳତାର ସୀମା ଟପୁଛନ୍ତି।

ନିକଟରେ ଏକ ଯାତ୍ରା ମଞ୍ଚରେ ଜଣେ ଆଇଟମ ଡ୍ୟାନସର୍ ଦର୍ଶକଙ୍କ ଆଗରେ ପୋଷାକ ଖୋଲିବା ସହ ଅନ୍ତଃବସ୍ତ୍ର ମଧ୍ୟ ଖୋଲି ଦେଇଥିଲେ। ଯାହାର ଭିଡିଓ ସାମାଜିକ ଗଣମାଧ୍ୟରେ ଘୂରି ବୁଲୁଛି। ସମାଜ ଉପରେ ଏହାର କୁ-ପ୍ରଭାବ ପଡ଼ିବା ସହ ସପରିବାର ଏକାଠି ବସି ଯାତ୍ରା ବା ମଞ୍ଚ ନାଟକ ଦେଖିବା ସମ୍ଭବ ହୋଇପାରୁନାହିଁ।

ଦିଗପହଣ୍ଡି ଅଞ୍ଚଳର ଏହି ଘଟଣାକୁ ଓଡ଼ିଶା ଯାତ୍ରା କମିଟି ମହାସଂଘ ଦୃଢ଼ ନିନ୍ଦା କରିଛି। ଯାତ୍ରା ପରିବେଷଣ ପାଇଁ ସରକାର ଏକ ସ୍ୱତନ୍ତ୍ର ନିୟମାବଳୀ ଆଣିଲେ ଏହି ଅଶ୍ଳୀଳତାରେ ଅଙ୍କୁଶ ଲଗାଯାଇପାରିବ ବୋଲି ମହାସଂଘ ପକ୍ଷରୁ କୁହାଯାଇଛି।




ରେକର୍ଡ ୪୪.୯ କୋଟି ଜିତିଲେ ସିନ୍ନର୍

▶କ୍ରୀଡ଼ା ପୃଷ୍ଠାରେ...

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-142 ◆TUESDAY ◆18 NOVEMBER 2025 ◆PAGE-12 ◆₹ 6.00

◆ବର୍ଷ-୪୩ ◆ସଂଖ୍ୟା-୧୪୨ ◆ମଙ୍ଗଳବାର ◆୧୮ ନଭେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


**ଇଣ୍ଟରନ୍ୟାସ୍‌ନାଲ୍ କ୍ରାଇମ୍ ଟ୍ରିବ୍ୟୁନାଲ୍‌ଙ୍କ ରାୟ**

## ହସିନାଙ୍କୁ ଫାଶୀ ଦଣ୍ଡାଦେଶ

■ **ଢାକା, ୧୭ ।୧୧ (ଏଜେନ୍ସି):** ବାଂଲାଦେଶର ବିତାଡିତ ପ୍ରଧାନମନ୍ତ୍ରୀ ଶେଖ ହସିନା ୱାଜେଦଙ୍କୁ ଦୋଷୀ ସାବ୍ୟସ୍ତ କରିଛି ବାଂଲାଦେଶର କୋର୍ଟ । ମାନବିକତା ବିରୋଧରେ ଅପରାଧ ପାଇଁ ତାଙ୍କୁ ଦୋଷୀ ସାବ୍ୟସ୍ତ କରିବା ସହିତ ହସିନାଙ୍କୁ ଫାଶୀଦଣ୍ଡ ଶୁଣାଇଛନ୍ତି । ତାଙ୍କ ସହିତ ତାଙ୍କର ଦୁଇ ଜଣ ଘନିଷ୍ଠ ସହଯୋଗୀ ତତ୍କାଳୀନ ଗୃହ ମନ୍ତ୍ରୀ ଓ ପୁଲିସ ମୁଖ୍ୟଙ୍କୁ ମଧ ଦୋଷୀ ସାବ୍ୟସ୍ତ କରାଯାଇଛି । ଏହି ଦଣ୍ଡାଦେଶକୁ ରାଜନୈତିକ ପ୍ରତିଶୋଧ ବୋଲି ବର୍ଣ୍ଣନା କରିଛନ୍ତି ହସିନା । ଅନ୍ୟପକ୍ଷେରେ ଭାରତରେ ନିର୍ବାସିତ ଜୀବନ ବିତାଉଥିବା ହସିନାଙ୍କୁ ତୁରନ୍ତ ହସ୍ତାନ୍ତର କରିବା ଲାଗି ଭାରତକୁ ଅନୁରୋଧ କରିଛନ୍ତି ବାଂଲାଦେଶ ସରକାର । ତେବେ ଭାରତ ଏସଂପର୍କରେ କୌଣସି ସିଧାସଳଖ ପ୍ରତିକ୍ରିୟା ଦେଇ ନାହିଁ ।

ଗତବର୍ଷ ତାଙ୍କ ବିରୋଧରେ ହୋଇଥିବା ଛାତ୍ର ଆନ୍ଦୋଳନକୁ ଦମନ କରିବା ଲାଗି ତତ୍କାଳୀନ ପ୍ରଧାନମନ୍ତ୍ରୀ ହସିନା ୱାଜେଦ ▶ପୃଷ୍ଠା-୭

**ହସିନାଙ୍କୁ ତୁରନ୍ତ ହସ୍ତାନ୍ତର ଲାଗି ଭାରତକୁ ବାଂଲାଦେଶର ପରାମର୍ଶ**

**ବାଂଲାଦେଶରେ ଶାନ୍ତି, ସ୍ଥିରତା ଓ ଗଣତନ୍ତ୍ରର ସୁରକ୍ଷାକୁ ଭାରତର ଗୁରୁତ୍ୱ**



**ଟ୍ୟାଙ୍କର ସହ ଧକ୍କା ପରେ ମଦିନାରେ ଜଳିଗଲା ବସ୍**

## ୪୫ ଭାରତୀୟ ଶ୍ରଦ୍ଧାଳୁ ଦଗ୍ଧ

■ **ରିୟାଦ, ୧୭।୧୧ (ଏଜେନ୍ସି):** ସାଉଦି ଆରବରେ ସୋମବାର ବିଳମ୍ବିତ ରାତିରେ ଏକ ମର୍ମନ୍ତୁଦ ସଡ଼କ ଦୁର୍ଘଟଣାରେ ୪୫ ଜଣ ଭାରତୀୟ ଶ୍ରଦ୍ଧାଳୁ ପ୍ରାଣ ହରାଇଛନ୍ତି । ସେମାନଙ୍କ ମଧ୍ୟରେ ହାଇଦରାବାଦର ଗୋଟିଏ ପରିବାରର ୧୮ ଜଣ ସଦସ୍ୟ ଥିବା ଜଣାପଡ଼ିଛି । 'ଉମରା' ପାଇଁ ଭାରତୀୟ ଶ୍ରଦ୍ଧାଳୁଙ୍କୁ ନେଇ ମଦିନା ଯାଉଥିବା ବସ୍‌ଟି ଏକ ଡିଜେଲ ଟ୍ୟାଙ୍କର ସହ ଧକ୍କା ହେବାରୁ ବିସ୍ଫୋରଣ ଘଟିଥିଲା । ଏହାପରେ ବସ୍‌ଟି ସମ୍ପୂର୍ଣ୍ଣ ଜଳିଯାଇଥିଲା । ଦୁର୍ଘଟଣାରୁ କେବଳ ବସ୍ ଚାଳକ ବଞ୍ଚିଯାଇଥିବା ବେଳେ ଅନ୍ୟ ସମସ୍ତ ୪୫ ଯାତ୍ରୀ ଜୀବନ୍ତ ଦଗ୍ଧ ହୋଇଯାଇଛନ୍ତି । ମୃତକଙ୍କ ମଧ୍ୟରେ ୧୮ ମହିଳା, ୧୭ ପୁରୁଷ ଓ ୧୦ଜଣ ଛୋଟପିଲା ▶ପୃଷ୍ଠା-୭

**ହାଇଦରାବାଦ୍‌ର ଗୋଟିଏ ପରିବାରର ୧୮ ସଦସ୍ୟ ମୃତ**

**ଜଳିଗଲେ ବସ୍‌ର ସମସ୍ତ ଯାତ୍ରୀ; ବଞ୍ଚିରହିଲେ କେବଳ ଚାଳକ**



# ବିହାର ରାଜନୀତିରେ 'ହାଇଡ୍ରାମା'

■ **ପାଟନା, ୧୭।୧୧ (ଏଜେନ୍ସି):** ବିଧାନସଭା ନିର୍ବାଚନ ଫଳ ପ୍ରକାଶ ପାଇବା ପରେ ବିହାରରେ ଆରମ୍ଭ ହୋଇଛି ରାଜନୈତିକ ଖେଳ । ଅତୀତରେ ମହାରାଷ୍ଟ୍ରରେ ଏକନାଥ ସିନ୍ଦେଙ୍କ ନେତୃତ୍ୱରେ ଏନ୍‌ଡ଼ିଏ ନିର୍ବାଚନ ଲଢ଼ି ବିଜୟୀ ହେବା ପରେ ଯେଉଁ ନାଟକର ଅବତାରଣା ହୋଇଥିଲା, ଏବେ ବିହାରରେ ଠିକ୍ ସମାନ ନାଟକ ମଞ୍ଚସ୍ଥ ହେବାକୁ ଯାଉଛି । ଏନ୍‌ଡିଏର ଅଂଶୀଦାର ଦଳ ଭାବରେ ନୀତୀଶ କୁମାରଙ୍କ ଜେଡ଼ିୟୁ ତୁଳନାତ୍ମକ ଭାବରେ ବିଜେପିଠାରୁ କମ୍ ଆସନ ପାଇଥିବାରୁ ମୁଖ୍ୟମନ୍ତ୍ରୀ ପଦ ପାଇଁ ବିଜେପି ପ୍ରଥମ ଦାବିଦାର ବୋଲି ଯେଉଁ ପ୍ରାୟୋଜିତ ରାଜନୈତିକ ଚର୍ଚ୍ଚା ବିହାରରେ ଆରମ୍ଭ ହୋଇଛି; ତାହା ହିଁ ସବୁ ଗଣ୍ଡଗୋଳର ମୂଳ ବୋଲି କୁହାଯାଉଛି । ସେଥିପାଇଁ ନୀତୀଶ କୁମାର ସୋମବାର ରାଜ୍ୟପାଳ ଆରିଫ ମହମ୍ମଦ ଖାନଙ୍କୁ ଭେଟି ଇସ୍ତଫା ଦେବାକୁ ନେଇଥିବା ନିଷ୍ପତ୍ତିରେ ପରିବର୍ତ୍ତନ କରିଛନ୍ତି ଓ ରାଜ୍ୟପାଳଙ୍କୁ ଭେଟିଥିଲେ ମଧଇସ୍ତଫାଦେଇନାହାନ୍ତି ।ଅନ୍ୟପକ୍ଷ ।।ରେଆସନ୍ତା ୧୯ ତାରିଖରେ ବିଧାନସଭା ଭଙ୍ଗ କରିବାକୁ ସୁପାରିସ କରିବା ସହ ଇସ୍ତଫା ଦେଇପାରନ୍ତି ବୋଲି କୁହାଯାଉଛି । ନିର୍ବାଚନ ଫଳ ପ୍ରକାଶ ପାଇବାର

**ମୁଖ୍ୟମନ୍ତ୍ରୀ ପଦରୁ ଇସ୍ତଫା ଦେଲେନାହିଁ ନୀତୀଶ**

**ଜେଡ଼ିୟୁ ବିଧାୟକ ଦଳ ବୈଠକ ଆକସ୍ମିକ ସ୍ଥଗିତ**

**ଡକରା ପାଇଁ ଦିଲ୍ଲୀ ଗଲେ ସଂଜୟ ଝା, ଲଲନ ସିଂହ**

**୩ ଦିନ ହେଲା ହୋଇପାରୁନି ମୁଖ୍ୟମନ୍ତ୍ରୀ ଚେହେରା ନିଷ୍ପତ୍ତି**



ତିନି ଦିନ ବିତିଥିଲେ ମଧ ଏ ପର୍ଯ୍ୟନ୍ତ ଏନ୍‌ଡ଼ିଏ ବିଧାୟକ ଦଳ ନେତା ମନୋନୟନ ପ୍ରକ୍ରିୟା ଆରମ୍ଭ ହୋଇ ନ ଥିବାରୁ ଏହା ପଛରେ କିଛି କେଁ ଥିବା ସ୍ୱାଭାବିକ ମନେ ହେଉଛି ।

ନୀତୀଶଙ୍କୁ ମୁଖ୍ୟମନ୍ତ୍ରୀ କରାଯିବା ପ୍ରସଙ୍ଗରେ ବିଜେପିର ରହସ୍ୟମୟ ନିରବତା ସବୁ ସମସ୍ୟାର ମୂଳ ବୋଲି କୁହାଯାଉଛି । ବିଜେପିର ନିର୍ବାଚନ ପ୍ରଭାରୀ ବିନୋଦ ତାୱଡ଼େ ଓ ନୀତିନ ନବୀନଙ୍କ ବୟାନ ଏହି ପ୍ରସଙ୍ଗକୁ ଅଧିକ ସ୍ପର୍ଶକାତର କରିଛି । ଏବେ ବିଜୟ ଉତ୍ସବ ପାଳନ ସମୟ, ସମୟ ଆସିଲେ କିଏ ମୁଖ୍ୟମନ୍ତ୍ରୀ ହେବେ ତାହା ସ୍ପଷ୍ଟ ହୋଇଯିବ ବୋଲି ଶ୍ରୀ ତାୱଡ଼େ ଦେଇଥିବା ଟିପ୍ପଣୀରୁ ବିଜେପି ଯେ ନୀତୀଶଙ୍କୁ ମୁଖ୍ୟମନ୍ତ୍ରୀ କରିବାକୁ ଶତ ପ୍ରତିଶତ ରାଜି ନୁହେଁ, ତାହା ସ୍ପଷ୍ଟ ହୋଇଯାଇଛି । ସେହିପରି ଦଳର ଅନ୍ୟତମ ବରିଷ୍ଠ ନେତା ନୀତିନ ନବୀନ ବିହାରରେ ମହାରାଷ୍ଟ୍ର ପରି ସବୁକିଛି ଠିକ୍ ଥିଲା ଓ ସବୁକିଛି ଠିକ୍ ହେବ ବୋଲି ଦେଇଥିବା ମନ୍ତବ୍ୟ ପରେ ନୀତୀଶ କୁମାରଙ୍କ ଅବସ୍ଥା ଏକନାଥ ସିନ୍ଦେଙ୍କ ପରି ହେବ ନାହିଁ ତ ବୋଲି ଅନେକ ଆଶଙ୍କା କରୁଛନ୍ତି । ଏହି ସମୟରେ ବିଜେପିର ଜାତୀୟ ନେତୃତ୍ୱ 'ବିଜେପିର ବିଧାୟକମାନେ ମୁଖ୍ୟମନ୍ତ୍ରୀ ବାଛିବେ' ବୋଲି ଟିପ୍ପଣୀ ଅନେକ ଦିଗକୁ ଇଙ୍ଗିତ କରିଛି ।

ଅନ୍ୟପକ୍ଷରେ ବିଜେପିର ଗତିବିଧି ଦେଖି ନୀତୀଶ ନିଜ ଆଭିମୁଖ୍ୟରେ ପରିବର୍ତ୍ତନ କରିଛନ୍ତି । ଜେଡ଼ିୟୁ ବିଧାୟକ ଦଳ ବୈଠକ ନଭେମ୍ବର ୧୭ ତାରିଖରେ ହେବ ବୋଲି ପୂର୍ବରୁ ସ୍ଥିର ହୋଇଥିବାରୁ ଦଳର ସମସ୍ତ ୮୫ ବିଧାୟକ ପାଟନାରେ ପହଞ୍ଚିଥିଲେ । ମାତ୍ର ନୀତୀଶ ଶେଷ ମୁହୂର୍ତ୍ତରେ ବୈଠକକୁ ସ୍ଥଗିତ ରଖିଛନ୍ତି, ତେବେ ସମସ୍ତ ଦଳୀୟ ବିଧାୟକଙ୍କୁ ପରବର୍ତ୍ତୀ ସୂଚନା ପର୍ଯ୍ୟନ୍ତ ରାଜଧାନୀ ନ ଛାଡ଼ିବାକୁ ପରାମର୍ଶ ଦେଇଛନ୍ତି । ସେହିପରି ଆଜି କ୍ୟାବିନେଟ୍ ବୈଠକ ପରେ ନୀତୀଶ ଇସ୍ତଫା ଦେବା ଚୂଡ଼ାନ୍ତ ହୋଇଥିଲେ ହେଁ ସେପରି କିଛି ଘଟିନାହିଁ । ନୀତୀଶ କ୍ୟାବିନେଟ୍ ବୈଠକ ଡାକିଥିଲେ, ନିଜ ସହଯୋଗୀଙ୍କ ସହ ଆଲୋଚନା ପରେ ସେ ରାଜଭବନକୁ ବାହାରିଥିଲେ ମଧ୍ୟ ରାସ୍ତାରେ ଇସ୍ତଫା ନିଷ୍ପତ୍ତି ପରିବର୍ତ୍ତନ କରିଥିଲେ । ନଭେମ୍ବର ୧୯ ତାରିଖରେ ସେ ▶ପୃଷ୍ଠା-୭

**ଭାରତ-ଦକ୍ଷିଣ ଆଫ୍ରିକା ବାରବାଟୀ ଟି-୨୦**

# ଏଥର କମ୍ ଟିକଟ



**ଚାଲିଛି ୭ ଗ୍ୟାଲେରୀର ନବୀକରଣ କାର୍ଯ୍ୟ**

**ସିଟ୍ ନମ୍ବରିଂ ପରେ ଜଣାପଡ଼ିବ ଷ୍ଟାଡିୟମ୍‌ର ଦର୍ଶକ କ୍ଷମତା**

**ଡିସେମ୍ବର ୧ରୁ ଅନ୍‌ଲାଇନ୍ ଓ ୫ରୁ କାଉଣ୍ଟର ଟିକଟ**

■ **କଟକ, ୧୭।୧୧ (ସମିସ):** ଆସନ୍ତା ଡିସେମ୍ବର ୯ରେ ବାରବାଟୀ ଷ୍ଟାଡିୟମରେ ଖେଳାଯିବ ଭାରତ-ଦକ୍ଷିଣଆଫ୍ରିକା ବିପକ୍ଷ ଟି-୨୦ ମ୍ୟାଚ୍ । ଏଥିପାଇଁ ଓଡ଼ିଶା କ୍ରିକେଟ ଆସୋସିଏସନ ପକ୍ଷରୁ ପ୍ରସ୍ତୁତି ଆଗେଇ ଚାଲିଛି । ତେବେ ଆଗାମୀ ମ୍ୟାଚ୍‌ରେ ଷ୍ଟାଡିୟମର ଦର୍ଶକ କ୍ଷମତା ପୂର୍ବାପେକ୍ଷା ହ୍ରାସ ପାଇବ । ୭ଟି ଯାକ ଗ୍ୟାଲେରୀର ସିଟ୍‌କୁ ଚଉଡା କରାଯାଉଛି । ୧୯ ଇଞ୍ଚ ବିଶିଷ୍ଟ ସିମେଣ୍ଟ ସିଟ୍ ଗୁଡିକୁ ୨୨ ଇଞ୍ଚ କରାଯାଉଛି । ଗ୍ୟାଲେରୀ ନଂ-୫ ଏବଂ ଗ୍ୟାଲେରୀ ନଂ-୬ରେ ଏହି ନିର୍ମାଣ କାମ ଶେଷ ହୋଇଥିବା ବେଳେ ଅବଶିଷ୍ଟ ଗ୍ୟାଲେରୀ ଗୁଡିକର ନବୀକରଣ କାର୍ଯ୍ୟ ଜାରି ରହିଛି । ପ୍ରତ୍ୟେକ ଦର୍ଶକ ସୁବିଧାରେ ବସି କିଭଳି ମ୍ୟାଚ୍ ଉପଭୋଗ କରିପାରିବେ ତାହାକୁ ଉପଲବ୍ଧି କରି ଓସିଏ ଏଭଳି ପଦକ୍ଷେପ ନେଇଛି । ଅନ୍ୟପକ୍ଷରେ ମୋଟ୍ କେତେ ସଂଖ୍ୟକ ଟିକଟ ଏଥର ଛପା ଯିବ ତାହା ମଧ ସ୍ଥିର ହୋଇ ପାରିନାହିଁ । ନବୀକରଣ ପ୍ରକ୍ରିୟାରେ ଗ୍ୟାଲେରୀର ସମସ୍ତ ସିଟ୍‌କୁ ଚଉଡା କରାଯାଇ ପ୍ରଥମେ ନମ୍ବରିଂ ହେବ । ଏହା ପରେ ସମୁଦାୟ ଟିକଟ ସଂଖ୍ୟା ଜଣାପଡିବ । ପ୍ରକାଶଯୋଗ୍ୟ, ବାରବାଟୀରେ ପ୍ରାୟ ୪୫ହଜାର ଦର୍ଶକ ▶ପୃଷ୍ଠା-୭

# ଅଫେରା ରାଇଜରେ ହ୍ୟୁମାନ୍ ସାଗର

■ **ଭୁବନେଶ୍ୱର, ୧୭।୧୧ (ସମିସ):** ଓଡ଼ିଆ ସଂଗୀତ ଜଗତର ଲୋକପ୍ରିୟ କଣ୍ଠଶିଳ୍ପୀ ତଥା ସଙ୍ଗୀତ ଜଗତର ୟୁଥ୍ ଆଇକନ୍ ହ୍ୟୁମାନ ସାଗରଙ୍କ ଆଜି ଭୁବନେଶ୍ୱର ଏମ୍‌ସରେ ଚିକିତ୍ସାଧୀନ ଅବସ୍ଥାରେ ପରଲୋକ ହୋଇଯାଇଛି । ତାଙ୍କୁ ୩୫ ବର୍ଷ ହୋଇଥିଲା । ଏକାଧିକ ରୋଗରେ ପୀଡ଼ିତ ହ୍ୟୁମାନ୍‌ଙ୍କୁ ଗତ ୧୪ ତାରିଖରେ ଏମସ୍‌ରେ ଭର୍ତ୍ତି କରାଯାଇଥିଲା । କିଡ୍‌ନୀ ଓ ଲିଭର୍ ଜନିତ ସମସ୍ୟା ସମେତ ତାଙ୍କର ଏକାଧିକ ଅଙ୍ଗପ୍ରତ୍ୟଙ୍ଗ କାମ କରୁନଥିଲା । ଡାକ୍ତରଙ୍କ ଶତଚେଷ୍ଟା ସତ୍ତ୍ୱେ ସୋମବାର ସଂଧ୍ୟାରେ ସେ ଜୀବନଯୁଦ୍ଧରେ ହାରି ଯାଇଥିଲେ । ମୃତ୍ୟୁଶଯ୍ୟା ନିକଟରେ ତାଙ୍କ ମା', ପତ୍ନୀ ଓ ପରିବାର ସଦସ୍ୟ ଉପସ୍ଥିତ ଥିଲ । ଏହି ଖବର ପ୍ରଚାରିତ ହେବା ପରେ ଓଲିଉଡ୍ ଜଗତରେ ଶୋକର ଛାୟା ଖେଳି ଯାଇଛି । ବହୁସଂଖ୍ୟାରେ ସିନେ କଳାକାର, କଣ୍ଠଶିଳ୍ପୀ ଓ ବିଶିଷ୍ଟ ବ୍ୟକ୍ତିବିଶେଷ ଏମ୍‌ସରେ ପହଞ୍ଚି ତାଙ୍କ ଶେଷ ଦର୍ଶନ କରିବା ସହ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ ।


ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ମଧ 'ଏକ୍ସ' ଜରିଆରେ ଶୋକ ପ୍ରକଟ କରିଛନ୍ତି । ଶୋକବାର୍ତ୍ତାରେ ମୋହନ ଉଲ୍ଲେଖ କରିଛନ୍ତି ଯେ ବିଶିଷ୍ଟ କଣ୍ଠଶିଳ୍ପୀ ହ୍ୟୁମାନ ସାଗରଙ୍କ ବିୟୋଗରେ ମୁଁ ଦୁଃଖିତ । ତାଙ୍କର ବିୟୋଗ ଓଡ଼ିଶା ସଙ୍ଗୀତ ଓ ସିନେମା ପାଇଁ ଏକ ଅପୂରଣୀୟ କ୍ଷତି । ତାଙ୍କର ଶୋକସନ୍ତପ୍ତ ପରିବାରବର୍ଗଙ୍କୁ ସମବେଦନା ଜଣାଇବା ସହ ଅମର ଆତ୍ମାର ସଦ୍‌ଗତି କାମନା କରିଛନ୍ତି । ସେହିପରି ଶୋକବାର୍ତ୍ତାରେ ଶ୍ରୀ ପଟ୍ଟନାୟକ କହିଛନ୍ତି ଯେ ହ୍ୟୁମାନ୍‌ଙ୍କ ମନଛୁଆଁ ସଙ୍ଗୀତ ଅଗଣିତ ଶ୍ରୋତାଙ୍କ ହୃଦୟକୁ ଛୁଇଁଛି । ଓଡ଼ିଆ ସଙ୍ଗୀତ ପ୍ରତି ତାଙ୍କର ଅବଦାନ ସର୍ବଦା ସ୍ମରଣୀୟ ହୋଇ ରହିବ । ତାଙ୍କ ଅମର ଆତ୍ମାର ସଦଗତି କାମନା କରିବା ସହ ଏଭଳି ଦୁଃଖଦ ସମୟରେ ଶୋକସନ୍ତପ୍ତ ପରିବାରବର୍ଗଙ୍କୁ ଶ୍ରୀ ପଟ୍ଟନାୟକ ସମଦେବନା ଜଣାଇଛନ୍ତି । ସେହିପରି କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ସମେତ ବହୁ ବିଶିଷ୍ଟ ବ୍ୟକ୍ତି ଶୋକବ୍ୟକ୍ତ କରିଛନ୍ତି । ଆସନ୍ତାକାଲି ତାଙ୍କର ଶେଷକୃତ୍ୟ ସଂପନ୍ନ ହେବ ବୋଲି ଜଣାଯାଇଛି ।

୧୯୯୦ନଭେମ୍ବର ୨୫ ତାରିଖରେ ବଲାଙ୍ଗୀର ଜିଲ୍ଲାର ଟିଟିଲାଗଡ଼ରେ ଜନ୍ମିତ ହ୍ୟୁମାନ୍ ସଙ୍ଗୀତ ପରିବାରରୁ ଆସିଥିଲେ । ତାଙ୍କ ପିତା-ମାତା, ଦୁହେଁ ଗାୟକ ▶ପୃଷ୍ଠା-୭

**ସଙ୍ଗୀତ ଜଗତ ସ୍ତବ୍ଧ**

**ଏମସ୍‌ରେ ଚିକିତ୍ସାଧୀନ ଅବସ୍ଥାରେ ଆଖିବୁଜିଲେ**

**ଶୋକବ୍ୟକ୍ତ କଲେ ମୋହନ-ନବୀନ**



## ଜାଲରେ ପଡ଼ିଲା ୩ କ୍ୱିଣ୍ଟାଲ୍‌ର ଶାଙ୍କୁଚ



■ **ଅସ୍ତରଙ୍ଗ, ୧୭।୧୧ (ସମିସ):** ଦେବୀନଦୀରୁ ଆଜି ସ୍ଥାନୀୟ ଅଞ୍ଚଳର ୨୦ ଜଣ ମତ୍ସ୍ୟଜୀବୀଙ୍କ ଜାଲରେ ୩ କ୍ୱିଣ୍ଟାଲ୍ ଓଜନର ଏକ ଶାଙ୍କୁଚ ପଡ଼ିଛି । ପ୍ରାୟ ଦୁଇଘଣ୍ଟାର ପରିଶ୍ରମ ପରେ ଏହି ଶାଙ୍କୁଚକୁ ମତ୍ସ୍ୟଜୀବୀମାନେ ଡଙ୍ଗାରେ କୂଳକୁ ଆଣିଥିଲେ । ଶାଙ୍କୁଚଟିର ଓସାର ପ୍ରାୟ ୧୨ଫୁଟ୍ ହେବ । ସମୁଦ୍ର ଭିତରୁ ମାଛ ଅନ୍ୱେଷଣ କରି ମୁହାଣ ଦେଇ ଦେବୀ ନଦୀ ଭିତରକୁ ପଶି ଆସିବା ପରେ ଏହା ଧରାଳିଙ୍କ ଜାଲରେ ପଡ଼ିଥିବା କୁହାଯାଉଛି । ଏହା ବିରାଟକାୟ ଶାଙ୍କୁଚକୁ ଦେଖିବା ପାଇଁ ଦେବୀ ମୁହାଣରେ ଆଜି ପ୍ରବଳ ଭିଡ଼ ଲାଗିଥିଲା ।

# ଦାଦନ ଖଟାଇବାକୁ ନେଇ ୭ ଜଣଙ୍କୁ ବିକିଦେଲେ

## ପୀଡ଼ିତାଙ୍କ ମଧ୍ୟରେ ମହିଳା, ଶିଶୁ, ନାବାଳିକା

■ **ନୟାଗଡ଼/ଗଣିଆ, ୧୭।୧୧ (ସମିସ):** ଦାଦନ ଖଟାଇବାକୁ ନେଇ ବିକିଦେଲେ । ନୟାଗଡ଼ ଜିଲ୍ଲା ଗଣିଆ ବ୍ଲକ୍‌ରେ ଅନୁଷ୍ଠିତ ଜିଲ୍ଲାପାଳଙ୍କ ଜନଶୁଣାଣି ଶିବିରରେ ଆଜି ଏପରି ଏକ ସାଂଘାତିକ ଅଭିଯୋଗ ସାମ୍ନାକୁ ଆସିଛି । ଗଣିଆ ବ୍ଲକ୍ ଆଡ଼କଟା ପଞ୍ଚାୟତ ଆଡ଼କଟା ଗ୍ରାମରୁ ଦାଦନ ଖଟାଇବାକୁ ନେଇ ୭ ଜଣଙ୍କୁ ବିକ୍ରି କରି ଦିଆଯାଇଥିବା ଅଭିଯୋଗ ହୋଇଛି । ସେମାନଙ୍କ ମଧ୍ୟରେ ଜଣେ ଶିଶୁ, ଜଣେ ନାବାଳିକା ଓ ଦୁଇଜଣ ମହିଳା ରହିଛନ୍ତି । ଗ୍ରାମର ଚନ୍ଦ୍ରମଣି ପ୍ରଧାନ ଓ ମୀନା ପ୍ରଧାନ ଏ ସଂପର୍କରେ ଅଭିଯୋଗ କରିବା ପରେ ନୟାଗଡ଼ ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ସୁବାସ ଚନ୍ଦ୍ର ପଣ୍ଡା ଗଣିଆ ଥାନା ପୁଲିସକୁ ତ୍ୱରିତ ପଦକ୍ଷେପ ନେବାକୁ ପରାମର୍ଶ ଦେଇଥିବା କହିଛନ୍ତି ।

ସୂଚନାନୁସାରେ, ତିନି ମାସ ତଳେ ଆଡ଼କଟା ଗ୍ରାମର ବୁଲୁ ପ୍ରଧାନ, ବୌଦ୍ଧ ଅଞ୍ଚଳର ଚନ୍ଦନ ଗଡ଼ତିଆ ଗ୍ରାମରୁ ଅନେକ ଲୋକଙ୍କୁ ହାଇଦ୍ରାବାଦ ନିକଟସ୍ଥ ପାଇଜାପଲ୍ଲୀ ଅଞ୍ଚଳକୁ ଦାଦନ ଖଟାଇବାକୁ ନେଇଥିଲେ । ଏ ନେଇ ପ୍ରତ୍ୟେକ ବ୍ୟକ୍ତି ପିଛା ମଜୁରି ଆକାରରେ ୪୦ ହଜାର ଟଙ୍କା ଲେଖାଏଁ ଅଗ୍ରୀମ ଦେଇଥିଲେ । ତେବେ ସେଠାରେ ଅକଥନୀୟ ନିର୍ଯାତନା ଦିଆଯିବାରୁ ଅନେକ ଲୋକ ଖସି ଆସିଥିବା ବେଳେ ଦଲାଲମାନେ ଗ୍ରାମର ୭ ଜଣଙ୍କୁ ଅନ୍ୟତ୍ର ବିକ୍ରି କରି ଦେଇଥିବା ଅଭିଯୋଗ ହୋଇଛି । ଚନ୍ଦ୍ରମଣି ପ୍ରଧାନଙ୍କ ନାବାଳିକା ଝିଅ, ତାଙ୍କ ସମ୍ପର୍କୀୟ କିରଣ ପ୍ରଧାନ, ବର୍ଷା ପ୍ରଧାନ ଏବଂ ମୀନା ପ୍ରଧାନଙ୍କ ଭାଇ କିଶୋର ପ୍ରଧାନ, ଭାଉଜ ସଞ୍ଜୁ ପ୍ରଧାନ ଏବଂ ଛୋଟ ପୁତୁରା ଶିଶିର ପ୍ରଧାନ ନିଖୋଜ ଥିବା ଅଭିଯୋଗ ହୋଇଛି । ଏହାସହ ଆଡ଼କଟା ଗ୍ରାମର ପପୁନ ଗଡ଼ିତିଆ ମଧ ସେମାନଙ୍କ ସହ ନିଖୋଜ ରହିଛି । ଏ ସଂପର୍କରେ ଆଜି ଚନ୍ଦ୍ରମଣି ଓ ମୀନା ଜିଲ୍ଲାପାଳଙ୍କ ଜନଶୁଣାଣିରେ ଅଭିଯୋଗ କରିଛନ୍ତି ।

ନୟାଗଡ଼ ଜିଲ୍ଲା ମୁଖ୍ୟ ଉନ୍ନୟନ ଅଧିକାରୀ ଲଗ୍ନଜିତ ରାଉତ, ଉପଜିଲ୍ଲାପାଳ କର୍ଣ୍ଣଦେବ ସମାଦ୍ଦାର ଅଭିଯୋଗକୁ ଅତିରିକ୍ତ ଆରକ୍ଷୀ ଅଧୀକ୍ଷକଙ୍କୁ ପ୍ରଦାନ କରିଥିଲେ । ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ଘଟଣା ଶୁଣାଣି କରିବା ପରେ ଗଣିଆ ଥାନା ଅଧିକାରୀଙ୍କୁ ନିଖୋଜ ବ୍ୟକ୍ତିଙ୍କୁ ଠାବ କରିବା ପାଇଁ ଦାୟିତ୍ୱ ଦେଇଛନ୍ତି । ଚନ୍ଦ୍ରମଣିଙ୍କ କହିବାନୁସାରେ, ୪୦ ହଜାର ଟଙ୍କାରେ ନେଇ ସେମାନଙ୍କୁ ଲକ୍ଷାଧିକ ଟଙ୍କାରେ ବିକ୍ରି କରି ଦିଆଯାଇଛି । ସେମାନଙ୍କଠାରୁ ମୋବାଇଲ ଫୋନ୍ ମଧ ଛଡ଼ାଇ ନିଆଯାଇଛି । ଫଳରେ ସେମାନେ କାହା ସହ ଯୋଗାଯୋଗ କରିପାରୁନାହାନ୍ତି ସେଠାରୁ ଖସି ଆସି ପାରୁନାହାନ୍ତି । ସେମାନଙ୍କ ଜୀବନ ପ୍ରତି ବିପଦ ରହିଛି ଚନ୍ଦ୍ରମଣି କହିଛନ୍ତି ।

**ଆଜି ରାଜଧାନୀର ସବୁଠାରୁ ବଡ଼ ଉଚ୍ଛେଦ**

# ମାଟିରେ ମିଶିବ ସାଲିଆସାହି

■ **ଭୁବନେଶ୍ୱର, ୧୭।୧୧ (ସମିସ):** ରାଜଧାନୀର ସବୁଠାରୁ ବଡ଼ ବସ୍ତି ସାଲିଆସାହିକୁ ଉଚ୍ଛେଦ କରିବାକୁ ଯାଉଛି ଭୁବନେଶ୍ୱର ମହାନଗର ନିଗମ (ବିଏମ୍‌ସି) । ବାମ ସମାନ୍ତରାଳ ରାସ୍ତା ନିର୍ମାଣ ପାଇଁ ଏହି ଉଚ୍ଛେଦ କରାଯିବ ବୋଲି ବିଏମ୍‌ସି ପକ୍ଷରୁ କୁହାଯାଇଛି । ମଙ୍ଗଳବାର ପ୍ରାୟ ୫୨୧ଟି ଘରକୁ ଭାଙ୍ଗିବାକୁ ଟାର୍ଗେଟ କରାଯାଇଛି । ଏଥିପାଇଁ ପ୍ରଶାସନ ପକ୍ଷରୁ ଆରମ୍ଭ ହୋଇଛି ସମରସଜ୍ଜା । ଉଚ୍ଛେଦ ପାଇଁ ସମସ୍ତ ପ୍ରସ୍ତୁତି ଏକପ୍ରକାର ଶେଷ ହୋଇଛି । ଏହି ଉଚ୍ଛେଦରେ ବିଏମ୍‌ସି, ବିଡିଏ, ୱାଟକୋ, ବିଦ୍ୟୁତ ବିଭାଗ ଏବଂ ପୁଲିସ ବିଭାଗ ସାମିଲ ହେବ । ଘଟଣାସ୍ଥଳରେ ତୀବ୍ର ଉତ୍ତେଜନାକୁ ଆଖିଆଗରେ ରଖି ୭ପ୍ଲାଟୁନ୍ ଫୋର୍ସ ମୁତୟନ କରିବାକୁ ପ୍ରଶାସନ ପକ୍ଷରୁ ନିଷ୍ପତ୍ତି ନିଆଯାଇଛି ।

ବିଏମ୍‌ସି ପକ୍ଷରୁ ଭଙ୍ଗାଯିବାକୁ ଥିବା ଘରଗୁଡ଼ିକୁ ଚିହ୍ନଟ କରାଯାଇଛି । ପ୍ରତ୍ୟେକଙ୍କୁ ଅପରାହ୍ଣରେ ଏସମ୍ପର୍କରେ ଅବଗତ କରାଯାଇଥିଲା । ଡାକବାଜୀ ଯନ୍ତ୍ର ଘର ଘର ବୁଲି ଏସମ୍ପର୍କରେ ଅବଗତ କରାଇଛି । ନିଜ ନିଜର ଆସବାବପତ୍ର ବାହାର କରିବାକୁ କୁହାଯାଇଛି । ବିଏମ୍‌ସିର ଡାକବାଜୀ ଯନ୍ତ୍ର ପ୍ରଚାର କରିବା ପରେ ସାଲିଆସାହିରେ ଚାପା ଉତ୍ତେଜନା ଦେଖାଦେଇଛି । ଥଇଥାନ ନ କରି କେମିତି ଉଚ୍ଛେଦ କରାଯିବ । ଏହା ଆଇନ୍ ବିରୋଧୀ ବୋଲି ବସ୍ତିବାସିନ୍ଦା କହିଛନ୍ତି । ତେବେ ଉଚ୍ଛେଦ ହେଲେ ଘର ନୁହେଁ ଜମି ଦିଆଯିବ ବୋଲି ବିଜେପି ୨୦୨୪ରେ ନିର୍ବାଚନ ପ୍ରତିଶ୍ରୁତି ଦେଇଥିଲା । ହେଲେ ଭୋଟ୍ ନେଇ ସରକାରକୁ ଆସିଲା ପରେ ପ୍ରତିଶ୍ରୁତି ପାଳନ କାହିଁକି କରୁନାହିଁ ବୋଲି ବସ୍ତିବାସିନ୍ଦା ଗଣ୍ଠି ▶ପୃଷ୍ଠା-୭



**ଉତ୍ତେଜନା ଆଶଙ୍କାରେ ୭ ପ୍ଲାଟୁନ୍ ଫୋର୍ସ ମୁତୟନ**

**ବିଜେପିର ଜମି ଦେବା ନିର୍ବାଚନୀ ପ୍ରତିଶ୍ରୁତିକୁ ଗଣ୍ଠି କରିଛନ୍ତି ବସ୍ତିବାସିନ୍ଦା**

# ସାଇବର ସୁରକ୍ଷା ସଚେତନତା ବାର୍ତ୍ତା ନେଇ ୱାକାଥନ





ଅନୁଗୋଳ,୧୭ ।୧୧(ସମିସ):

ସମଗ୍ର ରାଜ୍ୟରେ ସାଇବର ସୁରକ୍ଷା ସଚେତନତା ନେଇ ବିଭିନ୍ନ କାର୍ଯ୍ୟକ୍ରମ ଜାରି ରହିଛି। ଅନୁଗୋଳ ଜିଲ୍ଲା ପୁଲିସ ପକ୍ଷରୁ ମଧ୍ୟ ସ୍ୱତନ୍ତ୍ର କାର୍ଯ୍ୟକ୍ରମ କରାଯାଉଛି। ସୋମବାର ଅନୁଗୋଳ ଏସପି ରାହୁଲ ଜୈନଙ୍କ ନିର୍ଦ୍ଦେଶରେ ଜିଲ୍ଲା ପୁଲିସ ପକ୍ଷରୁ ସହରରେ ସାଇବର ସୁରକ୍ଷା ସଚେତନତା ବାର୍ତ୍ତା ନେଇ ଏକ ୱାକାଥନ ଅନୁଷ୍ଠିତ ହୋଇଛି। ଅତିରିକ୍ତ ଏସପି ରାଜୀବ ଲୋଚନ ପଣ୍ଡା ଏହି ୱାକାଥନର ଶୁଭାରମ୍ଭ କରିବା ସହ ସାଇବର ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ଦ୍ୱାରା ସାଇବର ଅପରାଧ ନିବାରଣ, ଅନଲାଇନ୍ ସୁରକ୍ଷା ଏବଂ ଡିଜିଟାଲ ସାକ୍ଷରତା ହୋଇପାରିବ। ଯୁବପିଢ଼ି, ଛାତ୍ରଛାତ୍ରୀ, ବରିଷ୍ଠ ନାଗରିକମାନେ ଅଧିକରୁ ଅଧିକ ସଚେତନତା ଓ ସତର୍କ ହେବ। ସାଇବର ଠକେଇର ଶିକାର ହେଲେ ତୁରନ୍ତ ୧୯୩୦ ନମ୍ବରକୁ କଲ୍ କରି ଅଭିଯୋଗ କରିବାକୁ ଅତିରିକ୍ତ ଏସପି ପଣ୍ଡା ପରାମର୍ଶ ଦେଇଥିଲେ। ୱାକାଥନରେ ସ୍କୁଲ, କଲେଜ, ଛାତ୍ରଛାତ୍ରୀ, ଯୁବପିଢ଼ି ବହୁସଂଖ୍ୟାରେ ଯୋଗଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଏସପି (ଡିଆଇବି) ଉପାସନା ପାଢ଼ୀ, ଏସଡିପିଓ ରମାକାନ୍ତ ମହାଳିକ, ଡିଏସପି ଜଗେଶ୍ୱରୀ ବେହେରା, ସମୀର ପଣ୍ଡା, ସୁକୁମାର ତ୍ରିପାଠୀ, ଆଇଆଇସି ଧୀରେଶ କୁମାର ଦାସଙ୍କ ସମେତ ଜିଲ୍ଲାସ୍ତରୀୟ ସମସ୍ତ ପୁଲିସ ଅଧିକାରୀ ଉପସ୍ଥିତ ଥିଲେ।

## ଅସହାୟ ବୃଦ୍ଧବୃଦ୍ଧାଙ୍କୁ ମିଳୁନି ଭତ୍ତା ଓ ଘର

କିଶୋରନଗର,୧୭ ।୧୧(ସମିସ): ଅନୁଗୋଳ ଜିଲ୍ଲା ଆଠମଲ୍ଲିକ ଉପଖଣ୍ଡ ଆମ୍ବସରମୁଣ୍ଡା ପଞ୍ଚାୟତ ଅଖରକଟା ଗ୍ରାମ ରଙ୍ଗମାଟିଆ ସାହିର ଦୁଇ ଅସହାୟ ତଥା ଗରିବ ବୃଦ୍ଧବୃଦ୍ଧାଙ୍କୁ



ଏପର୍ଯ୍ୟନ୍ତ ମିଳିପାରିନି ଭତ୍ତା ଓ ଘର। ଏବେ ବି ଏମାନେ ଝାଟିମାଟି ଚାଳଛପର କୁଡ଼ିଆ ଘରେ ଦିନ କାଟୁଛନ୍ତି। ବୃଦ୍ଧ ବୀର ବେହେରାଙ୍କ ବୟସ ୬୫ବର୍ଷ ହୋଇଥିବା ବେଳେ ବୃଦ୍ଧାଙ୍କ ସାବିତ୍ରୀ ବେହେରାଙ୍କ ବୟସ ୬୩ ବର୍ଷ ହେଲାଣି। ଏମାନେ ପ୍ରାୟ ତିନିବର୍ଷ ହେବ ପଞ୍ଚାୟତ କାର୍ଯ୍ୟାଳୟ, ଜନସେବା କେନ୍ଦ୍ର ଧାଇଁ ଧାଇଁ ନୟାନ୍ତ ହୋଇଥିଲେ ମଧ୍ୟ ତାଙ୍କ କଥା କେହି ଶୁଣୁ ନ ଥିବା ଅଭିଯୋଗ କରିଛନ୍ତି। ବ୍ଲକ ପ୍ରଶାସନ ତୁରନ୍ତ ଏ ଦିଗରେ ପଦକ୍ଷେପ ନେବାକୁ ସାଧାରଣରେ ଦାବି ହେଉଛି।

## ପିତାମାତା ସହଭାଗିତା ବୈଠକ

ବଇଣ୍ଡା,୧୭ ।୧୧(ସମିସ): ଅନୁଗୋଳ ଜିଲ୍ଲା ଡଙ୍ଗପାଳ ସେବାଶ୍ରମ ବିଦ୍ୟାଳୟରେ ଶନିବାର ପିତାମାତା ଓ ଶିକ୍ଷକଙ୍କ ମଧ୍ୟରେ ସହଭାଗିତା ବୈଠକ ଅନୁଷ୍ଠିତ ହୋଇଛି। ବିଦ୍ୟାଳୟର ଶିକ୍ଷକ ଦୁଷ୍ମନ୍ତ ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକରେ ମୁଖ୍ୟଅତିଥି ଭାବେ ବ୍ଲକ ଉପାଧ୍ୟକ୍ଷ ଲବକୁମାର ପ୍ରଧାନ, ମୁଖ୍ୟବକ୍ତା ଭାବେ ଶୁକଦେବ ସାହୁ, ସମ୍ମାନିତ ଅତିଥି ଭାବେ ତ୍ରିଦିବ ସୁନ୍ଦର ବରାଳ ଯୋଗଦେଇଥିଲେ। ଏଥିରେ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଶିକ୍ଷକ ଘାସିରାମ ସାହୁ ମଞ୍ଚ ପରିଚାଳନା କରିଥିବା ବେଳେ ଶିକ୍ଷକ ସୁଜନ କୁମାର ମାଝୀ, ସୁମିତ୍ରା ସାହୁ, ମଧୁସ୍ମିତା ଦେହୁରି ସହଯୋଗ କରିଥିଲେ। ଶିଶିର କୁମାର ପୃଷ୍ଟି ଧନ୍ୟବାଦ ଅର୍ପଣ କରିଥିଲେ।

## ସହିଦ ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ପାଳିତ



ଅନୁଗୋଳ,୧୭ ।୧୧(ସମିସ): ଅନୁଗୋଳ ଜିଲ୍ଲା ବିଜେପି କାର୍ଯ୍ୟାଳୟରେ ସହିଦ ଭଗବାନ ବିର୍ସା ମୁଣ୍ଡା ମୁଣ୍ଡାଙ୍କ ୧୫୦ତମ ଜୟନ୍ତୀ ପାଳିତ ହୋଇଛି। ଜିଲ୍ଲା ସଭାପତି ଯଯାତି ପଟ୍ଟନାୟକଙ୍କ ପୌରୋହିତ୍ୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବରିଷ୍ଠ ବିଜେପି କାର୍ଯ୍ୟକର୍ତ୍ତାମାନେ ଯୋଗଦେଇ ବିର୍ସା ମୁଣ୍ଡାଙ୍କ ଫଟୋଚିତ୍ରରେ ମାଲ୍ୟାର୍ପଣ ପୂର୍ବକ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ପ୍ରାକ୍ତନ ଜିଲ୍ଲା ସଭାପତି ଦିଲେଶ୍ୱର ପ୍ରଧାନ, ସୁଦିପ ଗଡ଼ନାୟକ, ପର୍ଶୁରାମ ବାରିକ, ବିଜୟ ମାଝୀ, ପ୍ରଭାତ ପ୍ରଧାନ, ରତ୍ନାକର ସାହୁ, ଦିଲୀପ ଦାସ, ଆଶିଷ ବେହେରା, ସିପୁନ ବେହେରାଙ୍କ ସମେତ ବହୁ କାର୍ଯ୍ୟକର୍ତ୍ତା ଉପସ୍ଥିତ ଥିଲେ।

## ଅନ୍ତର୍ଜାତୀୟ କ୍ରୀଡ଼ାବିତ୍ ପ୍ରକାଶ ଗଡ଼ନାୟକ ସମ୍ବର୍ଦ୍ଧିତ




ଅନୁଗୋଳ,୧୭ ।୧୧(ସମିସ): ୨୩ତମ 'କପିଳାସ ମହୋତ୍ସବ' ଅନୁଷ୍ଠିତ ହୋଇଛି। ଏହି ଉତ୍ସବରେ ଅନୁଗୋଳର ଖ୍ୟାତିସମ୍ପନ୍ନ ଆନ୍ତର୍ଜାତିକ କ୍ରୀଡ଼ାବିତ୍ ପ୍ରକାଶ ଗଡ଼ନାୟକଙ୍କୁ "ସାମନ୍ତ ସୂର୍ଯ୍ୟନାରାୟଣ ସ୍ମୃତି ସମ୍ମାନ' ପ୍ରଦାନ ପୂର୍ବକ ସମ୍ବର୍ଦ୍ଧିତ କରାଯାଇଛି। ପ୍ରକାଶ ୨୦୧୦ରେ ଭାରତୀୟ ବାୟୁସେନାରୁ ଅବସର ନେବା ପରେ ମାଷ୍ଟର୍ସ ଆଥଲେଟିକ୍ସରେ ଯୋଗଦେଇ ରାଜ୍ୟ, ଜାତୀୟ ଓ ଅନ୍ତର୍ଜାତୀୟ ସ୍ତରରେ ଅନେକ ସଫଳତା ହାସଲ କରିଛନ୍ତି। ରାଜ୍ୟସ୍ତରୀୟ କ୍ରୀଡ଼ାରେ ଏଯାବତ୍ ୨୪ରୁ ଅଧିକ ପଦକ ପାଇଥିବା ବେଳେ ଜାତୀୟ ସ୍ତରରେ ୨୮ରୁ ଅଧିକ ପଦକ ଓ ଅନ୍ତର୍ଜାତୀୟ ସ୍ତରରେ ୧୨ଟି ସ୍ୱର୍ଣ୍ଣ ସହ ୧୯ଟି ପଦକ ଜିତି ଭାରତକୁ ବିଶ୍ୱ ଦରବାରରେ ଗର୍ବିତ କରିଛନ୍ତି। ଅନ୍ୟପଟେ ତାଙ୍କ ଜୀବନ କାଳ ମଧ୍ୟରେ ୨୫୦ରୁ ଅଧିକ ସ୍ୱର୍ଣ୍ଣ, ୧୬୫ରୁ ଅଧିକ ରୌପ୍ୟ ଓ ୧୧୦ରୁ ଅଧିକ ବ୍ରୋଞ୍ଜ ପଦକ ଜିତି ବିରଳ ରେକର୍ଡ ପ୍ରତିଷ୍ଠା କରିଛନ୍ତି। ଏଥିପାଇଁ ଅନୁଗୋଳ ଜିଲ୍ଲା ପ୍ରଶାସନ ତରଫରୁ ତାଙ୍କୁ "ଅନୁଗୋଳ ଗୌରବ ସମ୍ମାନ' ପ୍ରଦାନ କରାଯାଇଛି।

### ଜାତୀୟ ପ୍ରେସ ଦିବସ ପାଳିତ

## ଆଲୋଚନାଚକ୍ର 'କଣିହାଁ ବିକାଶରେ ଶିଳ୍ପ ଅଭିଶାପ ନା ଆଶୀର୍ବାଦ'

କଣିହାଁ,୧୭ ।୧୧(ସମିସ): କଣିହାଁ ବ୍ଲକ ଗଦାଶିଳା ପଞ୍ଚାୟତ ବୁରୁବାହାଲ ନଦୀଘାଟ ସାହୁ କମ୍ପ୍ଲେକ୍ସ ପରିସରରେ କଣିହାଁ ସ୍ୱର ସାମ୍ବାଦିକ ସଂଘ ତରଫରୁ ରବିବାର ଜାତୀୟ ପ୍ରେସ ଦିବସ ପାଳିତ ହୋଇଛି। ସଂଘର ସଭାପତି ସୁଶୀଲ କୁମାର ନାଏକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ବ୍ଲକ ଅଧ୍ୟକ୍ଷ ରାମକୃଷ୍ଣ ପ୍ରଧାନ, ସମ୍ମାନିତ ଅଥିତି ଭାବେ ଏନଟିପିସି ଥାନା ଆଇଆଇସି ସନ୍ତୋଷ କୁମାର ସେଠୀ, ଗଦାଶିଳା ସରପଞ୍ଚ ବୃନ୍ଦାବନ ପ୍ରଧାନ, ସମିତି ସଭ୍ୟ ଦିବ୍ୟଜ୍ୟୋତି ପ୍ରଧାନ, ବିଜୁଗୋଳ ସରପଞ୍ଚ ରୁକ୍ମଣୀ ପ୍ରଧାନ, କଣିହାଁ ସରପଞ୍ଚ ରଞ୍ଜିତା ବେହେରା, ସାମ୍ବାଦିକ ଅଲେଖ ଭୂତିଆ, ମହେଶ୍ୱର ନାଏକ, ଶ୍ରମିକ ନେତା ସତ୍ୟାନନ୍ଦ ସାହୁ, ବିଜେଡି ନେତା ସୁନୀଲ



କୁମାର ପ୍ରଧାନ, ସାମାଜିକ କର୍ମୀ ଶ୍ରାବଣ କୁମାର ସାହୁ ପ୍ରମୁଖ ଯୋଗଦେଇଥିଲେ। ଏହି ଅବସରରେ 'କଣିହାଁ ବିକାଶରେ ଶିଳ୍ପ ଅଭିଶାପ ନା ଆଶୀର୍ବାଦ' ଶୀର୍ଷକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଥିଲା। ଆଲୋଚନାଚକ୍ରରେ ସାମାଜିକ କର୍ମୀ ସିଏନଜି ରଥ, ପ୍ରାକ୍ତନ ସମିତି ସଭ୍ୟ ଦେବେନ୍ଦ୍ର ବାରିକ ସାମ୍ବାଦିକ ବୁଲୁ ସ୍ୱାଇଁ, ଜନ୍ମେଜୟ ରାଉତ, ପ୍ରଦୀପ ସାହୁ, ସହଦେବ ସାହୁ, ଅନ୍ତର୍ଯ୍ୟାମୀ ସାହୁ, ଦେବରାଜ ପ୍ରଧାନ, ସୁରଥ ସାହୁ, ସନ୍ତୋଷ ବେହେରା ପ୍ରମୁଖ ଅଂଶଗ୍ରହଣ କରିଥିଲେ। ସଂଘ ସମ୍ପାଦକ ଭାଗୀରଥି ସାହୁ, ରଜନୀକାନ୍ତ ମହାରଣା, ମାଗୁଣି ନାଏକ, ଯାଦବ ନାଏକ, ବସନ୍ତ ନାଏକ, ଅଜୟ ନାଏକ, ସଞ୍ଜୟ ବିଶ୍ୱାଳ ସହଯୋଗ କରିଥିବା ବେଳେ ସାମ୍ବାଦିକ ଦିଲୀପ ନାଏକ ମଞ୍ଚ ପରିଚାଳନା କରିଥିଲେ। ଶିଶିର କୁମାର ସାମଲ ଧନ୍ୟବାଦ ଅର୍ପଣ କରିଥିଲେ।

### ■ ଡେରଙ୍ଗରେ ୭ମ ଜିଲ୍ଲାସ୍ତରୀୟ ଫୁଟବଲ ପ୍ରତିଯୋଗିତା

## ରକାଶବାହାଲ ଚାମ୍ପିଅନ, ଏନଟିପିସି ଟାଉନସିପ ରନର୍ସଅପ୍

କଣିହାଁ,୧୭ ।୧୧(ସମିସ): କଣିହାଁ ବ୍ଲକ ଡେରଙ୍ଗ ଗ୍ରାମ ଖେଳପଡ଼ିଆରେ ଡେରଙ୍ଗ ଫୁଟବଲ କ୍ଲବ ଆନୁକୂଲ୍ୟରେ ଶନିବାରଠାରୁ ଆରମ୍ଭ ହୋଇଥିବା ଜିଲ୍ଲାସ୍ତରୀୟ ଫୁଟବଲ ପ୍ରତିଯୋଗିତା ରବିବାର ଉଦଯାପିତ ହୋଇଛି। ଏହି ଟୁର୍ଣ୍ଣାମେଣ୍ଟରେ ଅନୁଗୋଳ ଜିଲ୍ଲାର ବିଭିନ୍ନ ଅଞ୍ଚଳରୁ ୧୬ ଟିମ ଅଂଶଗ୍ରହଣ କରିଥିଲେ। ଫାଇନାଲ ମ୍ୟାଚ ତାଳଚେର ରାକଶବାହାଳ ଓ କଣିହାଁ ପିଟିଏସ୍ ଏନଟିପିସି ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ସଙ୍ଘର୍ଷପୂର୍ଣ୍ଣ




ଏହି ମ୍ୟାଚରେ ରାକଶବାହାଳ ୪-୩ ଗୋଲ୍‌ରେ ବିଜୟୀ ହୋଇ ଚାମ୍ପିଅନ ହୋଇଛି। ରେଫରୀ ବାସୁଦେବ ସାହୁ, ପ୍ରଫୁଲ୍ଲ ଘଡ଼େଇ, ଧନେଶ୍ୱର ସର୍ଦ୍ଦାର, ଆଲୋକ ଦେହୁରୀ, ହେମନ୍ତ କୁମାର ପ୍ରଧାନ ମ୍ୟାଚ ପରିଚାଳନା କରିଥିଲେ।

ଉଦଯାପନୀ ଉତ୍ସବରେ ଅତିଥି ଭାବେ ଜେଆଇପିଏଲ ଭାଇସ ପ୍ରେସିଡେଣ୍ଟ ସୁରେଶ କୁମାର ବଂଶଲ, ଡିଜିଏମ ବଳଭଦ୍ର ଜେନା, ସିଏସଆର ଡେପୁଟି ମ୍ୟାନେଜର ରବିଶ କୁମାର ରାଜନ, ଡେରଙ୍ଗ ସରପଞ୍ଚ ସଞ୍ଜୁକ୍ତା ବେହେରା, ନାଏବ ସରପଞ୍ଚ ବୁଲୁ ସାହୁ, ସମିତି ସଭ୍ୟ ସନ୍ତୋଷ ନାଏକ, ଡେରଙ୍ଗ ସଭାପତି ପ୍ରଶ୍ନ ନାୟକ, ସମ୍ପାଦକ ସୁଜିତ ସାହୁ, ଗ୍ରାମର ବରିଷ୍ଠ ନାଗରିକ ଲିଙ୍ଗରାଜ ମହାନ୍ତି, ସନ୍ତୋଷ ବେହେରା, ବାନାମ୍ବର ସାହୁ, ଲିପୁ ସାହୁ, ଅର୍ଜୁନ ଦେହୁରୀ, ଦିଲୀପ ଦେହୁରୀ, ବାବୁ ଦେହୁରୀ, କାର୍ତ୍ତିକା ବୋଇତା, ଅନିଲ ବେହେରା ପ୍ରମୁଖ ଯୋଗଦେଇ ଚାମ୍ପିଅନ ଦଳକୁ ୧୦ ହଜାର ଟଙ୍କାର ଚେକ ସହ ଟ୍ରଫି ଓ ରନର୍ସଅପ ଦଳକୁ ୮ ହଜାର ଟଙ୍କା ସହ ଟ୍ରଫି ପ୍ରଦାନ କରିଥିଲେ। ଆୟୋଜକ କ୍ଲବ ସଭାପତି ବିଜୟ କୁମାର ଦେହୁରୀ, ସମ୍ପାଦକ ରୁଦ୍ର ମାଝୀ, ଭୂପେନ ଦେହୁରୀ, ଅମୂଲ୍ୟ ବୋଇତା, ସଞ୍ଜୀବ ବେହେରା, ସୁଜିତ ବେହେରା, ଗୟାଚାନ୍ଦ ସେଠୀଙ୍କ ସମେତ ସମସ୍ତ ସଦସ୍ୟ ସହଯୋଗ କରିଥିଲେ।

## ସଂସଦୀୟ ଖେଳ ମହୋତ୍ସବ ଉଦଘାଟିତ

ଅନୁଗୋଳ,୧୭ ।୧୧(ସମିସ): ବଣ୍ଡାରପାଳ ଏବଂ ଅନୁଗୋଳ ବ୍ଲକସ୍ତରୀୟ ସଂସଦୀୟ ଖେଳ ମହୋତ୍ସବ ସୋମବାର ଉଦଘାଟିତ ହୋଇଛି। ମୁଖ୍ୟଅତିଥି ରୂପେ ସାଂସଦ ରୁଦ୍ରନାରାୟଣ ପାଣି, ସମ୍ମାନିତ ଅତିଥି ଭାବେ ବିଧାୟକ ପ୍ରତାପଚନ୍ଦ୍ର ପ୍ରଧାନ, ଉପଜିଲ୍ଲାପାଳ ମାୟାଧର ବେହେରା, ଜିଲ୍ଲା କ୍ରୀଡ଼ା ଅଧିକାରୀ ଅକ୍ଷୟ କୁମାର ସିଂ, ଅନୁଗୋଳ ବିଡିଓ ଡ. ବିଶ୍ୱଭୂଷଣ, ବଣ୍ଡାରପାଳ ବିଡିଓ ଲୋଚନ ଦାସ, ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ମଧୁସ୍ମିତା ନନ୍ଦ, ବିନୋଦ ଚନ୍ଦ୍ର ଦେହୁରୀ ପ୍ରମୁଖ ଉପସ୍ଥିତ ଥିଲେ। ଅନୁଗୋଳ ବ୍ଲକରେ ଓଏଫଆରସି ପଡ଼ିଆ ଏବଂ ବଣ୍ଡାରପାଳ ବ୍ଲକରେ ପିବିକେ ହାଇସ୍କୁଲ ପଡ଼ିଆରେ ଖେଳ ଅନୁଷ୍ଠିତ ହୋଇଥିଲା। ଏଥିରେ ଛାତ୍ରଛାତ୍ରୀ ଓ ଯୁବ କ୍ରୀଡ଼ାବିତମାନେ ଅଂଶଗ୍ରହଣ କରିଥିଲେ।

## ପାଣିରେ ବୁଡ଼ି ଯୁବକ ମୃତ

କଣିହାଁ,୧୭ ।୧୧(ସମିସ): ପାଣିରେ ବୁଡ଼ି କଣିହାଁ ବ୍ଲକ ସମଲ ଥାନା ପରାବିଲ ଗ୍ରାମର ରାଜେଶ ଚୌଧୁରୀ (୩୯)ଙ୍କ ମୃତ୍ୟୁ ହୋଇଛି। ଏନେଇ ପୁଲିସ ଅପମୃତ୍ୟୁ ମାମଲା ରୁଜୁ କରି ମୃତଦେହ ବ୍ୟବଚ୍ଛେଦ ନିମନ୍ତେ ପଠାଇବା ସହ ତଦନ୍ତ କରୁଛି। ରବିବାର ସନ୍ଧ୍ୟାରେ ରାଜେଶ ଘରକୁ ନ ଫେରିବାରୁ ପରିବାର ଲୋକେ ଖୋଜାଖୋଜି କରି ପାଇ ନ ଥିଲେ। ସକାଳେ ନିକଟସ୍ଥ ଜଳଭଣ୍ଡାରରେ ତାଙ୍କ ମୃତଦେହ ଭାସୁଥିବା ଦେଖିବାକୁ ମିଳିଥିଲା। ସେ ଶୌଚ ହେବାକୁ ଯାଇ ବୁଡ଼ିଯାଇଥିବା ଅନୁମାନ କରାଯାଉଛି।

## ନିମ୍ନମାନର ରାଜପଥ କାମକୁ ନେଇ ଅସନ୍ତୋଷ

### ● ଗ୍ରାମବାସୀଙ୍କ ଆନ୍ଦୋଳନ ଚେତାବନୀ

ବଇଣ୍ଡା,୧୭ ।୧୧(ସମିସ): ଅନୁଗୋଳ ଜିଲ୍ଲା ବଇଣ୍ଡା ଅଞ୍ଚଳରେ ଜାତୀୟ ରାଜପଥ କାମ କରୁଥିବା ଏଆଇପିଏଲ ଅତି ନିମ୍ନମାନର କାମ କରୁଥିବା ଅଭିଯୋଗ ହେଉଛି। ଏ ନେଇ ଅଞ୍ଚଳବାସୀଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି। ଏହାର ପ୍ରତିବାଦରେ ଅଞ୍ଚଳବାସୀ ଆଗକୁ ଆନ୍ଦୋଳନ କରିବେ ବୋଲି ନିଷ୍ପତ୍ତି ନେଇଛନ୍ତି। ଏ ନେଇ ବଇଣ୍ଡାଠାରେ ଏକ ବୈଠକ ଅନୁଷ୍ଠିତ ହୋଇଥିଲା। ଗ୍ରାମ ଉପସଭାପତି ଅରବିନ୍ଦ ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକରେ ବିଜେପି ନେତା ରାଜେନ୍ଦ୍ର ସାହୁ, ଦୀପକ ବେହେରା, ରାଜା ପ୍ରଧାନ, ଟୁଟୁ ସାହୁ, ବସନ୍ତ ବାରିକ, ମାନସ ସାହୁ, ଚକ୍ରଧର ବେହେରା, ଲୁଲୁ ସାହୁ ପ୍ରମୁଖ ଯୋଗଦେଇଥିଲେ। ଏନ୍‌ଏଚ୍‌ଏଆଇ ପକ୍ଷରୁ ନିଯୁକ୍ତ ଠିକାସଂସ୍ଥା ବଇଣ୍ଡା ଅଞ୍ଚଳରେ ଅତି ନିମ୍ନମାନର ରାସ୍ତା କାମ କରୁଛି। କଂକ୍ରିଟ ରାସ୍ତା କାମରେ କୌଣସି ଯନ୍ତ୍ରପାତି ବ୍ୟବହାର କରାଯାଉନାହିଁ। ଫଳରେ ୨ ମାସ ନ ପୂରୁଣୁ ରାସ୍ତା ଫାଟିଯାଉଛି। କାମ ବେଳେ କୌଣସି ଅଧିକାରୀ ଉପସ୍ଥିତ ରହୁନାହାନ୍ତି। ଫଳରେ ଠିକାସଂସ୍ଥା ମନଇଚ୍ଛା କାମ କରୁଛି। ପିଚୁ କାମ ମଧ୍ୟ ନିମ୍ନମାନର କରାଯାଉଛି। ଡ୍ରେନଗୁଡ଼ିକ ଭାଙ୍ଗିଗଲାଣି। ଏଥିସହ ବଇଣ୍ଡା ଛକରେ ଏକ ପରିସ୍ରାଗାର ନ ଥିବାରୁ ଯାତ୍ରୀମାନେ ହନ୍ତସନ୍ତ ହେଉଛନ୍ତି। ତୁରନ୍ତ ଏ ସମସ୍ୟା ସମ୍ପର୍କରେ ଏକ ପ୍ରତିନିଧି ଦଳ ଜିଲ୍ଲା ପ୍ରଶାସନକୁ ଭେଟି ଅଭିଯୋଗ କରିବେ। ସମାଧାନ କରା ନ ଗଲେ ଜୋରଦାର ଆନ୍ଦୋଳନ କରାଯିବ ବୋଲି ବୈଠକରେ ନିଷ୍ପତ୍ତି ହୋଇଛି।

## ପୁରୁଣା ସୂଚନା କେନ୍ଦ୍ରରୁ ଉଚ୍ଛେଦ ଖୁବ୍‌ଶୀଘ୍ର



ଅନୁଗୋଳ,୧୭ ।୧୧(ସମିସ): ଅନୁଗୋଳ ସହରରେ ଟ୍ରାଫିକ ବ୍ୟବସ୍ଥାର ଉନ୍ନତି ପାଇଁ ଜବରଦଖଲ ଉଚ୍ଛେଦ କାର୍ଯ୍ୟକ୍ରମ ଜାରି ରହିଛି। ଅନୁଗୋଳ ଉଚ୍ଚ ବିଦ୍ୟାଳୟ ସମ୍ମୁଖରୁ ଜବରଦଖଲ ଉଚ୍ଛେଦ ପରେ ଏବେ ପୁରୁଣା ସୂଚନା କେନ୍ଦ୍ର ନିକଟରେ ଖୁବ୍‌ଶୀଘ୍ର ଉଚ୍ଛେଦ ହେବ ବୋଲି ଜଣାପଡ଼ିଛି। ପୁରୁଣା ସୂଚନା କେନ୍ଦ୍ର କୋଠା ବିପଦସଙ୍କୁଳ ଅବସ୍ଥାରେ ଥିବାବେଳେ ଏହାକୁ ଭଙ୍ଗାଯିବ ବୋଲି ଜଣାପଡ଼ିଛି। ଏ ନେଇ ପୌରପାଳିକାର ଆବେଦନକୁ ଅନୁଗୋଳ ଜିଲ୍ଲାପାଳ ମଞ୍ଜୁର କରିଛନ୍ତି। ଉଚ୍ଛେଦ ପରେ ଏହା ସାମୟିକ ଭାବେ ପାର୍କିଂ ସ୍ଥାନ ରୂପେ ବ୍ୟବହୃତ ହେବ ବୋଲି ନିର୍ବାହୀ ଅଧିକାରୀ ସତ୍ୟପ୍ରକାଶ ତ୍ରିପାଠୀ ଜଣାଇଛନ୍ତି। ଦୀର୍ଘବର୍ଷ ଧରି ଏହି ଛକରେ ଜବରଦଖଲ ଯୋଗୁଁ ଗାଡ଼ି ଚଳାଚଳରେ ଅସୁବିଧା ହେଉଥିବା ଅଭିଯୋଗ ହୋଇଆସୁଥିଲା।

# ବିଭିନ୍ନ ସ୍ଥାନରେ ଜାତୀୟ ପ୍ରେସ୍ ଦିବସ ପାଳିତ



ବିକ୍ରମପୁର


ତାଳଚେର


ସାତକୋଶିଆ

### ତାଳଚେର ପ୍ରେସ କ୍ଲବ୍ ନୋଭେଲ

ବିକ୍ରମପୁର,୧୭ ।୧୧(ସମିସ):

ତାଳଚେର ପ୍ରେସ କ୍ଲବ ନୋଭେଲ ତରଫରୁ ହାଟତୋଟାସ୍ଥିତ ଏକ ହୋଟେଲରେ ଜାତୀୟ ପ୍ରେସ୍ ଦିବସ ପାଳନ କରାଯାଇଛି। ସାମ୍ବାଦିକ ତଥା ଶିକ୍ଷାବିତ୍ ସୁଶୀଲ କୁମାର ନନ୍ଦଙ୍କ ସଂଯୋଜନା ଓ ସଂଘ ସଭାପତି ପ୍ରବୀଣ କୁମାର ଦାସଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଲାୟନ୍ସ କ୍ଲବ ଅନୁଗୋଳ ରୟାଲର ଉପସଭାପତି ତଥା ସାମ୍ବାଦିକ ବିରଜା ପଟ୍ଟନାୟକ ମୁଖ୍ୟଅତିଥି ଭାବେ ଯୋଗଦେଇ ସାମ୍ବାଦିକଙ୍କ କର୍ତ୍ତବ୍ୟ ମୂଲ୍ୟବୋଧ ଏବଂ କୃତ୍ରିମ ବୁଦ୍ଧିମତା ବିଷୟରେ ଅବତାରଣା କରିଥିଲେ। ସମ୍ମାନିତ ଅତିଥି ଭାବେ ସାମ୍ବାଦିକ ତ୍ରିଲୋଚନ ସ୍ୱାଇଁ ଯୋଗଦେଇ ତାଳଚେରର ସମସ୍ୟାଗୁଡ଼ିକୁ ଦୃଷ୍ଟିରେ ରଖି ଖବର ପରିବେଷଣ କରିବାକୁ ଗୁରୁତ୍ୱ ଦେଇଥିଲେ। ସଂଘ ଉପଦେଷ୍ଟା ଜ୍ୟୋତିରଞ୍ଜନ ଦାସ ପ୍ରେସ ଦିବସର ମହତ୍ତ୍ୱ ତଥା ସାମ୍ବାଦିକମାନଙ୍କ ମୌଳିକ ଅଧିକାର ବିଷୟରେ ମତବ୍ୟକ୍ତ କରିଥିଲେ। ଏହି ଅବସରରେ ସାମ୍ବାଦିକ ଦେବେନ୍ଦ୍ର ସାହୁ, ଶିବପ୍ରସାଦ ବେହେରା, ଦୁର୍ଯ୍ୟୋଧନ ପ୍ରଧାନ, ରାଜକିଶୋର ଭୂତିଆ, ପ୍ରଦୀପ ମହାରଣା, ଭାଗୀରଥି ମହାପାତ୍ର, ହରେକୃଷ୍ଣ ମହାପାତ୍ର, ଜନ ବିକାଶ ସଭାପତି ଭୂପେନ ଥମ୍ବ, ସମାଜସେବୀ କ୍ଷୀରୋଦ ସାହୁ ପ୍ରମୁଖଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।

### କୋଲ୍ ସିଟି ସାମ୍ବାଦିକ ସଂଘ

ତାଳଚେର: ସ୍ଥାନୀୟ ସଭାଗୃହରେ ତାଳଚେର କୋଲ୍ ସିଟି ସାମ୍ବାଦିକ ସଂଘ ପକ୍ଷରୁ ଜାତୀୟ ପ୍ରେସ୍ ଦିବସ ପାଳିତ ହୋଇଛି। ସଂଘ ସଭାପତି ସାମ୍ବାଦିକ ମନୋଜ କୁମାର ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ବିଜେପିର ଅନୁଗୋଳ ଜିଲ୍ଲା ମିଡିଆ ସେଲ ଅଧ୍ୟକ୍ଷ ପର୍ଶୁରାମ ବାରିକ, ମୁଖ୍ୟବକ୍ତା ଭାବେ ଶ୍ରମିକ ନେତା ରାଜକିଶୋର ସହୁ, ସମ୍ମାନିତ ଅତିଥି ଭାବେ କାଉନସିଲର ଯଶୋବନ୍ତ ମିଶ୍ର, ଶ୍ରୀମତୀ ଲାଲ ମଞ୍ଚାସୀନ ଥିଲେ। ଜିତେନ୍ଦ୍ର ମହାପାତ୍ର ଅତିଥି ପରିଚୟ ଦେଇଥିଲେ। ତାଳଚେର ସହରରେ ପ୍ରଦୂଷଣ ମାତ୍ରା ଅହେତୁକ ବୃଦ୍ଧି, ଜିଲ୍ଲା ଖଣିଜ ପାଣ୍ଠିରେ ତାଳଚେର ବିକାଶ ନିମିତ୍ତ ୩ ହଜାର କୋଟି ଟଙ୍କା ଗଚ୍ଛିତ ଥିଲେ ମଧ୍ୟ ତା'ର ସଠିକ ବିନିଯୋଗ ହୋଇ ନ ପାରିବା ଆଦି ପ୍ରସଙ୍ଗରେ ସଂଘ ସଭାପତି ମହାପାତ୍ର ମତବ୍ୟକ୍ତ କରିଥିଲେ। ଏହି ଅବସରରେ ହରି ଭାଇଙ୍କୁ ଜିଲ୍ଲା ଆନ୍ଦୋଳନ କମିଟି ପକ୍ଷରୁ ସମ୍ମାନିତ କରାଯାଇଥିଲା। ସାମ୍ବାଦିକ ତପନ ମହାରଣା, ପ୍ରକାଶ ସହୁ, ଶିବପ୍ରକାଶ ବେହେରା, ଆରକେ ଭୂତିଆ, ଭାଗ୍ୟରଥି ମହାପାତ୍ର, ମାଧବ ବାବୁ, ସମାଜସେବୀ କ୍ଷୀରୋଦ ସହୁ, ଶିକ୍ଷାବିତ୍ ବିଭୂତି ମିଶ୍ର, ଦେବନ ସାହୁ, ରାଜୀବ ରାଉତ, ବାବୁନି ସ୍ୱାଇଁ, ସୀତାକାନ୍ତ ବାରିକ, ଆଇନଜୀବୀ ବାପୁ ମିଶ୍ର, ରାଜୀବ ରାଉତ, କଂଗ୍ରେସ ନେତା ହେମୁତ ନାୟକ, ବିନୋଦ ନାଏକ, ଅଭୟ ପାଣି ପ୍ରମୁଖ ଉପସ୍ଥିତ ଥିଲେ। ସଂଘ ସମ୍ପାଦକ ସାମ୍ବାଦିକ ଚିତ୍ତରଞ୍ଜନ ପାଣି ଧନ୍ୟବାଦ ଦେଇଥିଲେ।

### ଦଣ୍ଡସିଂହା ବିଦ୍ୟାଳୟ

ସାତକୋଶିଆ: ଅନୁଗୋଳ ବ୍ଲକ ଅନ୍ଧୁଳିଆ ପଞ୍ଚାୟତ ଦଣ୍ଡସିଂହା ଜନତା ନୋଡାଲ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଜାତୀୟ ପ୍ରେସ ଦିବସ ପାଳିତ ହୋଇଛି। ଯୁବନେତା ଶରତଚନ୍ଦ୍ର ପ୍ରଧାନ ମୁଖ୍ୟଅତିଥି, ବିଦ୍ୟାଳୟର ସହକାରୀ ଶିକ୍ଷକ ମାନସ କୁମାର ନାୟକ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଆଜିର ଦୁନିଆରେ ସମସ୍ତେ ଜଣେ ଜଣେ ସାମ୍ବାଦିକ ବୋଲି କହିଥିଲେ। ସାମ୍ବାଦିକ ରାଜେନ୍ଦ୍ର କୁମାର ପ୍ରଧାନ ଅତିଥି ପରିଚୟ ପ୍ରଦାନ କରିଥିବା ବେଳେ ରତିକାନ୍ତ ରାଉତ ସୌରଚନ୍ଦ୍ର ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

## ଚୋରା ଗ୍ୟାସ ଚାଲାଣ ଘଟଣାରେ ୩ ଗିରଫ

କିଶୋରନଗର,୧୭ ।୧୧(ସମିସ): କିଶୋରନଗର ଥାନା ପୁଲିସ ଶନିବାର ବାମୁର କୁଟାସିଙ୍ଗା ନିକଟରୁ ଏକ ଚୋରା ଗ୍ୟାସ ସିଲିଣ୍ଡର ବୋଝେଇ ଭ୍ୟାନ ଜବତ କରିଥିଲା। ଏହି ବେଆଇନ କାରବାରରେ ସମ୍ପୃକ୍ତ ଅକ୍ଷୟ ଥାଟି, ସୁନୀଲ ରାଉଳ ଓ ମହିମା ଏଚପି ଗ୍ୟାସ ଏଜେନ୍ସିର ମାଲିକ ମହେନ୍ଦ୍ର ପ୍ରଧାନଙ୍କୁ ପୁଲିସ ଗିରଫ କରି ସୋମବାର କୋର୍ଟ ଚାଲାଣ କରିଛି। ଏ ନେଇ ଏକ ମାମଲା ରୁଜୁ କରାଯାଇଛି। କିଶୋରନଗର ଅଞ୍ଚଳରେ କିଛିମାସ ହେବ ଚୋରା ଗ୍ୟାସ କାରବାର ହେଉଥିବା ଅଭିଯୋଗ ହୋଇ ଆସୁଛି। ଅନୁଗୋଳ ଏସପିଙ୍କ ନିର୍ଦ୍ଦେଶ କ୍ରମେ ଥାନା ଅଧିକାରୀ ବିଭୂତି ପ୍ରଧାନଙ୍କ ନେତୃତ୍ୱରେ ଏକ ଟିମ୍ ଶନିବାର କୁଟାସିଙ୍ଗା ଅଞ୍ଚଳରେ ଚଢ଼ଉ କରି ଗ୍ୟାସ ସିଲିଣ୍ଡର ବୋଝେଇ ଭ୍ୟାନ ଜବତ କରିଥିଲା।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

## ଅକ୍ଷୟ ମହାନ୍ତିଙ୍କ ୨୩ତମ ଶ୍ରାଦ୍ଧୋତ୍ସବ ପାଳିତ




କେନ୍ଦ୍ରାପଡ଼ା,୧୭ ।୧୧(ସମିସ): କେନ୍ଦ୍ରାପଡ଼ା ଜିଲ୍ଲାର ଅଗ୍ରଣୀ ସାଂସ୍କୃତିକ ସଂସ୍ଥା "ଭାବଗ୍ରାହୀ କଳା ନିକେତନ' ଏବଂ "ରେଡିଓ ଭାବଗ୍ରାହୀ' ମିଳିତ ପ୍ରୟାସରେ ଚିରସ୍ମରଣୀୟ ସଙ୍ଗୀତଜ୍ଞ, ଅକ୍ଷୟ ମହାନ୍ତିଙ୍କ ୨୩ତମ ଶ୍ରାଦ୍ଧୋତ୍ସବ ପାଳିତ ହୋଇଛି। କଳା ନିକେତନର ପ୍ରତିଷ୍ଠାତା ଓ ଅକ୍ଷୟଙ୍କ ପଟ୍ଟଶିଷ୍ୟ ସଙ୍ଗୀତଜ୍ଞ ବିମଳ ପ୍ରସାଦ ପରିଡ଼ାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଫୋରଡ଼ସ୍ଥିତ ଶ୍ରୀ ରାଧାକୃଷ୍ଣଜୀଉ ଆଶ୍ରମର ମହନ୍ତ ହୃଷୀକେଶ ଦାଶ ମହାରାଜ, ମୁଖ୍ୟବକ୍ତା ଭାବେ ବିଶିଷ୍ଟ କବି ଡା. ମନୋରଞ୍ଜନ ଦାଶ, ସମ୍ମାନିତ ଅତିଥି ଭାବେ ପ୍ରଫେସର ପ୍ରଶାନ୍ତ କୁମାର ସାମଲ, ପଣ୍ଡିତ ପଦ୍ମନାଭ ଦାଶ, କବି ଅମର ପ୍ରସାଦ ରାଉତ, କଣ୍ଠଶିଳ୍ପୀ ଅଜୟ ମହାନ୍ତି, ସାମ୍ବାଦିକ ସଚ୍ଚିଦାନନ୍ଦ ବେହେରା ଯୋଗଦେଇ ଅକ୍ଷୟଙ୍କ ସ୍ମୃତିଚାରଣ କରିଥିଲେ। ଅତିଥିମାନେ ଅକ୍ଷୟ ମହାନ୍ତି, ଭିକାରୀ ବଳ, କବି ଭାବଗ୍ରାହୀ ପରିଡ଼ା ଓ ସରୋଜିନୀ ପରିଡ଼ାଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ସକାଳୁ ଅକ୍ଷୟଙ୍କ ସ୍ମୃତିରେ ଅଖଣ୍ଡ ପ୍ରଦୀପ ପ୍ରଜ୍ୱଳନ କରାଯାଇଥିଲା। ବିଶିଷ୍ଟ ଗାୟିକା ନିରୁପମା ଜେନା ଓ ଅର୍ଚ୍ଚନା ପରିଡ଼ା ଶ୍ରଦ୍ଧାଞ୍ଜଳି ସଙ୍ଗୀତ ପ୍ରସ୍ତୁତ କରିଥିଲେ। ବିମଳ ପ୍ରସାଦ ପରିଡ଼ା, ଭକ୍ତ ଦାଶ, ଅଜୟ ମହାନ୍ତି, ପ୍ରଶାନ୍ତ ସାମଲ ପ୍ରମୁଖଙ୍କ କଣ୍ଠରେ ଅନେକ କାଳଜୟୀ ସଙ୍ଗୀତର ମଧୁର ରସରେ ଦର୍ଶକମାନେ ବିଭୋର ହୋଇପଡ଼ିଥିଲେ। କାର୍ଯ୍ୟକ୍ରମରେ ଅଜୟ ସ୍ୱାଇଁ, ଧୀରାମଣି ପରିଡ଼ା, ଗୌରବ ଦାସ, କବି ଅଶୋକ ସାହୁ, ଭୀମସେନ ପ୍ରଧାନ, ଅଙ୍କିତା ପରିଡ଼ା, ଭାଗବତ ଷଡ଼ଙ୍ଗୀ, ଚୈତନ୍ୟ ରାଉତ, ଚିନ୍ମୟ ଦାସ, ଚିତ୍ତରଞ୍ଜନ ପ୍ରଧାନ, ମାଧବ ମଲିକ, ଦେବପ୍ରସାଦ ବିଶ୍ୱାଳ, ଭକ୍ତ ଚରଣ ଦାଶ, ସନ୍ତୋଷ ଦାଶ, ଲିଟନ ଦାଶ, ବିକ୍ରମ କେଶରୀ ସାମଲ, ଅଜୟ ଜେନା, କୃଷ୍ଣ ସାହୁ, ଭବାନୀ ପ୍ରସାଦ ଓଝା, ଶିବରାଜ ରାଉତ, ଅଚ୍ୟୁତାନନ୍ଦ ପରିଡ଼ା, ଅଭୟ ପାତ୍ର ପ୍ରମୁଖ ଉପସ୍ଥିତ ଥିଲେ। ପ୍ରବଚକ ବିକ୍ରମ କେଶରୀ ପରିଡ଼ା ଧନ୍ୟବାଦ ଅର୍ପଣ କରିଥିଲେ।

## ଅଚ୍ୟୁତାନନ୍ଦ ମହାପୁରୁଷ ଓ କଳ୍କୀ ଅବତାରଙ୍କ ବ୍ରହ୍ମ ଏକାକ୍ଷର ମେଳା

ପଟ୍ଟାମୁଣ୍ଡାଇ/ଦାଣ୍ଡିସାହି,୧୭।୧୧(ସମିସ): ପଟ୍ଟାମୁଣ୍ଡାଇ ବ୍ଲକ୍ ଅନ୍ତର୍ଗତ ଅଳପୁଆ ପଞ୍ଚାୟତ ଧାନେଶ୍ୱରୀ ପୀଠରେ ଅଚ୍ୟୁତାନନ୍ଦ ମହାପୁରୁଷଙ୍କ ଗାଦି ଓ କଳ୍କୀ ଅବତାରଙ୍କ ବ୍ରହ୍ମ ଏକାକ୍ଷର ମେଳା ଅନୁଷ୍ଠିତ ହୋଇଯାଇଛି। ପୀଠାଧୀଶ ପ୍ରଫୁଲ୍ଲ ପଣ୍ଡା, ପୂର୍ବତନ ଜିଲ୍ଲା ପରିଷଦ ସଦସ୍ୟ ନାରଦ ବିଶ୍ୱାଳ, ସେବକ ରତିକାନ୍ତ ଧଳ, ଗଗନ ମହାଲିକଙ୍କ ତତ୍ତ୍ୱାବଧାନ ଓ ଅକ୍ଷୟ ଧଳ, ଦମୟନ୍ତୀ ଧଳଙ୍କ ପୌରୋହିତ୍ୟରେ ସଂକ୍ରାନ୍ତି ଉପଲକ୍ଷେ ଆୟୋଜିତ ମେଳାରେ ଗ୍ରାମର ଶତାଧିକ ଶ୍ରଦ୍ଧାଳୁ ଓ ଜନସାଧାରଣ ଯୋଗଦେଇ ପୂଜା କରିଥିଲେ। ମେଳାରେ ଶିକ୍ଷାବିତ ବିଚିତ୍ରାନନ୍ଦ ବେହେରା, ସୁକାନ୍ତ ରାଉତ, କିଶୋର ରାଉତ, କାର୍ତ୍ତିକ ରାଉତ, କୈବଲ୍ୟ ପରିଡ଼ା, ମଧୁସୂଦନ ଦାସ, ନକୁଳ ମଲିକ, ବାବୁରାମ ସେଠୀ, ସୁରେନ୍ଦ୍ର ପାଗଳ, ଘନଶ୍ୟାମ ମଲିକ, ପ୍ରହଲ୍ଲାଦ ମଲିକ, କବିତା ସାହୁ, ଗୀତାଞ୍ଜଳି ନାୟକ, ମନୋସ୍ୱିନୀ ବିଶ୍ୱାଳ, ରଞ୍ଜନ ସାହୁ, ଚିତ୍ତରଞ୍ଜନ ସାହୁ, ଗୟାଧର ସୂତାର, ଭରତ ସାହୁ, ନରେନ୍ଦ୍ର ଧଳ ପ୍ରମୁଖ ଯୋଗଦେଇ ଭଗବତ କାର୍ଯ୍ୟରେ ଭାଗ ନେଇଥିଲେ। ପଣ୍ଡିତ ପ୍ରଫୁଲ୍ଲ ପଣ୍ଡାଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପୂଜାର ନୀତିକାନ୍ତି ସମ୍ପନ୍ନ ହୋଇଥିଲା। ଅକ୍ଷୟ ଧଳ, ଦମୟନ୍ତୀ ଧଳ ଆହୂତି ପ୍ରଦାନ କରିଥିଲେ।

## ଅବସରପ୍ରାପ୍ତ କର୍ମଚାରୀ ସଂଘ ବୈଠକ

ରାଜନଗର, ୧୭।୧୧(ସମିସ): ଶୈଳେନ୍ଦ୍ର ନାରାୟଣ ସଂସ୍କୃତ ମହାବିଦ୍ୟାଳୟରେ ରାଜନଗର ବ୍ଲକ୍‌ର ସରକାରୀ ଅବସରପ୍ରାପ୍ତ କର୍ମଚାରୀ ସଂଘ ବୈଠକ ଅନୁଷ୍ଠିତ ହୋଇଯାଇଛି। ସଭାପତି କୃପାସିନ୍ଧୁ ସାମଲଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ କାର୍ଯ୍ୟକାରୀ ସଭାପତି ଅନୀଲ ବଳ ସଭା ପରିଚାଳନା କରିଥିଲେ। ସଂସ୍କୃତ ମହାବିଦ୍ୟାଳୟ ଅଧ୍ୟକ୍ଷ ଡକ୍ଟର ଘନଶ୍ୟାମ ମିଶ୍ର ପ୍ରଦୀପ ବୈଠକକୁ ଉଦ୍‌ଘାଟନ କରିଥିଲେ। ସମ୍ପାଦକ ବିଜୟ ଜେନା, ପ୍ରଫେସର ସତ୍ୟବାଦୀ ଜେନା, ନଳିନୀ ରାଉତରାୟ, ସୁବାସ ବିଶ୍ୱାଳ, ନନ୍ଦକିଶୋର ସ୍ୱାଇଁ, ରମେଶ ସାହୁ, ଉପେନ୍ଦ୍ର ସ୍ୱାଇଁ, ସର୍ବେଶ୍ୱର ମହାନ୍ତି, ବୀରକିଶୋର ଜେନା, ମହେଶ୍ୱର ରାଉତ, କ୍ଷୀରୋଦ ମଲ୍ଲିକ, ବ୍ରହ୍ମାନନ୍ଦ ରାଉତ, ଅଭିରାମ ପତି, କୈଳାସ ରାଉତ, ଦାଶରଥି ଲେଙ୍କା ପ୍ରମୁଖ ଯୋଗଦେଇ ଅବସରପ୍ରାପ୍ତ କର୍ମଚାରୀଙ୍କ ବିଭିନ୍ନ ସମସ୍ୟା ଉପରେ ଆଲୋଚନା କରିଥିଲେ। ମହେଶ୍ୱର ରାଉତ ଧନ୍ୟବାଦ ଦେଇଥିଲେ।

## ପ୍ରଦୀପଙ୍କୁ କନିକା ରତ୍ନ ସମ୍ମାନ


ରାଜକନିକା, ୧୭।୧୧(ସମିସ): ରାଜକନିକାର ଯୁବ ସମାଜସେବୀ ତଥା ଭାରିଗଦା ପଞ୍ଚାୟତର ପୂର୍ବତନ ସରପଞ୍ଚ ପ୍ରଦୀପ ମଲିକଙ୍କୁ ନୀଳାଚଳ ନିଖିଳ ଉତ୍କଳ ପାଲା ଗାୟକ ପରିଷଦ ପକ୍ଷରୁ କନିକା ରତ୍ନ ସମ୍ମାନ ପ୍ରଦାନ କରାଯାଇଛି। କେନ୍ଦ୍ରାପଡ଼ା ଶିବାନନ୍ଦ ଆଶ୍ରମ ପରିସରରେ ଅନୁଷ୍ଠିତ ୨୮ ତମ ବାର୍ଷିକ ଗାୟକ, ଗାୟିକା, ବାୟକ ଓ ସଙ୍ଗୀତ ସମ୍ମିଳନୀ ଅବସରରେ ପ୍ରଦୀପଙ୍କୁ ଉତ୍ତରୀୟ, ମାନପତ୍ର ଦେଇ ସମ୍ବର୍ଦ୍ଧନା ଦିଆଯାଇଛି। ଜଣେ ଉଦାର ହୃଦୟର ବ୍ୟକ୍ତି ଭାବେ ପରିଚିତ ଥିବା ପ୍ରଦୀପଙ୍କୁ ଏହି ସମ୍ମାନ ମିଳିବା ପରେ ବିଭିନ୍ନ ମହଲରେ ତାଙ୍କୁ ଶୁଭେଚ୍ଛା ପ୍ରଦାନ କରାଯାଇଛି।

### ରାଜ୍ୟ ରାଜପଥରେ ଡକାୟତି ଯୋଜନା

# ପୁଲିସର ଅଚାନକ ଚଢ଼ଉ; ୭ ଗିରଫ



କେନ୍ଦ୍ରାପଡ଼ା,୧୭ ।୧୧(ସମିସ): କଟକ-ଚାନ୍ଦବାଲି ୯ନଂ ରାଜ୍ୟ ରାଜପଥରେ ଯାତାୟାତ କରୁଥିବା ଗାଡ଼ିଗୁଡ଼ିକରୁ ସଶସ୍ତ୍ର ଡକାୟତି ପାଇଁ ଯୋଜନା ଚାଲିଥିବା ବେଳେ ପୁଲିସ ଅଚାନକ ଚଢ଼ଉ କରି ୭ ଜଣଙ୍କୁ ଗିରଫ କରିଛି। ଘଟଣାସ୍ଥଳରୁ ଦୁଇଜଣ ଫେରାର ହୋଇଯାଇଛନ୍ତି। ଏ ସମ୍ପର୍କରେ କେନ୍ଦ୍ରାପଡ଼ା ଏସପି ସିଦ୍ଧାର୍ଥ କଟାରିଆ ସନ୍ଧ୍ୟାରେ ଜିଲ୍ଲା ପୁଲିସ କାର୍ଯ୍ୟାଳୟ ସଦଭାବନା ଗୃହରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି।



ମୂଳବସନ୍ତସ୍ଥିତ ଏନସି ହାଇସ୍କୁଲ ପଡ଼ିଆରେ ଏକ ଦଳ ସଶସ୍ତ୍ର ଡକାୟତି ପାଇଁ ଯୋଜନା କରୁଥିବା ରବିବାର ରାତି ୧୧ଟା ୪୭ରେ ପଟ୍ଟାମୁଣ୍ଡାଇ ଆଦର୍ଶ ଥାନା ପୁଲିସକୁ ସୂଚନା ମିଳିଥିଲା। ପୁଲିସ ତୁରନ୍ତ ସେଠାରେ ଚଢ଼ଉ କରି ବିଭିନ୍ନ ଥାନା ଅଞ୍ଚଳର ସଞ୍ଜୟ ମଲିକ, କିରଣ ସେଠୀ, ମାନସ ନାୟକ, ରଣଜିତ ମଲ୍ଲ, ତ୍ରିଲୋଚନ ସାହୁ, ସୁବ୍ରତ ମଲିକ ଓ ଜେପି ବିଶ୍ୱପ୍ରକାଶ ସିଂହଙ୍କୁ ଗିରଫ କରିଥିଲା। ମେଙ୍କା ମଲିକ ଓ ବଣ୍ଟି ମଲିକ ଅନ୍ଧାରର ସୁଯୋଗ ନେଇ ଖସି ପଳାଇଥିଲେ। ଗିରଫ ଅଭିଯୁକ୍ତମାନଙ୍କ ନିକଟରୁ ପୁଲିସ ଗୋଟିଏ ଦେଶୀ ବନ୍ଧୁକ, ୨ଟି ଗୁଳି, ୨ଟି ତେଲେଙ୍ଗା କଟୁରି, ୩ଟି ବାଇକ, ୭ଟି ମୋବାଇଲ ଫୋନ, ୧୯୨ ଗ୍ରାମ ସୁନା ଅଳଙ୍କାର, ୨ ପ୍ୟାକେଟ ଲଙ୍କାଗୁଣ୍ଡ, ଗୋଟିଏ ଲୁହା ରଡ୍, ଗୋଟିଏ ଛୁରୀ ଜବତ କରିଛି। ଏ ନେଇ ପଟ୍ଟାମୁଣ୍ଡାଇ ଆଦର୍ଶ ଥାନାରେ ଏକ ମାମଲା ରୁଜୁ କରାଯାଇ ଅଭିଯୁକ୍ତମାନଙ୍କୁ ସୋମବାର କୋର୍ଟ ଚାଲାଣ କରାଯାଇଛି। ଫେରାର ୨ ଅଭିଯୁକ୍ତଙ୍କୁ ଧରିବା ପାଇଁ ଉଦ୍ୟମ ଜାରି ରହିଥିବା ଏସ୍‌ପି କଟାରିଆ କହିଛନ୍ତି।

## ଅଷ୍ଟଶମ୍ଭୁ ସଂସ୍କୃତ ମହାବିଦ୍ୟାଳୟରେ ଅବସରକାଳୀନ ସମ୍ବର୍ଦ୍ଧନା ସଭା

ରାଜନଗର,୧୭।୧୧(ସମିସ): କୁରୁଣ୍ଟି ପଞ୍ଚାୟତସ୍ଥ ଚନ୍ଦ୍ରଶିଖରଠାରେ ଥିବା ଅଷ୍ଟଶମ୍ଭୁ ସଂସ୍କୃତ ମହାବିଦ୍ୟାଳୟରେ ଅଧ୍ୟକ୍ଷ ସର୍ବେଶ୍ୱର ଲେଙ୍କାଙ୍କ ଅଧ୍ୟକ୍ଷତାରେ ଶିଶୁ ଦିବସ ଓ ଅବସରକାଳୀନ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହୋଇଯାଇଛି। ଶୈଳେନ୍ଦ୍ର ନାରାୟଣ ସଂସ୍କୃତ ମହାବିଦ୍ୟାଳୟର ଅବସରପ୍ରାପ୍ତ ଅଧ୍ୟକ୍ଷ ଅକ୍ଷୟ ମିଶ୍ର ସଭାକୁ ଉଦ୍‌ଘାଟନ କରିଥିଲେ। ଅଧ୍ୟାପକ ରାଜକିଶୋର ପାଣି ବେଦମନ୍ତ୍ର ପାଠ କରିଥିଲେ। ଅବସର ଗ୍ରହଣ କରିଥିବା ପ୍ରଧାନ ପଣ୍ଡିତ କୃଷ୍ଣଚନ୍ଦ୍ର ଷଡଙ୍ଗୀ, ସହକାରୀ ପଣ୍ଡିତ ନାରାୟଣ ପ୍ରଧାନ, ଘନଶ୍ୟାମ ପରିଡ଼ା, ପ୍ରାକ୍ତନ ଅଧ୍ୟକ୍ଷ ବସନ୍ତ କୁମାର ହାତି, କାର୍ଯ୍ୟାଳୟ କର୍ମଚାରୀ ରମାକାନ୍ତ ରାଉତ, ଶୈଳେନ୍ଦ୍ର ନାରାୟଣ ସଂସ୍କୃତ ମହାବିଦ୍ୟାଳୟର ପ୍ରାକ୍ତନ ଅଧ୍ୟକ୍ଷ ଅକ୍ଷୟ ମିଶ୍ରଙ୍କୁ ସମ୍ବର୍ଦ୍ଧିତ କରଯାଇଥିଲା। ଶୈଳେନ୍ଦ୍ର ନାରାୟଣ ସଂସ୍କୃତ ମହାବିଦ୍ୟାଳୟ ଅଧ୍ୟକ୍ଷ ଡ. ଘନଶ୍ୟାମ ମିଶ୍ର, ତୁଳସୀ ସଂସ୍କୃତ ବିଦ୍ୟାଳୟର ପ୍ରଧାନ ପଣ୍ଡିତ ସୁବାସ ପାଣି, ଭାରପ୍ରାପ୍ତ ପ୍ରଧାନ ପଣ୍ଡିତ ରତ୍ନାକର ଦାସ, ପ୍ରଧାନ ପଣ୍ଡିତ ବଳରାମ ବାଗ ଛାତ୍ରଛାତ୍ରୀଙ୍କୁ ସଂସ୍କାରୀ, ସମୟାନୁବର୍ତ୍ତୀ ଓ ବିଦ୍ୟାଧ୍ୟାୟି ହେବାକୁ ପରାମର୍ଶ ଦେଇଥିଲେ । ଅଧ୍ୟାପକ ପ୍ରଦୀପ ପାଲ ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ଅଧ୍ୟାପକ ସତୀଶ ମହାପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ। ଅଧ୍ୟାପକ ପ୍ରଫୁଲ୍ଲ ପ୍ରଧାନ, ବୈକୁଣ୍ଠ ବଳ, ବିଶ୍ୱମ୍ଭର ତ୍ରିପାଠୀ, ଅଧ୍ୟାପିକା ଭଗବତୀ ରାଉତ ଓ ନାରାୟଣ ପ୍ରଧାନ କାର୍ଯ୍ୟକ୍ରମ ପରିଚାଳନାରେ ସହାୟତା କରିଥିଲେ।

## ମିଳିତ ଜନଅଭିଯୋଗ ଶୁଣାଣି ଶିବିର

ମାର୍ଶାଘାଇ,୧୭।୧୧(ସମିସ):ମାର୍ଶାଘାଇ ବ୍ଲକ୍ ସମ୍ମିଳନୀ କକ୍ଷରେ ସୋମବାର କେନ୍ଦ୍ରାପଡ଼ା ଜିଲ୍ଲାପାଳ ଓ ଏସ୍‌ପିଙ୍କ ମିଳିତ ଜନଅଭିଯାଗ ଶୁଣାଣି ଶିବିର ଅନୁଷ୍ଠିତ ହୋଇଛି। ଏହି ଶିବିରରେ ୮୦ଟି ଅଭିଯୋଗ ପଞ୍ଜିକୃତ ହୋଇଥିଲା। ଏଥିରେ ୬୨ଟି ବ୍ୟକ୍ତିଗତ ଓ ୧୮ ଟି ସାମୂହିକ ଅଭିଯୋଗ ଥିଲା। ଜିଲ୍ଲାପାଳ ରଘୁରାମ ଆର. ଆୟାର ଓ ଅତିରିକ୍ତ ଏସପି ସୁଧାକର ସାହୁ ଲୋକଙ୍କ ଅଭିଯୋଗ ଶୁଣାଣି କରିଥିଲେ। ବ୍ୟକ୍ତିଗତ ଅଭିଯୋଗ ଧରେ ରାସନ କାର୍ଡ, ଭତ୍ତା, ଆବାସ ଯୋଜନା ଇତ୍ୟାଦି ବିଷୟ ମୁଖ୍ୟ ଥିଲା। ସାମୂହିକ ଅଭିଯୋଗ ମଧ୍ୟରେ ଅଙ୍ଗୁଳାଇ ପାନୀୟ ଜଳ ପ୍ରକଳ୍ପରେ ପମ୍ପ ଡ୍ରାଇଭର ନିଯୁକ୍ତିରେ ଅନିୟମିତତା, ମାର୍ଶାଘାଇ ବସ୍‌ଷ୍ଟାଣ୍ଡରୁ ଭୁବନେଶ୍ୱରକୁ ସିଧାସଳଖ ସରକାରୀ ବସ ଚଳାଚଳ ଆରମ୍ଭ କରିବା, ଚିତ୍ରୋତ୍ପଳା ନଦୀ ପରକୂଳା ପଠାରୁ ବେଆଇନ ବାଲି ଉଠାଣ, କରାଣ୍ଡିଆପାଟଣା ଗ୍ରାମରେ ଷ୍ଟ୍ରିଟ୍‌ଲାଇଟ୍ ଦୁର୍ନୀତି, ଓରତ ମେଡିକାଲ ଓ ସ୍କୁଲ ପରିସରରୁ ଜବରଦଖଲ ଉଚ୍ଛେଦ, ଗିରଙ୍ଗ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ରାସ୍ତା ଓ ପରିସର ଉନ୍ନତିକରଣ ପ୍ରମୁଖ ଅଭିଯୋଗ ରହିଥିଲା। ଶିବିରରେ ଅତିରିକ୍ତ ଜିଲ୍ଲାପାଳ ନବକୃଷ୍ଣ ଜେନା, ଉପଜିଲ୍ଲାପାଳ ଅରୁଣ ନାୟକ, କେନ୍ଦ୍ରାପଡ଼ା ଏସଡିପିଓ ଜ୍ୟୋତିରଞ୍ଜନ ଗୌଡ, ଡେପୁଟି କଲେକ୍ଟର ତୃପ୍ତି ମହାନ୍ତି, ବ୍ଲକ ଅଧ୍ୟକ୍ଷା ମଧୁସ୍ମିତା ସାମଲ, ବିଡିଓ ପଞ୍ଚାନନ ମଲିକ, ତହସିଲଦାର ଶ୍ରୀକାନ୍ତ ପରିଜା ଉପସ୍ଥିତ ଥିଲେ। ଏଡିଏମଓ ପ୍ରମୋଦ ପ୍ରତିହାରୀ, ଜିଲ୍ଲା ସମାଜ ମଙ୍ଗଳ ଅଧିକାରିଣୀ ସୁଷମା ମହାନ୍ତି, ସିଡିଭିଓ ମନୋଜ ପଟ୍ଟନାୟକ, ଜୁନିୟର ମାଇନ୍ସ ଅଫିସର ଦିନେଶ ମହାପାତ୍ର, ଏବିଇଓ ସୁଶାନ୍ତ ବେଉରା ଓ ମାର୍ଶାଘାଇ ଥାନା ଅଧିକାରୀ ତପନ ନାୟକ ପ୍ରମୁଖ ଉପସ୍ଥିତ ଥିଲେ।

## ସମାଜସେବୀ ଲକ୍ଷ୍ମୀଧର ଧଳଙ୍କ ଶ୍ରଦ୍ଧାଞ୍ଜଳି ସଭା

ପଟ୍ଟାମୁଣ୍ଡାଇ,୧୭।୧୧(ସମିସ): ପଟ୍ଟାମୁଣ୍ଡାଇ ଧୋୟାଅଞ୍ଚଳର ବିଶିଷ୍ଟ ସମାଜସେବୀ ତଥା ଜାତୀୟ ରାଜପଥର ଅବସରପ୍ରାପ୍ତ ସହକାରୀ ଯନ୍ତ୍ରୀ ଲକ୍ଷ୍ମୀଧର ଧଳଙ୍କ ଏକାଦଶାହରେ ଶ୍ରଦ୍ଧାଞ୍ଜଳି ସଭା ଅଳପୁଆରେ ଅନୁଷ୍ଠିତ ହୋଇଯାଇଛି। ପୂର୍ବତନ ଜିଲ୍ଲା ପରିଷଦ ସଦସ୍ୟ ନାରଦ ବିଶ୍ୱାଳଙ୍କ ପୌରୋହିତ୍ୟ ଓ ପଟ୍ଟାମୁଣ୍ଡାଇ ଧୋୟାଅଞ୍ଚଳର ସମାଜସେବୀ ବବ୍ରୁବାହାନ ଧଳଙ୍କ ସଂଯୋଜନାରେ ଆୟୋଜିତ ଶ୍ରଦ୍ଧାଞ୍ଜଳି ସଭାରେ କେନ୍ଦ୍ରାପଡ଼ା ଜିଲ୍ଲା ବିଜେପି ନେତ୍ରୀ ଗୀତାଞ୍ଜଳି ସେଠୀ, ବନ୍ୟାଞ୍ଚଳ ଅବସର କର୍ମଚାରୀ ସଂଘ ସମ୍ପାଦକ ରାଜକୁମାର ବିଶ୍ୱାଳ, ମଣ୍ଡଳ ସଭାପତି ଅରୋଶିଷ ରାଉତ, ପୂର୍ବତନ ମଣ୍ଡଳ ସଭାପତି ନଳିନୀକାନ୍ତ ବିଶ୍ୱାଳ, ଦିଲ୍ଲୀପ ବିଶ୍ୱାଳ, ଅଳପୁଆ ସରପଞ୍ଚ ପଦ୍ମିନୀ ବେହେରା, ପୂର୍ବତନ ସରପଞ୍ଚ ପ୍ରତିନିଧି ରବୀନ୍ଦ୍ର ଧଳ, ସମିତି ସଭ୍ୟ ରାମଚନ୍ଦ୍ର ସେଠୀ, ପେଣ୍ଠପାଳ ସମିତି ସଭ୍ୟ ଶଶାଙ୍କଶେଖର ବିଶ୍ୱାଳ, ତରଡ଼ିପାଳ ସମିତିସଭ୍ୟ ନିରଞ୍ଜନ ବାରିକ, ପୂର୍ବତନ ଉପାଧ୍ୟକ୍ଷ ସୁଶାନ୍ତ ଦାସ, ବ୍ରଜକିଶୋର ମହାନ୍ତି, ସଞ୍ଜୀବ ସାମଲ, ବିକାଶ ସାମଲ, ଦେବାଶିଷ ନାୟକ ପ୍ରମୁଖ ଯୋଗଦେଇ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ଜଣେ କ୍ରୀଡ଼ାପ୍ରେମୀ ତଥା ଭଲିବଲ ଓ କବାଡି ଖେଳକୁ ଅଳପୁଆ ଅଂଚଳରେ ସମ୍ପ୍ରସାରଣ କରିଥିଲେ। ବ୍ରଜବିହାରୀ ଧଳ ଧନ୍ୟବାଦ ଦେଇଥିଲେ।

## ବିଦ୍ୟାଳୟ କବାଟ ଭାଙ୍ଗି ଲୁଟ୍


ଡେରାବିଶ,୧୭।୧୧(ସମିସ): କୁଶିଆପାଳ ଆଞ୍ଚଳିକ ସାଧନକେନ୍ଦ୍ର ଅଧୀନସ୍ଥ ବାରିମୂଳ ପଞ୍ଚାୟତ ଅନ୍ତର୍ଗତ ଦୁଇଟି ସ୍କୁଲର କବାଟ ଭାଙ୍ଗି ଦୁର୍ବୃତ୍ତ ବିଭିନ୍ନ ସାମଗ୍ରୀ ଚୋରି କରି ନେଇଥିବା କେନ୍ଦ୍ରାପଡ଼ା ସଦର ଥାନାରେ ଅଭିଯୋଗ ହୋଇଛି। ବାରିମୂଳ ପଞ୍ଚାୟତର ରାଧାମୋହନଜୀଉ ଉଚ୍ଚପ୍ରାଥମିକ ବିଦ୍ୟାଳୟର କବାଟ ତାଡ଼ି ମଧ୍ୟାହ୍ନ ଭୋଜନ ସାମଗ୍ରୀ ଓ ରୋଷେଇ ଉପକରଣ ଚୋରେଇ ନେଇଛନ୍ତି। ସେହିପରି ନାଗେଶ୍ୱରପୁର ନିମ୍ନ ମୌଳିକ ବିଦ୍ୟାଳୟ ଶ୍ରେଣୀଗୃହ ତାଲା ଭାଙ୍ଗି ଦୁର୍ବୃତ୍ତ ଫ୍ୟାନ, ପାଠ୍ୟ ଉପକରଣ ଓ ପାଲ ଇତ୍ୟାଦି ଚୋରି କରିନେଇଛନ୍ତି। ଉଭୟ ବିଦ୍ୟାଳୟର ପ୍ରଧାନଶିକ୍ଷକ ଶ୍ରୀଧର ସେଠୀ, ନିବେଦିତା ସାମଲ, ଆଞ୍ଚଳିକ ସାଧନକେନ୍ଦ୍ର ସଂଯୋଜକ ହରେକୃଷ୍ଣ କର ଓ ବିଦ୍ୟାଳୟର ପରିଚାଳନା କମିଟି ସଦସ୍ୟଙ୍କ ପକ୍ଷରୁ ଥାନାରେ ଅଭିଯୋଗ କରାଯାଇଥିଲା। ପୁଲିସ୍ ପହଞ୍ଚି ତଦନ୍ତ କରିଛି।

## ଦୁମୁକାହାଟରେ ସାଂସଦ ଖେଳ ମହୋତ୍ସବ ଉଦ୍‌ଘାଟିତ



ଡେରାବିଶ, ୧୭।୧୧(ସମିସ): ଦୁମୁକାହାଟସ୍ଥିତ ମିନି ଷ୍ଟାଡ଼ିୟମରେ ଡେରାବିଶ ବ୍ଲକ୍ ୧୨ନଂ ଜୋନ୍‌ସ୍ତରୀୟ ସାଂସଦ ଖେଳ ମହୋତ୍ସବ ଉଦ୍‌ଘାଟିତ ହୋଇଯାଇଛି। ଏଥିରେ ୭ଟି ପଞ୍ଚାୟତରୁ ଶତାଧିକ ଛାତ୍ରଛାତ୍ରୀ ଭାଗ ନେଇଛନ୍ତି। ଉଭୟ ବାଳକ ଓ ବାଳିକା ଜୁନିୟର ଓ ସିନିୟର ବର୍ଗରେ ପ୍ରତିଯୋଗୀଙ୍କ ମଧ୍ୟରେ ଦୌଡ଼କୁଦ, ଫିଙ୍ଗା, ଭଲିବଲ୍, କବାଡ଼ି ଆଦି ପ୍ରତିଯୋଗିତା ଅନୁଷ୍ଠିତ ହେଉଛି। କେନ୍ଦ୍ରାପଡ଼ା ସାଂସଦ ବୈଜୟନ୍ତ ପଣ୍ଡାଙ୍କ ନେତୃତ୍ୱରେ ଅନୁଷ୍ଠିତ କ୍ରୀଡ଼ା ଉତ୍ସବକୁ ପାଟକୁରା ନିର୍ବାଚନମଣ୍ଡଳୀରେ ଖେଳ ମହୋତ୍ସବର ମୁଖ୍ୟ ତଥା ରାଜ୍ୟ ବିଜେପି ମୁଖପାତ୍ର ତେଜେଶ୍ୱର ପରିଡ଼ାଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ହେଉଛି। ଶ୍ରୀ ପରିଡ଼ାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉଦ୍‌ଘାଟନ ଉତ୍ସବରେ ମୁଖ୍ୟଅତିଥି ଭାବେ ପୂର୍ବତନ କ୍ରୀଡ଼ାବିତ୍ ରମେଶ ଚନ୍ଦ୍ର ରାଉତ ଯୋଗଦେଇ କ୍ରୀଡ଼ା ପତାକା ଉତ୍ତୋଳନ କରିଥିଲେ। ସମ୍ମାନିତ ଅତିଥି ଭାବେ ବରିଷ୍ଠ ବିଜେପି ନେତା ଦୁର୍ଯ୍ୟୋଧନ ସାହୁ, ପୂର୍ବତନ ଜିଲ୍ଲା ପରିଷଦ ସଦସ୍ୟା ଜ୍ୟୋତ୍ସ୍ନାରାଣୀ ଜେନା, ପୂର୍ବତନ ବ୍ଲକ୍ ଅଧ୍ୟକ୍ଷ ସରୋଜ ସାହୁ, ଗୋଲରାହାଟ ସରପଞ୍ଚ କାଶୀନାଥ କାଣ୍ଡି, ଜିଲ୍ଲା ଶିକ୍ଷାଧିକାରୀ ପବିତ୍ର ମୋହନ ବାରିକ, ବ୍ଲକ ଶିକ୍ଷାଧିକାରୀ ନାରାୟଣ ମନ୍ତ୍ରୀ, ଅତିରିକ୍ତ ବ୍ଲକ୍ ଶିକ୍ଷାଧିକାରୀ ଖଗେଶ୍ୱର ନାୟକ, ଦେବଦତ୍ତ ଶତପଥୀ ପ୍ରମୁଖ ଯୋଗ ଦେଇଥିଲେ। ଗୋଲରାହାଟର ପୂର୍ବତନ ସରପଂଚ ବିପିନ ବିହାରୀ ସାହୁ ସ୍ୱାଗତ ଭାଷଣ ପ୍ରଦାନ କରିଥିବାବେଳେ ବିଶ୍ୱମୋହନ ଦାସ ଅତିଥି ପରିଚୟ ପ୍ରଦାନ କରିଥିଲେ। ସୌମ୍ୟରଞ୍ଜନ ଚାନ୍ଦ ଧନ୍ୟବାଦ ଅର୍ପଣ କରିଥିଲେ।

## ବାଲିଆରେ କାର୍ତ୍ତିକେଶ୍ୱରଙ୍କ ପୂଜା



ଡେରାବିଶ,୧୭।୧୧(ସମିସ): କେନ୍ଦ୍ରାପଡ଼ା ବ୍ଲକ୍ ଭାଗବତପୁର ପଞ୍ଚାୟତ ଅନ୍ତର୍ଗତ ବାଲିଆ ବଜାରରେ କାର୍ତ୍ତିକେଶ୍ୱରଙ୍କ ପୂଜା ଆରମ୍ଭ ହୋଇଛି। ଚଳିତ ବର୍ଷ ୮ଟି ପୂଜା ମଣ୍ଡପରେ ପ୍ରଭୁ କାର୍ତ୍ତିକେଶ୍ୱର ପୂଜା ପାଉଛନ୍ତି। ଆସନ୍ତା ୨୨ ତାରିଖରେ ଭସାଣି ଉତ୍ସବ ଅନୁଷ୍ଠିତ ହେବ। ପ୍ରତ୍ୟେକ ଦିନ ପୂଜା ମଣ୍ଡପରେ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହେଉଛି।

## ଦିଲ୍ଲୀ ବିସ୍ଫୋରଣ ପରେ କେନ୍ଦ୍ରାପଡ଼ାରେ ସୁରକ୍ଷା କଡ଼ାକଡ଼ି

କେନ୍ଦ୍ରାପଡ଼ା,୧୭।୧୧(ସମିସ): ଦିଲ୍ଲୀରେ ଘଟିଥିବା ବିସ୍ଫୋରଣ ପରେ ସମଗ୍ର ରାଜ୍ୟରେ ସୁରକ୍ଷା ବ୍ୟବସ୍ଥା କଡ଼ାକଡ଼ି କରାଯାଇଥିବାବେଳେ କେନ୍ଦ୍ରାପଡ଼ା ଜିଲ୍ଲାରେ ମଧ ଯାଞ୍ଚକୁ କଡ଼ାକଡ଼ି କରାଯାଇଛି। ଅନୁପ୍ରବେଶକାରୀ, ବିଶେଷତଃ ବାଂଲାଦେଶୀଙ୍କ ଅବୈଧ ପ୍ରବେଶକୁ ନେଇ ଚିନ୍ତା ବଢିଥିବାରୁ ଜିଲ୍ଲାରେ ସ୍ପେସିଆଲ ଡ୍ରାଇଭ ଆରମ୍ଭ ହୋଇଛି। ସହର ମଧ୍ୟରେ ଯାତାୟାତ କରୁଥିବା ପ୍ରତ୍ୟେକ ଗାଡ଼ି ଉପରେ ନଜର ରଖାଯାଉଛି। ଜିଲ୍ଲାର ତିନୋଟି ସାମୁଦ୍ରିକ ଥାନା ମହାକାଳପଡ଼ା, ତନ୍ତିଆପାଳ ସାମୁଦ୍ରିକ ଓ ରାଜନଗର ଥାନାକୁ ବିଶେଷ ଗୁରୁତ୍ୱ ଦେଇ ପୁଲିସ ଯାଞ୍ଚ ଜାରି ରଖିଛି। ସନ୍ଦିଗ୍ଧ ଲୋକଙ୍କ ଯିବାଆସିବା ଉପରେ ନଜର ରଖାଯାଇଛି। ରାଜ୍ୟ ରାଜପଥର ଗରାପୁର ରାସ୍ତାରେ ପୁଲିସ ପ୍ରତ୍ୟେକ ଯାନବାହନକୁ ଅଟକାଇ ଡକ୍ୟୁମେଣ୍ଟ ଯାଞ୍ଚ କରୁଛି। ଡ୍ରାଇଭରଙ୍କ ପରିଚୟ, ଲାଇସେନ୍ସ, ବାହନ ରେଜିଷ୍ଟ୍ରେସନ୍ ଓ ଯାତ୍ରୀଙ୍କ ପରିଚୟପତ୍ର ଯାଞ୍ଚ କରାଯାଉଛି।

### ଡେରାବିଶ ବ୍ଲକ୍‌ରେ ପାଠାଗାର ଯୋଜନା ଦିଗହରା

# ଗୃହ କାମ ଅଧାପନ୍ତରିଆ, ଅସାମାଜିକଙ୍କ ଆଡ୍ଡା ପାଲଟିଛି

ଡେରାବିଶ,୧୭।୧୧(ସମିସ)

ଡେରାବିଶ ବ୍ଲକ୍‌ରେ ପାଠାଗାର ଯୋଜନା ଦିଗହରା ହୋଇଛି। କେତେକ ପଞ୍ଚାୟତରେ ପାଠଗାର ଗୃହ ନିର୍ମାଣ ହୋଇଥିବାବେଳେ ସେଠାରେ ପୁସ୍ତକ ନାହିଁ। ଅନ୍ୟ କେତେକ ପଞ୍ଚାୟତରେ ଅଧାପନ୍ତରିଆ ଭାବେ ପଡ଼ିରହିଛି। ପାଠାଗାର ପାଇଁ ଲକ୍ଷ ଲକ୍ଷ ଟଙ୍କା ବ୍ୟୟ କରାଯାଇଥିଲେ ବି ଯୋଜନା ଦିଗହରା ହୋଇଥିବା ଅଭିଯୋଗ ହେଉଛି।




ସୂଚନା ମୁତାବକ, ତତ୍କାଳୀନ କେନ୍ଦ୍ରାପଡ଼ା ଜିଲ୍ଲାପାଳ ସମର୍ଥ ବର୍ମାଙ୍କ ସମୟରେ ସମସ୍ତ ପଞ୍ଚାୟତରେ ପାଠାଗାର ଖୋଲାଯିବାକୁ ଗୃହ ନିର୍ମାଣ ଆରମ୍ଭ ହୋଇଥିଲା। ସେ ସମୟରେ ହାତଗଣତି କେତୋଟି ପାଠାଗାର ଗୃହ ନିର୍ମାଣ ହୋଇଥିଲେ ବି ଅର୍ଦ୍ଧାଧିକ ପଞ୍ଚାୟତରେ ଅର୍ଦ୍ଧନିର୍ମିତ ଅବସ୍ଥା ରହିଛି। କେଉଁଠି ଅସାମାଜିକଙ୍କ ଆଡ୍ଡାସ୍ଥଳୀ ପାଲଟିଛି ତ କେଉଁଠି ବୁଲା ଗାଈଗୋରୁ ରହୁଛନ୍ତି। ଯୋଜନା ଆରମ୍ଭ ସମୟରେ ଏଭଳି ଅବସ୍ଥା ଉପୁଜିବ ବୋଲି ବହୁ ବୁଦ୍ଧଜୀବୀ ଆଶଙ୍କା କରିଥିଲେ। କାରଣ ପାଠାଗାରରେ ବିଭିନ୍ନ ପୁସ୍ତକ ରହିବା ସହ ଏହାକୁ ପରିଚାଳନା କରିବା ପାଇଁ କେତେଜଣ ଗ୍ରନ୍ଥାଗାରିକଙ୍କ ଆବଶ୍ୟକତା ରହିବା, ପାଠକ ସଂଖ୍ୟା ବଢ଼ାଇବାକୁ କୁନି ପିଲା, କିଶୋରଙ୍କ ପାଇଁ ପୁସ୍ତକ, ପଢୁଥିବା ଛାତ୍ରଛାତ୍ରୀ ପୁସ୍ତକ ଓ ବୟସ୍କଙ୍କ ପାଇଁ ପୁରାଣ ପୋଥି ରହିବା ଦରକାର। ପ୍ରତି ଦୁଇ କିମ୍ବା ତିନୋଟି ପଞ୍ଚାୟତରେ ଗୋଟିଏ ଲେଖାଏଁ ପାଠାଗାର ଖୋଲି ସେଠାରେ ବହୁ ସଂଖ୍ୟାରେ ପାଠ୍ୟପୁସ୍ତକ ସହ ଗଳ୍ପ, ଉପନ୍ୟାସ, କବିତା, ପ୍ରବନ୍ଧ, ପୁରାଣ ଓ ଉଚ୍ଚଶିକ୍ଷା, ଗବେଷଣା ପାଇଁ ପୁସ୍ତକ ରହିବା ଉଚିତ୍। ତେବେ ପାଠକଙ୍କ ଆବଶ୍ୟକ ପୁସ୍ତକ ଓ ପରିଚାଳନା ପାଇଁ ବ୍ୟବସ୍ଥା କରା ନ ଯାଇ କେବଳ ପାଠାଗାର ଗୃହ ନିର୍ମାଣ ପାଇଁ ବ୍ୟୟବରାଦ କରାଯାଇଥିଲା। ଫଳରେ ଅଳ୍ପ କେତୋଟି ଗୃହ ସମ୍ପୂର୍ଣ୍ଣ ହୋଇ ତାଲା ପଡ଼ିରହିଥିବାବେଳେ ଅନ୍ୟ ଗୁଡ଼ିକ ଅଧାଗଢ଼ା ହୋଇ ପଡ଼ିରହିଛି। ଏବେ ସେହି ଗୃହଗୁଡ଼ିକ ନିର୍ମାଣ ସମ୍ପୂର୍ଣ୍ଣ କରାଇ ପାଠାଗାର ହେଉ କିମ୍ବା ଅନ୍ୟକୌଣସି ସରକାରୀ କାର୍ଯ୍ୟରେ ବ୍ୟବହାର କରା ନ ଗଲେ ଅତୀତରେ ଏଥିପାଇଁ ଖର୍ଚ୍ଚ ହୋଇଥିବା ଅର୍ଥ ପାଣିରେ ପଡ଼ିଲା ଭଳି ହେବ ବୋଲି ବୁଦ୍ଧିଜୀବୀ ପ୍ରକାଶ କରିଛନ୍ତି।

## ଆଳି ବିକାଶ ମଞ୍ଚ ପକ୍ଷରୁ ସ୍ୱାସ୍ଥ୍ୟସେବା ଶିବିର

ଆଳି,୧୭।୧୧(ସମିସ): ଆଳି ବିକାଶ ମଞ୍ଚ ଭୁବନେଶ୍ୱର ପକ୍ଷରୁ ଚଣ୍ଡିଆଗଡ଼ି ହାଇସ୍କୁଲରେ ନିଶୁଳ୍କ ସ୍ୱାସ୍ଥ୍ୟସେବା ଶିବିର ଅନୁଷ୍ଠିତ ହୋଇଯାଇଛି। ଶିବିରରେ କଟକସ୍ଥ ସୃଷ୍ଟି ହସ୍‌ପିଟାଲ ଓ ଭୁବନେଶ୍ୱରର ଅଭିଜ୍ଞ ଡାକ୍ତର ଡା. ଧରଣୀଧର ପାଣ୍ଡବ, ଡା. ରମେଶ ଦାସ, ଡା. ନାରାୟଣ ମହାକୁଡ, ଡା. ବିଶ୍ୱଜିତ ବାହାଲ, ଡା. ନିରାକାର ପୁହାଣ, ଡା ଅଜିତ କର, ଡା ସୁଦୀପ ସାମନ୍ତ, ଡା ପ୍ରିୟଙ୍କା ରାଉତ, ଡା ଗୌରବ ଶର୍ମା, ଡା ଜଗବନ୍ଧୁ ସାହୁ ଓ ଡା ଅଙ୍କିତ ପଟ୍ଟନାୟକ ଯୋଗଦେଇ ମେଡିସିନ, ଆଣ୍ଠୁଗଣ୍ଠି, ଚର୍ମ, ସ୍ତ୍ରୀରୋଗ, ଦନ୍ତ, ସର୍ଜରୀ, ଆଖି, ଶିଶୁ ରୋଗ ରୋଗୀଙ୍କୁ ପରୀକ୍ଷା କରିଥିବାବେଳେ ୫୧୦ ଜଣଙ୍କୁ ମାଗଣା ଔଷଧ ବଣ୍ଟନ କରାଯାଇଥିଲା। କାର୍ଯ୍ୟକ୍ରମରେ ୨୦୨୫ ମାଟ୍ରିକ ପରୀକ୍ଷାରେ ସର୍ବୋଚ୍ଚ ନମ୍ବର ରଖିଥିବା ଆଳି ବ୍ଲକ୍‌ର ଶୁଭଶ୍ରୀ ସାହୁଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଶିବିରରେ ଆଳି ବିକାଶ ମଞ୍ଚ ସଭାପତି ପ୍ରଫୁଲ୍ଲ ଦାଶ, ସାଧାରଣ ସମ୍ପାଦକ ତ୍ରିଲୋଚନ ଧଳ, ଉପସଭାପତି ଦିଲ୍ଲୀପ ପରିଡ଼ା ଓ ବଟକୃଷ୍ଣ ସାମଲ, ସଂଗଠନ ସମ୍ପାଦକ ପ୍ରଶାନ୍ତ ପଲାଇ, କୋଷାଧ୍ୟକ୍ଷ ରାମଚନ୍ଦ୍ର ପାଣ୍ଡବ, ବରିଷ୍ଠ ସଦସ୍ୟ ଲକ୍ଷ୍ମଣ ପାଣ୍ଡବ ଓ ହେମନ୍ତ ପଲାଇ ଯୋଗ ଦେଇଥିଲେ। ଚଣ୍ଡିଆଗଡି ସରପଞ୍ଚ ସନାତନ ସାହୁ, ବିଦ୍ୟାଳୟର ପ୍ରଧାନଶିକ୍ଷକ ଶୁଭ୍ରକାନ୍ତ ମିଶ୍ରଙ୍କ ସହ ସମସ୍ତ ଶିକ୍ଷକ, ଶିକ୍ଷୟତ୍ରୀ, ଛାତ୍ରଛାତ୍ରୀ, ସ୍ଥାନୀୟଯୁବକ, ଆଳି ବିକାଶ ମଞ୍ଚ ସଦସ୍ୟ ପରିଚାଳନାରେ ସହାୟତା କରିଥିଲେ।



# ସମ୍ପାଦକୀୟ



ପ୍ରକୃତି-ମଣିଷ ମଧ୍ୟରେ ନୈସର୍ଗିକ ସମ୍ପର୍କର ପୁନଃପ୍ରତିଷ୍ଠା ଦ୍ୱାରା ବିଶ୍ୱର ପ୍ରମୁଖ ସମସ୍ୟାର ସମାଧାନ ସମ୍ଭବ।
-ସୁନ୍ଦରଲାଲ୍ ବହୁଗୁଣା

ସକାଳ
THE SAKALA

## ସମବାୟକୁ ସୁଯୋଗ

ଇଣ୍ଟରନେଟ୍‌ରେ କାରବାର ବା ବ୍ୟବସାୟ ଉପରେ ନିର୍ଭରଶୀଳତା ଦିନକୁ ଦିନ ବୃଦ୍ଧି ପାଉଛି। ପାରମ୍ପରିକ ବଜାର ଉପରେ ତାହାର ପ୍ରତିକୂଳ ପ୍ରଭାବ ପଡୁଛି। ଆମାଜନ ଓ ଫ୍ଲିପକାର୍ଟ ଭଳି କମ୍ପାନୀର ପ୍ରାଧାନ୍ୟ କବଳରୁ ଆମଦେଶର ଆଭ୍ୟନ୍ତରୀଣ ବଜାରକୁ ସୁରକ୍ଷା ଦେବା ସକାଶେ ବାଣିଜ୍ୟ ମନ୍ତ୍ରାଳୟ ପକ୍ଷରୁ ଓଏନଡିସି ନାମରେ ଡିଜିଟାଲ ମାର୍କେଟିଂ ପାଇଁ ପ୍ରୟାସ କରାଯାଇଥିଲା। କିନ୍ତୁ ଗତ ୩ ବର୍ଷ ମଧ୍ୟରେ ତାହା ଆଶାନୁରୂପ ଅଗ୍ରଗତି ଲାଭ କରିପାରିନାହିଁ। ତେଣୁ ସମବାୟ ଭିତ୍ତିରେ ପ୍ରସ୍ତୁତ ସାମଗ୍ରୀର ବିପଣନ ଓ ବଜାର ସୃଷ୍ଟି କରିବାରେ ଓଏନଡିସି ସହାୟତାର ହାତ ବଢ଼ାଇବ। ସମବାୟ ମନ୍ତ୍ରାଳୟ ସହ ଏନେଇ ଆରମ୍ଭ ହୋଇଥିବା କଥାବାର୍ତ୍ତା ବେଶ ଅଗ୍ରଗତି ଲାଭ କରିଥିବାରୁ ଗ୍ରାମୀଣ ସ୍ତରରେ ବିଭିନ୍ନ ସାମଗ୍ରୀ ଉତ୍ପାଦନ କରୁଥିବା କାରିଗର ଓ ହସ୍ତଶିଳ୍ପୀ ଏକ ବୃହତ୍ତର ବଜାର ମାଧ୍ୟମରେ ସ୍ୱାଭାବିକ ଭାବେ ଲାଭବାନ ହେବେ ବୋଲି ଆମେ ଆଶା କରିବା। ବିଭିନ୍ନ ସମବାୟ ଗୋଷ୍ଠୀର ବିକ୍ରି ଖରିଦ ବ୍ୟବସ୍ଥା ଓଏନଡିସିର ତାଲିକାଭୁକ୍ତ ହେବାକୁ ପଡ଼ିବ। ଆର୍ଥିକ ଦୃଷ୍ଟିରୁ ଦୁରବସ୍ଥାରେ ଥିବା ଦୁଇ ସଂଗଠନ ଏବେ ହାତ ମିଳାଇ ସମୃଦ୍ଧି ଓ ସମ୍ଭାବନାର ସ୍ୱପ୍ନ ଦେଖିବା ଆରମ୍ଭ କରିଛନ୍ତି। କିନ୍ତୁ ଏହି ମିଳିତ ପ୍ରୟାସ ଆମାଜନ ଓ ଫ୍ଲିପକାର୍ଟ ସଂସ୍ଥାର କେତେଦୂର ସମକକ୍ଷ ହୋଇପାରିବେ ତାହା ବଡ଼ ପ୍ରଶ୍ନ।

ସରକାରଙ୍କ ପ୍ରୋତ୍ସାହନ ସତ୍ତ୍ୱେ ଓଏନଡିସି ଉପଭୋକ୍ତା ବା ଖରିଦାରଙ୍କ ବିଶ୍ୱାସଭାଜନ ହୋଇପାରି ନଥିଲା। ଏବେ ସମବାୟ ସମିତି ମାଧ୍ୟମରେ ଉତ୍ପାଦିତ ସାମଗ୍ରୀ ପାଇଁ ବଜାରର ଆସ୍ଥାଭାଜନ ହେବା ଓଏନଡିସି ପାଇଁ ଏକ ସୁଯୋଗ। କାରଣ ଆମାଜନ ଓ ଫ୍ଲିପକାର୍ଟ ଭଳି ସଂସ୍ଥା ଏପର୍ଯ୍ୟନ୍ତ ଗ୍ରାମାଞ୍ଚଳରେ ଏହି ଉତ୍ପାଦନ କ୍ଷେତ୍ର ପ୍ରତି ଯଥୋଚିତ ଗୁରୁତ୍ୱ ଦେଇପାରିନାହାନ୍ତି। ଉପଭୋକ୍ତା ବଜାରରେ ସେସବୁର ଚାହିଦା ଏବେ ମଧ୍ୟ ରହିଛି। ଅନ୍ୟ ଏକ ଦିଗ ହେଉଛି ରିଜର୍ଭବ୍ୟାଙ୍କ ସମବାୟ ବ୍ୟାଙ୍କର ଅଂଶଧନ ପୁଞ୍ଜିବଜାରରେ ବିନିଯୋଗ ବା ବ୍ୟବସାୟ ପାଇଁ ସୁଯୋଗ ସୃଷ୍ଟି କରିବାର ସୂଚନା ଦେଇଛନ୍ତି। ଏଥିଲାଗି ପ୍ରସ୍ତୁତ ଚିଠା ନୀତି ଓ ନିୟମ ପ୍ରସ୍ତୁତ କରିଛନ୍ତି। ଏହା ଚଳିତ ଆର୍ଥିକ ବର୍ଷର ଶେଷଭାଗରେ ଚୂଡ଼ାନ୍ତ ରୂପ ନେବ। ଏଥିମଧ୍ୟରେ ବିଭିନ୍ନ ସମବାୟ ବ୍ୟାଙ୍କ ଓ ଅର୍ବାନ କୋ ଅପରେଟିଭ ବ୍ୟାଙ୍କର ଶୀର୍ଷ ସଂଗଠନ ଏନୟୁସିଏଫଡିସ ପକ୍ଷରୁ ରିଜର୍ଭବ୍ୟାଙ୍କର ଏହି ପ୍ରସ୍ତାବ ସଂପର୍କରେ ଅନୁକୂଳ ମତାମତ ମିଳିଛି। ଏହା ବ୍ୟାଙ୍କର ପୁଞ୍ଜି ଅଭିବୃଦ୍ଧି ଏବଂ ଅନାଦେୟ ପୁଞ୍ଜି ସମସ୍ୟା ସମାଧାନରେ ସହାୟକ ହେବ। ଏମିତିରେ ଦେଖିବାକୁ ଗଲେ ସମବାୟ ବ୍ୟାଙ୍କଗୁଡ଼ିକୁ ସଦସ୍ୟଙ୍କ ଅନୁଦାନ ଓ ଜମାରାଶି ଉପରେ ନିର୍ଭର କରିବାକୁ ପଡୁଛି। ସ୍ଥଳ ବିଶେଷରେ ଏବିଏଫସି କିମ୍ବା ଅନ୍ୟବ୍ୟାଙ୍କରୁ ଋଣ କରିବାର ବାଧ୍ୟବାଧକତା ରହିଛି। ତେବେ କମ୍ପାନୀ ଆଇନ କିମ୍ବା ସେବିର ପରିସରଭୁକ୍ତ ହୋଇନଥିବାରୁ ଏକ୍ଷେତ୍ରରେ ଥିବା ପ୍ରତିବନ୍ଧକ କିପରି ଦୂର ହୋଇପାରିବ ସେନେଇ ଚିଠା ପ୍ରସ୍ତାବରେ ବ୍ୟବସ୍ଥା ରହିଛି। ଏଥିମଧ୍ୟରେ ଏନୟୁସିଏଫ୍‌ଡିସି ନିଜସ୍ୱ ନିୟାମକ ସଂଗଠନ ଯୋଗ୍ୟତା ହାସଲ କରିବାକୁ ଯାଉଥିବାରୁ ତଥାକଥିତ ପ୍ରତିବନ୍ଧକ ଦୂର ହେବ ବୋଲି ଆଶାକରୁ। ସମବାୟ ସଂସ୍ଥାର ଦୁର୍ନୀତି ଓ ଦୁର୍ନାମ ସର୍ବଜନବିଦିତ। ତେବେ ସଂସ୍ଥାକୁ ଆଗାମୀ ଦିନରେ ସକ୍ଷମ ଓ ସମୃଦ୍ଧ କରିବା ପାଇଁ ହେଉଥିବା ପ୍ରଚେଷ୍ଟା ସ୍ୱାଗତଯୋଗ୍ୟ। ●

## ବାଲିଯାତ୍ରା ବ୍ୟବଚ୍ଛେଦ

ଐତିହ୍ୟ ପରମ୍ପରା ଓ ପ୍ରସିଦ୍ଧି ଦୃଷ୍ଟିରୁ କଟକ ବାଲିଯାତ୍ରା ଅନନ୍ୟ। ଏହି ଉତ୍ସବର ଆୟୋଜନ, ପ୍ରାୟୋଜନ ଓ ପରିଚାଳନା ମୁଖ୍ୟତଃ ସିଏମସି ତୁଲାଇ ଆସିଛି। ପ୍ରଥମଥର ସକାଶେ ସିଏମସିକୁ ବାଦ ଦେଇ ଜିଲ୍ଲା ପ୍ରଶାସନ ହିଁ ସର୍ବେସର୍ବା ହୋଇଛି। ଏଠାରେ ଆମେ ମୁଖ୍ୟତଃ ଦୁଇଟି ପ୍ରସଙ୍ଗ ଉତ୍‌ଥାପନ କରିବାକୁ ଚାହୁଁ। ଆରମ୍ଭରୁ ବାଲିଯାତ୍ରା ଉପରପଡ଼ିଆରେ ସୀମିତ ଥିଲା। ଗଡ଼ଗଡ଼େଶ୍ୱର ମନ୍ଦିର ଚତୁଃପାର୍ଶ୍ୱରେ ହିଁ ଯାତ୍ରା ସକାଶେ ଉତ୍ସବ ମୁଖର ହୋଇପଡ଼େ। ସମୟକ୍ରମେ ମହାନଦୀ ସଂକୁଚିତ ହେବା ସହ କୂଳ ଦୂରକୁ ଘୁଞ୍ଚିଯିବାରୁ ସୃଷ୍ଟି ହୋଇଥିବା ନୂଆ ବାଲୁକା ପଠାକୁ ସଂପ୍ରସାରିତ ହୋଇଥିଲା ବାଲିଯାତ୍ରା। କିନ୍ତୁ ଏହା ଅର୍ଥ ନୁହେଁ ଉପର ପଡ଼ିଆ ଗୁରୁତ୍ୱ ହରାଇଛି। ଜିଲ୍ଲା ପ୍ରଶାସନ ଓ ସିଏମସି ମଧ୍ୟରେ ବିବାଦର ସୂତ୍ରପାତ ହୋଇଥିଲା ଉପର ପଡ଼ିଆକୁ ନେଇ। ସମସ୍ତଙ୍କ ଦାବିକୁ ଏଡ଼ାଇ ଯାଇ ଜିଲ୍ଲାପ୍ରଶାସନ ଉପର ପଡ଼ିଆକୁ ବାଲିଯାତ୍ରାକୁ ଏକପ୍ରକାର ବାଦ ଦେଲେ। ଏହି ପ୍ରତିବାଦ ଓ ପ୍ରତିରୋଧ ଜିଲ୍ଲା ପ୍ରଶାସନ ପାଇଁ ଅସହଣୀୟ ହୋଇଗଲା ଏବଂ ଉଦ୍ଦେଶ୍ୟମୂଳକ ଭାବେ କେବଳ ସିଏମସିକୁ ନୁହେଁ ସହରର ପ୍ରଥମ ନାଗରିକ ମେୟରଙ୍କୁ ଅଣଦେଖା ଓ ଅସମ୍ମାନ କରାଗଲା। ଏପରିକି ଉଦ୍‌ଯାପନ ଉତ୍ସବ ନିମନ୍ତ୍ରଣପତ୍ରରେ ମଧ୍ୟ ତାଙ୍କ ନାମ ସ୍ଥାନ ପାଇଲା ନାହିଁ। ଲୋକପ୍ରତିନିଧି ଯେଉଁ ଦଳର ହୁଅନ୍ତୁ ନା କାହିଁକି ତାଙ୍କୁ ପ୍ରଶାସନ ଅମର୍ଯ୍ୟାଦା ବା ଅସମ୍ମାନ କରିପାରିବ ନାହିଁ।

ବାଲିଯାତ୍ରାର ବ୍ୟବଚ୍ଛେଦ କଲାବେଳେ ମେୟର ଓ ପୁଲିସି ଡିଜିଙ୍କ ପ୍ରତିକ୍ରିୟା ସ୍ୱତନ୍ତ୍ର ଉଲ୍ଲେଖ ଦାବି କରେ। ୨୦୨୪ ମସିହାରୁ ଉପର ପଡ଼ିଆରେ ବାଲିଯାତ୍ରା ଆୟୋଜନକୁ ବିରୋଧ କରି ଆସିଥିବା ଜିଲ୍ଲାପାଳ ଏଥର ସମସ୍ତ ଦାୟିତ୍ୱ ହାତକୁ ନେଇ ତାଙ୍କ ଉଦ୍ଦେଶ୍ୟକୁ ସାକାର କରିଛନ୍ତି। ସହରର ଛୋଟମୋଟ ବେପାରୀଙ୍କ ପେଟକୁ ନାତ ମାରିଛନ୍ତି। କଟକରେ ଆୟୋଜିତ ଏକ ଉତ୍ସବରେ ଯୋଗଦେଇ ପୁଲିସ ଡିଜି ୱାଇ. ଭି.ଖୁରାନିଆ କହିଛନ୍ତି ଯେ ପର୍ବପର୍ବାଣି ଓ ଯାତ୍ରା ସମୟରେ ମେଗାଷ୍ଟାରମାନଙ୍କୁ ଡାକିବା କଥା କି ନୁହେଁ ସେ ସଂପର୍କରେ ଆୟୋଜକମାନେ ବହୁ ଭାବିଛନ୍ତି ବିଚାର କରିବାର ଅଛି। ବାଲିଯାତ୍ରା ଉତ୍ସବର ପରିବର୍ଦ୍ଧିତ ଦିବସରେ ଦେଶର ସବୁଠାରୁ ଲୋକପ୍ରିୟ ଗାୟିକା ଶ୍ରେୟା ଘୋଷାଲଙ୍କୁ ମନୋରଞ୍ଜନ କାର୍ଯ୍ୟକ୍ରମ ପରିବେଷଣ ପାଇଁ ଆମନ୍ତ୍ରଣ କରାଯାଇଥିଲା। ତେଣୁ ଅନିୟନ୍ତ୍ରିତ ଓ ଅସମ୍ଭାଳ ଭିଡ଼କୁ ସମ୍ଭାଳିବା ସକାଶେ ପୁଲିସ ନାକେଦମ ହୋଇଯାଇଥିଲା। ଶୃଙ୍ଖଳାରକ୍ଷା ସକାଶେ ପୁଲିସକୁ ମଧ୍ୟ କିଛି କଠୋର ପଦକ୍ଷେପ ଗ୍ରହଣ କରିବାକୁ ପଡ଼ିଥିଲା। ଏହା ସତ୍ତ୍ୱେ ବହୁ ଯାତ୍ରୀ ଆହତ ଓ ଚେତାଶୂନ୍ୟ ହୋଇପଡ଼ିଥିଲେ। ଜିଲ୍ଲା ପ୍ରଶାସନର ମନମାନି ଯୋଗୁଁ ନିୟନ୍ତ୍ରଣ ପାଇଥିବା ବହୁ ସମ୍ମାନିତ ବ୍ୟକ୍ତି ଆସନ ପାଇବାରୁ ବଞ୍ଚିତ ହୋଇଥିଲେ। ପୂର୍ବ ନିର୍ଦ୍ଧାରିତ ଓ ଘୋଷିତ ନାଟକ ପ୍ରଦର୍ଶନକୁ ମଧ୍ୟ ସୁଯୋଗ ମିଳିନଥିଲା। ସଫେଇ ପାଇଁ ୩୫ ଲକ୍ଷ ଟଙ୍କାରେ ଟେଣ୍ଡର ପାଇଥିବା ସଂସ୍ଥାର ଖାମଖିଆଲି ଯୋଗୁଁ ପଡ଼ିଆର ସବୁସ୍ଥାନରେ ପଡ଼ିରହିଛି କୁଢ଼ କୁଢ଼ ଆବର୍ଜନା। ଏସବୁ ଅବ୍ୟବସ୍ଥା ପାଇଁ ଆମେ କାହାକୁ ଦାୟୀ କରିବା! ଆମକୁ ପୁଣି ଥରେ କହିବାକୁ ପଡୁଛି ସରକାର ବା କ୍ଷମତା ବଦଳିପାରେ। କିନ୍ତୁ ବ୍ୟବସ୍ଥା ଅତୁଟ ରହିବା ଉଚିତ। ●

# କୃଷିକ୍ଷେତ୍ରରେ ଜୀବନାଶକ: ଏକ ଅନାହୂତ ଆବଶ୍ୟକତା

**ବିଦ୍ୟାଧର ମହାରଣା**

କୃଷି ପରିସଂସ୍ଥାରେ ଫସଲ ସହିତ ଅନିଷ୍ଟକ ଜୀବ ଓ ଉପକାରୀ ଜୀବ ସନ୍ତୁଳିତ ଅବସ୍ଥାରେ ରହନ୍ତି। ଆମେ ଯେତେବେଳେ ଅଧିକ ଅମଳ ଆଶାରେ ଅଧିକ ରାସାୟନିକ ସାର ବ୍ୟବହାର କରୁ ସେତେବେଳେ କୃଷି ପରିସଂସ୍ଥାରେ ଅସନ୍ତୁଳନ ଦେଖାଯାଇ ଫସଲରେ ଅଧିକ ଅନିଷ୍ଟକାରୀ ଜୀବ (ଘାସ, କୀଟ, କବକ, ବ୍ୟାକ୍ଟେରିଆ, ଭୂତାଣୁ) ଦେଖାଯାଆନ୍ତି। ସେମାନଙ୍କୁ ଦମନ କରିବାକୁ ଚାଷୀ ଅଧିକ ରାସାୟନିକ ବିଷ ପ୍ରୟୋଗ କରିବା ଫଳରେ ଅଧିକ ଖର୍ଚ୍ଚାନ୍ତ ହୁଏ ଏବଂ ପରିବେଶ ପ୍ରଦୂଷିତ ହୋଇ ମଣିଷ ଓ ପ୍ରାଣୀମାନଙ୍କ ସ୍ୱାସ୍ଥ୍ୟପ୍ରତି ବିପଦ ସୃଷ୍ଟି କରେ।

ସବୁଜବିପ୍ଳବ ପରେ ଏପରି ରାସାୟନିକ ବିଷଗୁଡ଼ିକର ବ୍ୟବହାର ଏକ ଅନାହୂତ ଆବଶ୍ୟକତା ହୋଇପଡ଼ିଛି। ଭାରତରେ 'କୀଟନାଶକ ଆଇନ୍ ୧୯୬୮' ଏବଂ 'କୀଟନାଶକ ନିୟମ ୧୯୭୩' ଏବେ ବି ପ୍ରଚଳିତ। ଏହାର ଉଦ୍ଦେଶ୍ୟ ଥିଲା ଫସଲରେ ଅନିଷ୍ଟକାରୀ ଜୀବ ନିୟନ୍ତ୍ରଣ ପାଇଁ ନିରାପଦ ରାସାୟନିକ ଦ୍ରବ୍ୟ ପ୍ରସ୍ତୁତ ଓ ବିକ୍ରୟ ମାଧ୍ୟମରେ ଉପଯୁକ୍ତ ମାନର କୀଟନାଶକ ଓ ରୋଗନାଶକ ଉଚିତ ମୂଲ୍ୟରେ ପଞ୍ଜୀକୃତ ବିକ୍ରେତାଙ୍କ ଦ୍ୱାରା ଚାଷୀଙ୍କୁ ଯୋଗାଇଦେବା। ଯୁଗ୍ମସଂସଦୀୟ କମିଟି ୪୬ ରିପୋର୍ଟ-୨୦୨୩ ଅନୁସାରେ ଭାରତରେ ବାର୍ଷିକ ପ୍ରାୟ ୫୦, ୦୦୦ କୋଟି ଟଙ୍କାର ଅନିଷ୍ଟକାରୀ ଜୀବନାଶକ କାରବାର ହୁଏ, ଯାହାମଧ୍ୟରୁ ତୃଣନାଶକ ୪୪%, କବକ ନାଶକ ୨୭%, କୀଟନାଶକ ୨୨% ଓ ଅନ୍ୟାନ୍ୟ ୭%। ସାରାବିଶ୍ୱରେ ବର୍ଷକୁ ପ୍ରାୟ ୪, ୫୦, ୦୦୦ କୋଟି ଟଙ୍କାର ଏପରି ରାସାୟନିକ ବିଷ କାରବାର ହୁଏ। ବିଶ୍ୱରେ ବର୍ଷରେ ୪୧, ୨୨, ୦୦୦ ଟନ୍ ମଧ୍ୟରୁ ଚୀନ ସବୁଠାରୁ ଅଧିକ ୧୭, ୬୩, ୦୦୦ ଟନ୍ ବିଷାକ୍ତ ଦ୍ରବ୍ୟ ବ୍ୟବହାର କରେ, ଯାହାକି ବିଶ୍ୱର ୪୩%। ଆମେରିକା ୧୦% ଓ ବ୍ରାଜିଲ ୯% ବ୍ୟବହାର କଲା ବେଳେ ଭାରତ ମାତ୍ର ୧% ବ୍ୟବହାର କରୁଛି। ଏହା ହେକ୍ଟର ପ୍ରତି ମାତ୍ର ୦.୫ କିଲୋଗ୍ରାମ। ଅନ୍ୟ କେତେକ ଦେଶ ହେକ୍ଟର ପ୍ରତି ୧୭ କିଲୋଗ୍ରାମ ପର୍ଯ୍ୟନ୍ତ କୀଟନାଶକ ବ୍ୟବହାର କରୁଛନ୍ତି। ସୁତରାଂ ଭାରତରେ ଅତିରିକ୍ତ କୀଟନାଶକ ବ୍ୟବହାର ହେଉଥିବା ଅଭିଯୋଗ ତଥ୍ୟ ଉପରେ ଅଧାରିତ ନୁହେଁ। ବରଂ ଯୁଗ୍ମ ସଂସଦୀୟ କମିଟି ଅଧିକ ଖାଦ୍ୟ ଉତ୍ପାଦନ ପାଇଁ ଜୀବନାଶକ ବ୍ୟବହାର ବୃଦ୍ଧି କରିବା ସହିତ ଅଧିକ ବିଷାକ୍ତ କୀଟନାଶକ ଧୀରେ ଧୀରେ ହ୍ରାସ କରି ଅଧିକ ଜୈବ କୀଟନାଶକ ବ୍ୟବହାର ଉପରେ ଗୁରୁତ୍ୱ ଦେଇଛନ୍ତି।

ଏବେ କିନ୍ତୁ ଭାରତରେ ଜୈବ କୀଟନାଶକ ବିକ୍ରି ମୋଟ ଜୀବନାଶକ ବିକ୍ରିର ମାତ୍ର ୪.୨%। ଭାରତରେ ଜୀବନାଶକ କମ୍ପାନୀ ମଧ୍ୟରେ ୟୁ.ପି.ଏଲ୍ ଲିମିଟେଡ, କରମଣ୍ଡଳ, ପି.ଆଇ.ଇଣ୍ଡଷ୍ଟ୍ରିଜ ଲିମିଟେଡ୍, ବାୟାର କ୍ରପ ସାଇନ୍ସ ଲିମିଟେଡ୍, ଧାନୁକା ଆଗ୍ରିଟେକ୍ ଓ ଏଫ.ଏମ.ସି କର୍ପୋରେସନ ଇତ୍ୟାଦି ପ୍ରଧାନ। ବିଦେଶୀ କମ୍ପାନୀ ହିସାବରେ ବାୟାର କ୍ରପ୍ ସାଇନ୍ସ, ବି.ଏ.ଏସ.ଏଫ, ସିନଜେଣ୍ଟା, କୋରଟେଭ ଆଗ୍ରି ସାଇନ୍ସ, ସୁମିଟୋମୋ କେମିକାଲସ ଇତ୍ୟାଦି ଭାରତରେ ଅଧିକ ସକ୍ରିୟ। କେବଳ ଦିଲ୍ଲୀରେ ୭୯ କୀଟନାଶକ ପ୍ରସ୍ତୁତକାରୀ ଅଛନ୍ତି। କିନ୍ତୁ କେତେକ କମ୍ପାନୀ ନକଲି କୀଟନାଶକ ବିକ୍ରୟ କରିବା ଯୋଗୁଁ ଫସଲରେ ରୋଗପୋକ ନିୟନ୍ତ୍ରିତ ହୋଇପାରୁନାହିଁ ଏବଂ ଏଥିଯୋଗୁଁ ଚାଷ ଅଧିକ କ୍ଷତିଗ୍ରସ୍ତ ହେଉଛି। ଋଣ ଶୁଝି ନପାରି କେତେକ କୃଷକ ଆତ୍ମହତ୍ୟା କରିବାର ଖବର ପ୍ରକାଶ ପାଉଛି। ମୋଟ ଜୀବନାଶକର ପ୍ରାୟ ୨୦-୩୦% ନକଲି ହେବାର ଜଣାଯାଉଛି, ଯାହାର ବଜାର ମୂଲ୍ୟ ୩୦୦୦-୩୫୦୦ କୋଟି ଟଙ୍କା ହୋଇପାରେ।

ନକଲି ଜୀବନାଶକ ବିକ୍ରି ହେବାର କାରଣଗୁଡ଼ିକ ହେଲା ଚାଷୀଙ୍କ ସଚେତନତା ଅଭାବ, ଯୋଗାଣ ଶୃଙ୍ଖଳା ଅବ୍ୟବସ୍ଥା, ନିୟମିତ ନମୁନା ପରୀକ୍ଷା ଅଭାବ, ପ୍ରସ୍ତୁତକାରୀ ଓ ଖୁଚୁରା ବ୍ୟବସାୟ ସ୍ଥାନରେ ଅପମିଶ୍ରଣ। ଏହାଯୋଗୁଁ ବର୍ଷକୁ ଦେଶରେ ୧୦ ନିୟୁତ ଟନ୍ ଖାଦ୍ୟଶସ୍ୟ ହାନି, ପରିବେଶ ପ୍ରଦୂଷଣ ଓ ଅର୍ଥନୈତିକ ପ୍ରଭାବ ଦେଖାଯାଏ। ନକଲି ଜୀବନାଶକ ନମୁନା ଯେତିକି ପରୀକ୍ଷା କରାଯାଉଛି, ତାହା କ୍ଷୁଦ୍ର ପ୍ରସ୍ତୁତକାରୀଙ୍କ ଠାରୁ ୨୪% ଓ ବଡ଼ କମ୍ପାନୀମାନଙ୍କରୁ ୧%। ଅପମିଶ୍ରିତ ଜୀବନାଶକ ଯୋଗୁଁ ମଣିଷ ଓ ପ୍ରାଣୀମାନଙ୍କ ସ୍ୱାସ୍ଥ୍ୟହାନି ମଧ୍ୟ ଘଟୁଛି। ଆଇନ୍ ଅନୁସାରେ ନିମ୍ନମାନର କୀଟନାଶକ ବିକ୍ରୟ କ୍ଷେତ୍ରରେ ପାଞ୍ଚ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଜୋରିମାନା ଓ ଦୁଇ ବର୍ଷ ପର୍ଯ୍ୟନ୍ତ ଜେଲ୍‌ଦଣ୍ଡ ବ୍ୟବସ୍ଥା ରହିଛି। ଅଧିକ ବିପଦପୂର୍ଣ୍ଣ କ୍ଷେତ୍ରରେ ୫୦ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଜୋରିମାନା ସହିତ ପାଞ୍ଚ ବର୍ଷ ଜେଲ୍ ଦଣ୍ଡାଦେଶ ହୋଇପାରେ। ଏହି କାରଣରୁ ନକଲି କୀଟନାଶକ କିପରି ଜାଣିବେ ସେ ବିଷୟରେ ଚାଷୀଙ୍କୁ ପ୍ରଶିକ୍ଷଣ ଦେବାର ଆବଶ୍ୟକତା ରହିଛି।

ଆମ ଦେଶରେ ୨୯୩ ଜୀବନାଶକ ବ୍ୟବହାର ପାଇଁ ପଞ୍ଜୀକୃତ ହୋଇଛି। ଏଥିରୁ ବିପଦପୂର୍ଣ୍ଣ ଭାବେ ପରିଗଣିତ ୧୩୦ ଜୀବନାଶକ ବିଭିନ୍ନ ଦେଶରେ ଅସିଦ୍ଧ ଘୋଷିତ ହେଲାଣି। ଭାରତ ସରକାର ମଧ୍ୟ ୨୮ ଗୋଟିର ପ୍ରସ୍ତୁତି ଓ ବିକ୍ରୟ ପାଇଁ, ୪ଟିର ଆମଦାନୀ ଓ ପ୍ରସ୍ତୁତ ପାଇଁ ଏବଂ ଦୁଇଟିକୁ ରପ୍ତାନୀ କରିବା ପାଇଁ ଅସିଦ୍ଧ କରିଛନ୍ତି। ମନୋକ୍ରୋଟୋଫସ, କାର୍ବୋଫୁରାନ, ମେଥୋମିଲ, ଟ୍ରାଇଜାଫସ, ଡାଇକ୍ଲୋରୋଭସ, ଏଣ୍ଡୋସଲଫାନ, ଡି.ଡି.ଟି ଓ କ୍ଲୋରୋପାଇରିଫସ୍ କୀଟନାଶକ ସମ୍ପୂର୍ଣ୍ଣ ଅସିଦ୍ଧ ଘୋଷିତ ହୋଇଛି।

ଦିଲ୍ଲୀର ଟକସିକ୍ ଲିଙ୍କ ନାମକ ସଂସ୍ଥା ୨୦୨୩ ମସିହାରେ ମନୋକ୍ରୋଟୋଫସ, କାର୍ବୋଫୁରାନ, ପାରାକଟ୍, ଗ୍ଲାଇଫୋସେଟ୍, ମାଙ୍କୋଜେବ ଓ କାର୍ବେଣ୍ଡାଜିମ୍ ଜୀବନାଶକ ଉପରେ କରିଥିବା ସର୍ବେକ୍ଷଣର ତଥ୍ୟ ଅନୁଯାୟୀ, ବିଭିନ୍ନ ରାଜ୍ୟରେ ୫୦ରୁ ୮୬% ଚାଷୀ କୀଟନାଶକ ବିକ୍ରେତାଙ୍କ ପରାମର୍ଶ ଅନୁସାରେ ଫସଲରେ ଜୀବନାଶକ ପ୍ରୟୋଗ କରନ୍ତି ବୋଲି ଜଣାପଡ଼ିଛି। ପଞ୍ଜାବର ୧୭% ଚାଷୀ ଅତି ବିଷାକ୍ତ କୀଟନାଶକ ସପକ୍ଷରେ ଅଛନ୍ତି। ଅଧିକାଂଶ ଚାଷୀ କୀଟନାଶକ ପ୍ରୟୋଗ ସମୟରେ କୌଣସି ସତର୍କତା ଅବଲମ୍ବନ କରନ୍ତି ନାହିଁ। ଏପରିକି ୫୯% ଚାଷୀ ଅନୁମୋଦିତ ମାତ୍ରାଠାରୁ ଅଧିକ କୀଟନାଶକ ପ୍ରୟୋଗ କରୁଛନ୍ତି। ବଜାରରେ ବିକ୍ରି ହେଉଥିବା କୀଟନାଶକଗୁଡ଼ିକ ଚାରିରଙ୍ଗର ଠିକିରି ଚିହ୍ନ ଦ୍ୱାରା ଚିହ୍ନିତ କରାଯାଏ। ସବୁଜ ରଙ୍ଗ ସାମାନ୍ୟ ବିଷ, ନୀଳ ରଙ୍ଗ ମଧ୍ୟମ, ହଳଦିଆ ରଙ୍ଗ ଅଧିକ ବିଷ ଓ ନାଲି ରଙ୍ଗ ତୀବ୍ର ବିଷ ଭାବେ ସୂଚୀତ କରେ। ଫସଲରେ ଏହି ବିଷ ପ୍ରୟୋଗ ପରେ ଅମଳ କରିବା ପୂର୍ବରୁ ସର୍ବନିମ୍ନ ନିରାପଦ ସମୟ ଅପେକ୍ଷା କରିବା ଆବଶ୍ୟକ। ଅତିକମରେ ସବୁଜ ପାଇଁ ୭ ଦିନ, ନୀଳ ପାଇଁ ଦୁଇ ସପ୍ତାହ, ହଳଦିଆ ପାଇଁ ୩ ସପ୍ତାହ ଓ ନାଲି ପାଇଁ ୪ ସପ୍ତାହ ହେବା ବିଧେୟ।

ନୋବେଲ ବିଜୟିନୀ ରାକେଲ କାର୍ସନ 'ନିରବ ବସନ୍ତ' ପୁସ୍ତକରେ କୀଟନାଶକକୁ ପ୍ରାଣୀନାଶକ କହିଛନ୍ତି ଏବଂ ସେ ଏହାର ସୁଦୂରପ୍ରସାରୀ ପ୍ରଭାବ ବର୍ଣ୍ଣନା କରିବା ଫଳରେ ଡି. ଡି. ଟି କୀଟନାଶକ ନିଷିଦ୍ଧ ହୋଇଥିଲା। ସେ ପ୍ରାକୃତିକ ଉପାୟରେ କୀଟ ନିୟନ୍ତ୍ରଣ ପାଇଁ ପରାମର୍ଶ ଦେଇଥିଲେ। ସେଥିପାଇଁ ସେ ୧୯୬୨ ରେ ନୋବେଲ ପୁରସ୍କାର ପାଇଥିଲେ। ଏହାର କିଛିବର୍ଷ ପରେ ଏଚ୍. ଏଫ୍.ଭାନ ଏମଡେନ ଓ ଡେଭିଡ ବି. ପିକଲ 'ନିରବ ବସନ୍ତ ପରେ' ପୁସ୍ତକ ରଚନା କରି ସମନ୍ୱିତ ରୋଗପୋକ ପରିଚାଳନା ପଦ୍ଧତି ବାହାର କଲେ। ଉଦ୍ଭିଦ ସୁସ୍ଥସବଳ ହେଲେ ରୋଗପୋକ ବିରୁଦ୍ଧରେ ଲଢ଼ିପାରିବେ। ଜଳ ଓ ଖାଦ୍ୟସାର ନିୟନ୍ତ୍ରଣ କଲେ ଫସଲ କ୍ଷେତ୍ରରେ ଉପକାରୀ କୀଟପତଙ୍ଗ ସହଜରେ ବଂଶବୃଦ୍ଧି କରି ପ୍ରାକୃତିକ ଉପାୟରେ ଅପକାରୀ କୀଟ ଓ ରୋଗକୁ ନିୟନ୍ତ୍ରଣ କରନ୍ତି। ଏହାଛଡ଼ା କର୍ଷଣ ନିୟନ୍ତ୍ରଣ ଓ ରୋଗପୋକ ସହନଶୀଳ ବିହନ ବ୍ୟବହାର କରିବା ଦ୍ୱାରା ରୋଗପୋକ ଆକ୍ରମଣ କମିଥାଏ। ସମନ୍ୱିତ ରୋଗପୋକ ନିୟନ୍ତ୍ରଣ କୌଶଳଗୁଡ଼ିକ ହେଲା ସହନଶୀଳ କିସମ ବ୍ୟବହାର, କର୍ଷଣ ନିୟନ୍ତ୍ରଣ, ଫସଲ ପର୍ଯ୍ୟାୟ ଅନୁସରଣ, ଭୌତିକ ଓ ଯାନ୍ତ୍ରିକ ନିୟନ୍ତ୍ରଣ, ଜୈବ ନିୟନ୍ତ୍ରଣ ସହିତ ଶେଷରେ ନିରାପଦ କୀଟନାଶକ ବ୍ୟବହାର।

ବିଶ୍ୱରେ ବର୍ଷକୁ ପ୍ରାୟ ୧୧୦୦୦ ଲୋକ ବିଷାକ୍ତ କୀଟନାଶକ ପ୍ରଭାବରେ ମୃତ୍ୟୁବରଣ କରନ୍ତି। ଭାରତରେ ଏହି ହାର ୬୦%। ଟକସିକ ଲିଙ୍କ ସର୍ବେକ୍ଷଣ ଅନୁସାରେ ଆମକୁ କେତେକ ସୁଚିନ୍ତିତ ରଣନୀତି ଗ୍ରହଣ କରିବାକୁ ହେବ। କୃଷି କ୍ଷେତ୍ରକୁ ବାରମ୍ବାର ପର୍ଯ୍ୟବେକ୍ଷଣ କରି ଉପକାରୀ ଓ ଅପକାରୀ କୀଟ ସଂଖ୍ୟା ଅନୁସାରେ ପ୍ରତିକାର ବ୍ୟବସ୍ଥା ଗ୍ରହଣ, କୀଟନାଶକ ବିଷ ପରିବର୍ତ୍ତେ ଜୈବ କୀଟନାଶକ ବ୍ୟବହାର, ଆବଶ୍ୟକ ସ୍ଥଳେ ଦୁଇଟି ନିରାପଦ କୀଟନାଶକ ମିଶ୍ରଣ ଆଦି ବ୍ୟବସ୍ଥା ଗ୍ରହଣ କରାଯାଇପାରେ। ଜୈବିକ କୃଷି ପାଇଁ ସରକାର ଅଧିକ ଆର୍ଥିକ ଅନୁଦାନ, ପ୍ରଶିକ୍ଷଣ, ପ୍ରାମାଣିକରଣ ସହିତ ପ୍ରୋତ୍ସାହନ ଦେବାର ବ୍ୟବସ୍ଥା କରିବା ଆବଶ୍ୟକ। ଜୈବିକ କୃଷିର ଅନୁପସ୍ଥିତିରେ ରୋଗପୋକ ନିୟନ୍ତ୍ରଣ ପାଇଁ ସମନ୍ୱିତ ରୋଗ ପୋକ ପରିଚାଳନା ବ୍ୟବସ୍ଥା ଗ୍ରହଣ କରିବାକୁ ହେବ। କୀଟନାଶକ ବିକ୍ରେତାମାନଙ୍କୁ ଅଧିକ ପ୍ରଶିକ୍ଷଣ ଦେବା ସହିତ କୀଟନାଶକ କେବଳ କୃଷିକର୍ମୀଙ୍କ ପରାମର୍ଶକ୍ରମେ ବିକ୍ରୟ ବ୍ୟବସ୍ଥା ବାଧ୍ୟତାମୂଳକ କରିବା ଜରୁରୀ। ରାଜ୍ୟର ଅଧିକୃତ ଅଧିକାରୀମାନେ ନିୟମିତ କୀଟନାଶକ ଦୋକାନ ପରିଦର୍ଶନ କରି ନମୁନା ସଂଗ୍ରହ କରିବା ଆବଶ୍ୟକ। ଏତଦବ୍ୟତୀତ ରାଜ୍ୟରେ ଅଧିକ ଜୈବନିୟନ୍ତ୍ରଣ ପ୍ରୟୋଗଶାଳା ସ୍ଥାପନା କରି ଏଥିରୁ ପ୍ରସ୍ତୁତ ଟ୍ରାଇକୋଗ୍ରାମା, ବାସିଲସ, ଏନ.ପି. ଭି, ଟ୍ରାଇକୋଡେର୍ମା ଇତ୍ୟାଦି ଜୈବ ନିୟନ୍ତ୍ରକ ଓ ଫେରୋମନ ଯନ୍ତା ଇତ୍ୟାଦି ସୁଲଭ ମୂଲ୍ୟରେ ଚାଷୀଙ୍କୁ ଯୋଗାଇବା ଦାୟିତ୍ୱ ସରକାରଙ୍କର। ଫସଲରେ ଅନିଷ୍ଟକ ଜୀବନାଶକ ନିୟନ୍ତ୍ରଣ ପାଇଁ ସରକାର, କୃଷକ ଗୋଷ୍ଠୀ ଓ ଜୀବନାଶକ ବିକ୍ରେତାଙ୍କ ମିଳିତ ଦାୟିତ୍ୱ ରହିଛି। କୃଷକ-କ୍ଷେତ୍ରବିଦ୍ୟାଳୟ ପ୍ରତି ପଞ୍ଚାୟତରେ ପ୍ରତିଷ୍ଠା କରି କୃଷି ଅଧିକାରୀ କୃଷକଗୋଷ୍ଠୀଙ୍କୁ ସମନ୍ୱିତ ରୋଗପୋକ ପରିଚାଳନା ସମ୍ବନ୍ଧରେ ଧାରାବାହିକ ପ୍ରଶିକ୍ଷଣ ଦେବା ମଧ୍ୟ ଅତି ଗୁରୁତ୍ୱପୂର୍ଣ୍ଣ। ●

ଭୁବନେଶ୍ୱର, ମୋ: ୯୪୩୭୦୭୧୧୯୦

# ମାଇକ୍ରୋ ଓ ନାନୋ ପ୍ଲାଷ୍ଟିକର ବିଷ

**ଡ. ବିଜୟ କେତନ ପଟ୍ଟନାୟକ**

ଗାଁଗହଳିରେ କୁହାଯାଉଥିବା ରୁଢ଼ି 'ଛୋଟ ସାପର ବେଶୀ ବିଷ' ଉଭୟ ମାଇକ୍ରୋପ୍ଲାଷ୍ଟିକ ଓ ନାନୋ ପ୍ଲାଷ୍ଟିକ କ୍ଷେତ୍ରରେ ପ୍ରଯୁଜ୍ୟ। ମାଇକ୍ରୋପ୍ଲାଷ୍ଟିକ ବା କ୍ଷୁଦ୍ର ପ୍ଲାଷ୍ଟିକ କଣିକା ଏବଂ ନାନୋ ପ୍ଲାଷ୍ଟିକ ବା ଅତିଶୟ କ୍ଷୁଦ୍ର ପ୍ଲାଷ୍ଟିକ କଣିକା ସାଧାରଣ ପ୍ଲାଷ୍ଟିକ ତୁଳନାରେ ଯଥେଷ୍ଟ ମାରାତ୍ମକ। ସାଧାରଣ ପ୍ଲାଷ୍ଟିକ ମନୁଷ୍ୟ ସ୍ୱାସ୍ଥ୍ୟ ପ୍ରତି ସିଧାସଳଖ କ୍ଷତି ପହଞ୍ଚାଏ ନାହିଁ। ଅନ୍ୟପକ୍ଷରେ ମାଇକ୍ରୋପ୍ଲାଷ୍ଟିକ ବା ନାନୋ ପ୍ଲାଷ୍ଟିକ ମନୁଷ୍ୟ ଶରୀର ଓ ସ୍ୱାସ୍ଥ୍ୟ ପ୍ରତି ଅଧିକ ହାନିକାରକ। ଏବେ ମାଇକ୍ରୋପ୍ଲାଷ୍ଟିକ ହିମାଳୟର ଏଭରେଷ୍ଟ ଶୃଙ୍ଗଠାରୁ ଆରମ୍ଭ କରି ସମୁଦ୍ରର ଗଭୀର ଜଳରାଶିରେ, ଜଳ, ସ୍ଥଳ, ଆକାଶ ବାୟୁମଣ୍ଡଳ ସବୁଠି ବିଦ୍ୟମାନ। ସମୁଦ୍ର ପାଦଦେଶର ପ୍ରବାଳ ପ୍ରାଚୀରଠାରୁ ଆରମ୍ଭକରି ଆଣ୍ଟାରକଟିକାର ହିମଖଣ୍ଡ ବା ବରଫାବୃତ୍ତ ପରିବେଶରେ ମଧ୍ୟ ଏହା ଅନୁପ୍ରବେଶ କରିସାରିଛି।

ମିଳିତ ଜାତିସଂଘ ଦ୍ୱାରା ପ୍ରଦତ୍ତ ତଥ୍ୟ ମୁତାବକ, ସଂପ୍ରତି ବିଶ୍ୱରେ ବର୍ଷକୁ ୪୩୦ ନିୟୁତ ଟନ ପ୍ଲାଷ୍ଟିକ ଉତ୍ପାଦନ ହେଉଛି। ଏହାର ଦୁଇ-ତୃତୀୟାଂଶ କେବଳ ସ୍ୱଳ୍ପ ସମୟ ନିମନ୍ତେ ବ୍ୟବହୃତ ହୋଇଥାଏ। ତନ୍ମଧ୍ୟରୁ ସିଂହଭାଗ ହେଉଛି ଏକକ ବ୍ୟବହୃତ ପ୍ଲାଷ୍ଟିକ, ଯାହାକୁ କେବଳ ମାତ୍ର ଥରେ ବ୍ୟବହାର କରି ଫିଙ୍ଗି ଦିଆଯାଏ। ଜୈବିକ ସ୍ତରରେ ପ୍ଲାଷ୍ଟିକର ବିଘଟନ ପାଇଁ ୫୦ ରୁ ୧୦୦୦ ବର୍ଷ ଲାଗିଯାଇପାରେ। ପତଳା ପ୍ଲାଷ୍ଟିକ ବ୍ୟାଗର ବିଘଟନ ପାଇଁ ୨୦ ବର୍ଷରୁ ଊର୍ଦ୍ଧ୍ୱ ସମୟ ଲାଗୁଥିଲା ବେଳେ ପ୍ଲାଷ୍ଟିକ ପାଣି ବୋତଲ ଏବଂ ନାଇଲନ ମାଛଧରା ଜାଲ ପାଇଁ ୫୦୦ ବର୍ଷ ଲାଗିଯାଇପାରେ। ତେବେ ପ୍ଲାଷ୍ଟିକର ପୂର୍ଣ୍ଣ ବିଲୁପ୍ତି ବା ବିଲୟ ହୋଇନଥାଏ। ବରଂ ଏହା ଛୋଟ ଛୋଟ ଖଣ୍ଡରେ ବିଭକ୍ତ ହୋଇ କ୍ଷୁଦ୍ର ପ୍ଲାଷ୍ଟିକ କଣିକା ବା ମାଇକ୍ରୋପ୍ଲାଷ୍ଟିକରେ ପରିଣତ ହୁଏ। ଏକ ଆକଳନରୁ ଜଣାପଡ଼ିଛି ବର୍ଷକୁ ପ୍ରାୟ ୧୦ ରୁ ୪୦ ନିୟୁତ ମାଇକ୍ରୋପ୍ଲାଷ୍ଟିକ ପରିବେଶରେ ସଂକ୍ରମିତ ହୋଇଥାଏ। ଏହି ଧାରା ଅବ୍ୟାହତ ରହିଲେ ୨୦୪୦ ମସିହା ବେଳକୁ ଏହାର ପରିମାଣ ଦ୍ୱିଗୁଣିତ ହୋଇଯାଇପାରେ।

୨୦୨୨ ମସିହାରେ ପ୍ରଥମ ବିଶ୍ୱ ପ୍ଲାଷ୍ଟିକ ଚୁକ୍ତିନାମା, ମିଳିତ ଜାତିସଂଘ କାର୍ଯ୍ୟକ୍ରମ ଆନୁକୂଲ୍ୟରେ କେନିଆରେ ଆରମ୍ଭ ହୋଇଥିଲା। ଆଇନଗତ ପ୍ରାବଧାନ ଜରିଆରେ ପ୍ଲାଷ୍ଟିକ ପ୍ରଦୂଷଣ ରୋକିବା ନିମନ୍ତେ ସାରା ବିଶ୍ୱରେ ପ୍ରୟାସ ଆରମ୍ଭ ହେଲା। ସେତେବେଳେ ଏହି ଉଦ୍ୟମ ସାମୁଦ୍ରିକ ଓ ଜଳୀୟ ପରିସଂସ୍ଥାରେ ଉତ୍ପନ୍ନ ହେଉଥିବା ମାଇକ୍ରୋପ୍ଲାଷ୍ଟିକ ପ୍ରତି ଅଭିପ୍ରେତ ନଥିଲା। ପରବର୍ତ୍ତୀ ପର୍ଯ୍ୟାୟରେ ୨୦୨୪ ମସିହାରେ କାନାଡ଼ାଠାରେ ଅନୁଷ୍ଠିତ ଅଧିବେଶନର ଲକ୍ଷ୍ୟ ଉଭୟ ଇଚ୍ଛାକୃତ ଭାବରେ ଉତ୍ପନ୍ନ ହେଉଥିବା ମାଇକ୍ରୋପ୍ଲାଷ୍ଟିକ ଏବଂ ପ୍ଲାଷ୍ଟିକର ଦୀର୍ଘକାଳୀନ ବିଘଟନ ଜୀବନଚକ୍ରରେ ଉତ୍ପନ୍ନ ହେଉଥିବା ମାଇକ୍ରୋପ୍ଲାଷ୍ଟିକ ହ୍ରାସ କରିବା ଉପରେ ଅଧିକ ଗୁରୁତ୍ୱ ଦିଆଗଲା। ଚଳିତ ବର୍ଷ ଅଗଷ୍ଟ ମାସରେ ସୁଇଜରଲ୍ୟାଣ୍ଡର ଜେନେଭାଠାରେ ଅନୁଷ୍ଠିତ ବିଶ୍ୱ ପ୍ଲାଷ୍ଟିକ ଚୁକ୍ତିନାମା ମଧ୍ୟ ଲକ୍ଷ୍ୟ ହାସଲ ଦିଗରେ ବିଫଳ ହୋଇଥିଲା।

ଆମେ ପିଉଥିବା ଜଳ, ଖାଉଥିବା ଖାଦ୍ୟ, ପିନ୍ଧୁଥିବା ବସ୍ତ୍ର, ବ୍ୟବହାର କରୁଥିବା ପ୍ରସାଧନ ସାମଗ୍ରୀ, ଶ୍ୱାସରେ ଗ୍ରହଣ କରିଥିବା ବାୟୁ-ସର୍ବତ୍ର ବିଦ୍ୟମାନ ମାଇକ୍ରୋପ୍ଲାଷ୍ଟିକ। ଚାଷଜମିର ମାଟିରେ ଏବଂ ସେହି ମାଟିରୁ ଉତ୍ପାଦିତ ଫସଲ ଜରିଆରେ ଏବଂ ମାଇକ୍ରୋପ୍ଲାଷ୍ଟିକକୁ ଗିଳିଦେଇଥିବା ସାମୁଦ୍ରିକ ମାଛ ଭକ୍ଷଣ କରିବା ଦ୍ୱାରା, ଖାଦ୍ୟ ଶୃଙ୍ଖଳ ଦେଇ ପ୍ରବେଶ କରୁଛି ଆମ ଶରୀରରେ। ଆମେ ପିଉଥିବା ପାଇପ୍ ପାଣିରେ ମଧ୍ୟ ଉଭୟ ମାଇକ୍ରୋପ୍ଲାଷ୍ଟିକ ଓ ନାନୋ ପ୍ଲାଷ୍ଟିକ କଣିକା ମହଜୁଦ୍ ଅଛି। ଶିଳ୍ପାୟନ, ନିର୍ମାଣ ସଂସ୍ଥା, ପରିବହନ ଧୂଳିକଣା, ଟାୟାର ଘର୍ଷଣ ଏବଂ ସିନ୍ଥେଟିକ ବସ୍ତ୍ର କାରଖାନାରୁ ଉତ୍ପନ୍ନ ମାଇକ୍ରୋପ୍ଲାଷ୍ଟିକ ବାୟୁମଣ୍ଡଳରେ ରହିଥାଏ। ଶ୍ୱାସକ୍ରିୟା ସମୟରେ ଆମେ ବାୟୁ ସହିତ ଏହି ମାଇକ୍ରୋପ୍ଲାଷ୍ଟିକକୁ ମଧ୍ୟ ଆହରଣ କରିଥାଉ। ଆମେ ବ୍ୟବହାର କରୁଥିବା ପ୍ରସାଧନ ସାମଗ୍ରୀରେ ମଧ୍ୟ ରହିଛି ମାଇକ୍ରୋ ପ୍ଲାଷ୍ଟିକ। ଆମେ ଜାଣୁ ବା ନଜାଣୁ ଇଚ୍ଛା କରୁ ନା ନ କରୁ ପ୍ରତି ମୂହୂର୍ତ୍ତରେ କିଛି କିଛି ପ୍ଲାଷ୍ଟିକ କ୍ଷୁଦ୍ର କଣିକା ଆମ ଶରୀରରେ ପ୍ରବେଶ କରୁଛି ଏବଂ ମସ୍ତିଷ୍କର କୋଷରେ ଓ ପୁନରୁତ୍ପାଦନ ନିମନ୍ତେ ଉଦ୍ଦିଷ୍ଟ ଅଙ୍ଗ ପ୍ରତ୍ୟଙ୍ଗରେ ଆସ୍ଥାନ ଜମାଉଛି। କେବଳ ମସ୍ତିଷ୍କ ନୁହେଁ, ଫୁସଫୁସ, ବୃକ୍କ, ଜରାୟୁ ଓ ରକ୍ତରେ ମଧ୍ୟ ଏହି କଣିକାର ଛିଟା ଦେଖିବାକୁ ମିଳୁଛି, ଯାହା ଫଳରେ ମନୁଷ୍ୟ ହୃଦ୍‌ରୋଗ ସହିତ ସ୍ନାୟୁରୋଗ ଓ ଶ୍ୱାସ ଜନିତ ନୂଆ ନୂଆ ରୋଗର ଶିକାର ହେଉଛି।

ମିଳିତ ଜାତିସଂଘର ପରିବେଶ କାର୍ଯ୍ୟକ୍ରମ ପ୍ରକାଶ କରିଥିବା ୨୦୧୪ ଇୟର ବୁକ୍ ରେ ସାରା ବିଶ୍ୱବାସୀଙ୍କୁ ସତର୍କ କରାଇ ଦେଇଥିଲେ। ମାଇକ୍ରୋପ୍ଲାଷ୍ଟିକ ଏକ ମୁଣ୍ଡ ଟେକୁଥିବା ପ୍ରଦୂଷକ, ଯାହା ମାନବ ଜାତିର ସମ୍ଭାବ୍ୟ ସ୍ୱାସ୍ଥ୍ୟ ସମସ୍ୟା ସୃଷ୍ଟି କରିପାରେ। ୨୦୨୨ ମସିହାରେ 'ବିଶ୍ୱସ୍ୱାସ୍ଥ୍ୟ ସଂଗଠନ' ଜଣାଇଥିଲେ ମାଇକ୍ରୋପ୍ଲାଷ୍ଟିକର ମନୁଷ୍ୟର ସ୍ୱାସ୍ଥ୍ୟପ୍ରତି ଥିବା ସଂକଟ ବିଷୟରେ ଆଶାନୁରୂପ ପ୍ରମାଣ ମିଳିନାହିଁ। ୨୦୨୪ ମସିହାରେ ପ୍ରଥମଥର ପାଇଁ ଆମେରିକାସ୍ଥିତ ନ୍ୟୁମେକ୍ସିକୋ ବିଶ୍ୱବିଦ୍ୟାଳୟର ଗବେଷକମାନେ ପ୍ରମାଣିତ କଲେ, ମନୁଷ୍ୟର ମସ୍ତିଷ୍କରେ ଯଥେଷ୍ଟ ପରିମାଣରେ ମାଇକ୍ରୋପ୍ଲାଷ୍ଟିକ ଓ ନାନୋ ପ୍ଲାଷ୍ଟିକ ଜମା ହୋଇସାରିଲାଣି। କାଲିଫର୍ଣ୍ଣିଆ ବିଶ୍ୱବିଦ୍ୟାଳୟର ଗବେଷକମାନେ କୁହନ୍ତି, ମାଇକ୍ରୋପ୍ଲାଷ୍ଟିକ ମନୁଷ୍ୟ ଶରୀରର ଉତ୍ପାଦକ ଅଂଗ, ପାକସ୍ଥଳୀ ଓ ଶ୍ୱାସନଳୀକୁ ପ୍ରଭାବିତ କରିପାରେ ଏବଂ ସମୟକ୍ରମେ ମନୁଷ୍ୟ ଶରୀରର ବିଭିନ୍ନ କୋଷରେ ଅନୁପ୍ରବେଶ କରୁଥିବାରୁ କୋଲୋନ୍ ଓ ଫୁସ୍‌ଫୁସ୍ କ୍ୟାନସର ସହିତ ଏହା ସଂପୃକ୍ତି ଥାଇପାରେ। ●

(ପୂର୍ବତନ ପ୍ରଧାନ ମୁଖ୍ୟ ବନ୍ୟପ୍ରାଣୀ ସଂରକ୍ଷକ, ଓଡ଼ିଶା)
ଭୁବନେଶ୍ୱର, ମୋ: ୯୪୩୭୦୦୦୯୦୪

# ପୁରୁଷତ୍ୱ ଉପରେ ପୋଷାକର ପ୍ରଭାବ

**ବିଜ୍ଞାନ ବାର୍ତ୍ତା**

**ଶ୍ରୀନନ**

ଅକ୍ସଫୋର୍ଡ ବିଶ୍ୱବିଦ୍ୟାଳୟ ଦ୍ୱାରା ପ୍ରକାଶିତ 'ଦ ଜର୍ଣ୍ଣାଲ ଅଫ୍ ରିପ୍ରଡକ୍ସନ' ଗବେଷଣା ପତ୍ରିକାରେ ପ୍ରକାଶିତ ଏକ ବିବରଣୀ ଅନୁସାରେ ୨୦୦୧ ମସିହା ବେଳକୁ ୩୪ ଶତାଂଶ ପୁରୁଷମାନଙ୍କ ଠାରେ ସେମାନଙ୍କୁ ପୌରୁଷ ପ୍ରଦାନରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରୁଥିବା ଶୁକ୍ରକୀଟ ସାଧାରଣ ମାତ୍ରାଠାରୁ କମ୍ ଥିଲା। ଯାହାକି ୨୦୨୨ ମସିହା ବେଳକୁ ପହଞ୍ଚିଥିଲା ୬୫ ଶତାଂଶରେ। ଏବର ସମୟ ମଧ୍ୟରେ ସଂପୂର୍ଣ୍ଣ ତ୍ରୁଟିମୁକ୍ତ ଶୁକ୍ରଧାରୀଙ୍କ ସଂଖ୍ୟା ପ୍ରାୟ ୨୦ ଶତାଂଶ ହ୍ରାସ ପାଇଥିଲା। ଅତଏବ ପୁରୁଷର ପ୍ରଜନନ କ୍ଷମତା ବା ପୌରୁଷର ଏହି ମାପକାଠିଟି ସୂଚାଇ ଦେଉଛି ଯେ ସେ କ୍ରମଶଃ ସନ୍ତାନ ସୃଷ୍ଟି କରିବାର କ୍ଷମତା ହରାଇ ଚାଲିଛି।

ଏହାର କାରଣ ଆଜି ପର୍ଯ୍ୟନ୍ତ ସୁନିର୍ଦ୍ଦିଷ୍ଟ କରାଯାଇ ପାରିନଥିଲେ ହେଁ ତାହା ବହୁମୁଖୀ ବୋଲି ମନେକରନ୍ତି ବୈଜ୍ଞାନିକମାନେ, ଯାହାକି ବିବର୍ତ୍ତନୀୟଠାରୁ ଆରମ୍ଭ କରି ପରିବେଶୀୟ ଏବଂ ପରିବର୍ତ୍ତିତ ଜୀବନଶୈଳୀ ପର୍ଯ୍ୟନ୍ତ ହୋଇପାରେ। ତେବେ, ବିବର୍ତ୍ତନୀୟ ପରିବର୍ତ୍ତନ ସଦାସର୍ବଦା ମନ୍ଥର ହୋଇଥିବା ଦୃଷ୍ଟିରୁ ଶେଷୋକ୍ତ ଦୁଇଟିକୁ ଏହାର ମୁଖ୍ୟ କାରଣ ବୋଲି ଧରାଯାଇ ପାରିବ। ପରିବେଶରେ ଡିଡିଟି, ବିଏଚସି ଆଦି କୀଟ। ।ଣୁନାଶକର ତଥା ଅନ୍ୟାନ୍ୟ ରସାୟନମାନଙ୍କ ମାତ୍ରାବୃଦ୍ଧି ଆମଠାରେ ପୁରୁଷସୁଲଭ ଗୁଣର ଅପଚୟ ଘଟାଉଥିବାର ପ୍ରମାଣିତ ହେଲା ବେଳେ ପଶୁପାଳନ, ମତ୍ସ୍ୟଚାଷ ଓ କୃଷିରେ ବିବିଧ ହର୍ମୋନ୍ ଏବଂ ରାସାୟନିକ ପଦାର୍ଥର ବ୍ୟାପକ ବ୍ୟବହାର ଏଥିରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରୁଛି। ତେବେ ଆମେ ପିନ୍ଧୁଥିବା ପୋଷାକ ମଧ୍ୟ ଏହାକୁ ପ୍ରଭାବିତ କରିପାରେ ବୋଲି ନିକଟରେ ମତ ଦେଇଛନ୍ତି ଆମେରିକାର ବୋଷ୍ଟନ ସ୍ଥିତ 'ହାର୍ଭାର୍ଡ ଚାନ ସ୍କୁଲ ଅଫ୍ ପବ୍ଲିକ ହେଲଥ' ଠାରେ ଗବେଷଣାରତ ବୈଜ୍ଞାନିକ ଲିଚିଡିଆ ମଙ୍ଗୁଏଜ୍ ଆଲାରକୋନ୍ ଏବଂ ତାଙ୍କ ସହଯୋଗୀମାନେ।

'ଦ ଜର୍ଣ୍ଣାଲ୍ ଅଫ୍ ହ୍ୟୁମାନ୍ ରିପ୍ରଡ୍କସନ'ରେ ପ୍ରଦତ୍ତ ଏକ ବିବରଣୀରେ ସେମାନେ ଦର୍ଶାଇଛନ୍ତି ଯେ ପିତା ହେବାକୁ ଚାହୁଁଥିବା ଲୋକେ ଢିଲା ଅନ୍ତର୍ବାସ ପିନ୍ଧିବା ବାଞ୍ଛନୀୟ। କାରଣ ୧୮ ରୁ ୫୬ ବର୍ଷ ବୟସ୍କ ସାଧାରଣ ସ୍ୱାସ୍ଥ୍ୟସଂପନ୍ନ ପୁରୁଷଙ୍କୁ ପରୀକ୍ଷା କରି ସେମାନେ ସିଦ୍ଧାନ୍ତରେ ଉପନୀତ ହୋଇଛନ୍ତି ଯେ ଆରମଦାୟକ ଢିଲା ଅନ୍ତର୍ବାସ ପରିଧାନ କରୁଥିବା ଲୋକଙ୍କ ଶୁକ୍ରର ଘନତ୍ୱ ଏବଂ ତହିଁରେ ଥିବା ଶୁକ୍ରକୀଟମାନଙ୍କ ସଂଖ୍ୟା ଅଧିକ। ପୁନଶ୍ଚ ସେମାନଙ୍କ ଶୁକ୍ରାକୀଟଗୁଡ଼ିକ ଅଧିକ ସକ୍ରିୟ ହେବା ସହିତ ସେମାନଙ୍କଠାରେ ହରମୋନ୍‌ର ଭାରସାମ୍ୟ ସନ୍ତାନ ସୃଷ୍ଟି ପାଇଁ ଅଧିକ ଉପାଦେୟ।

ଅବଶ୍ୟ ପୂର୍ବରୁ ହୋଇଥିବା କେତେକ ଗବେଷଣାରୁ ଏପ୍ରକାର ସୂଚନା ମିଳିଥିଲା। ତେବେ ସେସବୁ ଅଧ୍ୟୟନ ଥିଲା ସୀମିତ ଏବଂ ତହିଁରୁ ଏବର ଫଳାଫଳ ସହିତ ହରମୋନ୍‌ର ସଂପୃକ୍ତି ବିଷୟରେ କୌଣସି ସୂଚନା ମିଳିପାରିନଥିଲା। ଶରୀର ମଧ୍ୟରେ ତାପମାତ୍ରାଠାରୁ ୨/୩ ଡିଗ୍ରୀ ସେଲସିୟସ କମ ହୋଇଥିବା ପରିବେଶ ଶୁକ୍ରକୀଟ ଉତ୍ପାଦନ ଲାଗି ଉତ୍ତମ। ସମ୍ଭବତଃ ସେଥିପାଇଁ ଏହା ଉତ୍ପନ୍ନ କରୁଥିବା ଅଣ୍ଡହକୋଷକୁ ପ୍ରକୃତି ଶରୀରର ଅର୍ନ୍ତଭାଗରେ ସ୍ଥାପନ ନ କରି ବହିର୍ଭାଗରେ ଅବସ୍ଥାପିତ କରିଛି। ଏପରିସ୍ଥଳେ, ଏହାର ତାପମାତ୍ରା ବୃଦ୍ଧି ଶୁକ୍ରକୀଟର ମାତ୍ରା ଏବଂ ମାନ ହ୍ରାସ କରିବା ସ୍ୱାଭାବିକ, ଯାହାକି ଘଟେ ଚିପା ଅନ୍ତର୍ବାସ ପରିଧାନ କରିବା କାରଣରୁ।

ଲିଚିଡଆ ଏବଂ ତାଙ୍କର ସହଯୋଗୀମାନଙ୍କ ଅଧ୍ୟୟନକୁ ଏହାର ଏକ କାରଣସିଦ୍ଧ ପ୍ରମାଣ ରୂପେ ଗ୍ରହଣ କରାଯାଇପାରେ। ଅତଏବ ଚିପା ଅନ୍ତର୍ବାସ ପରିଧାନ ପୁରୁଷମାନଙ୍କଠାରେ ଶୁକ୍ରକୀଟ ଉତ୍ପାଦନକୁ ଯେତିକି ମାତ୍ରାରେ ପ୍ରତିହତ କରୁନା କାହିଁକି ତାହା ବେଶ ଗୁରୁତ୍ୱପୂର୍ଣ୍ଣ ବୋଲି ମତ ଦିଅନ୍ତି ଏହି ଗବେଷଣାରେ ଅଂଶଗ୍ରହଣ କରିଥିବା ଅନ୍ୟତମ ବୈଜ୍ଞାନିକ ତଥା ଏଡିନ୍ ବରା ବିଶ୍ୱବିଦ୍ୟାଳୟର 'ଏମ୍ ଆର ସି ସେଣ୍ଟର ଫର ରିପ୍ରଡକଟିଭ ହେଲଥ୍'ର ପ୍ରଫେସର ରିଚାର୍ଡ ଶାର୍ପେ। ●

ଯମପଡ଼ା(କେନ୍ଦ୍ରାପଡ଼ା), ମୋ: ୯ ୯୩୭୩୦୧୪୬୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ଅବଶିଷ୍ଟାଂଶ

## ହସିନାଙ୍କୁ ଫାଶୀ...

ଆନ୍ଦୋଳନକାରୀଙ୍କୁ ହତ୍ୟା କରିବାକୁ ନିର୍ଦ୍ଦେଶ ଦେଇଥିଲେ ବୋଲି ଅଭିଯୋଗ ହୋଇଥିଲା । ଏହାସହିତ ଦେଶବାସୀଙ୍କୁ ନ୍ୟାୟ ଦେବାରେ ପ୍ରତିବନ୍ଧକ ସାଜିବା ସହିତ ବିରୋଧୀଙ୍କ ବିରୋଧରେ ଚାଲିଥିବା ଅପରାଧ/ହତ୍ୟାକୁ ରୋକିବାରେ ବିଫଳ ହୋଇଥିଲେ । ଏହି ତିନିଟି ଅଭିଯୋଗ ଉପରେ ବିଚାର ପାଇଁ ଇଣ୍ଟରନ୍ୟାସନାଲ କ୍ରାଇମ ଟ୍ରିବୁନାଲ ଗଠନ କରାଯାଇଥିଲା । ସେହି ଟ୍ରିବୁନାଲ ଆଜି ତାଙ୍କୁ ଫାଶୀଦଣ୍ଡ ଶୁଣାଇଛି । ସେହିପରି ଟ୍ରିବୁନାଲ ଅନ୍ୟତମ ଅଭିଯୁକ୍ତ ପୂର୍ବତନ ଗୃହମନ୍ତ୍ରୀ ଅସଦୁଜ୍ଜାମାନ ଖାନଙ୍କୁ ମଧ୍ୟ ୧୨ଜଣ ଲୋକଙ୍କ ହତ୍ୟା ମାମଲାରେ ଦୋଷୀ ସାବ୍ୟସ୍ତ କରି ତାଙ୍କୁ ମଧ୍ୟ ଫାଶୀଦଣ୍ଡ ଦେଇଛନ୍ତି । ତେବେ ମାମଲାରେ ତୃତୀୟ ଅଭିଯୁକ୍ତ ପୂର୍ବତନ ପୁଲିସ ମୁଖ୍ୟ ଅବଦୁଲ୍ଲା ଅଲ୍-ମମୁନଙ୍କୁ କେବଳ ୫ ବର୍ଷ ଜେଲ୍ ଦଣ୍ଡାଦେଶ ହୋଇଛି । ମମୁନ ସରକାରୀ ସାକ୍ଷୀ ଭାବେ ଆଇନଗତ ପ୍ରକ୍ରିୟାରେ ସହଯୋଗ କରିଥିବାରୁ ତାଙ୍କ ପ୍ରତି କୋହଳ ହୋଇଛନ୍ତି ଟ୍ରିବୁନାଲ । ସୂଚନାଯୋଗ୍ୟ ଯେ ଶେଖ ହସିନାଙ୍କ ସହିତ ତାଙ୍କର ଗୃହ ମନ୍ତ୍ରୀ ଅସଦୁଜ୍ଜମାନ ଗତ ୧୫ ମାସ ହେବ ଭାରତରେ ଅବସ୍ଥାନ କରୁଛନ୍ତି । କୋର୍ଟଙ୍କ ଏହି ରାୟ ପରେ ସାରା ବାଂଲାଦେଶରେ ହିଂସା ସୃଷ୍ଟି ହେବାର ସମ୍ଭାବନା ସୃଷ୍ଟି ହୋଇଛି । ଫଳରେ କଡ଼ା ନିରାପତ୍ତା ବ୍ୟବସ୍ଥା କରାଯାଇଛି । ମୋ ବିରୋଧରେ ଆସିଥିବା ରାୟ ସମ୍ପୂର୍ଣ୍ଣ ଭାବେ ଭୁଲ । ରାଜନୈତିକ ପ୍ରତିଶୋଧ ପାଇଁ ଏପରି ଷଡ଼ଯନ୍ତ୍ର କରାଯାଇଛି । ଏହି ରାୟ ଏଭଳି ଏକ ଟ୍ରିବୁନାଲ ଦେଇଛି ଯାହାକୁ ଏକ ଅଣ ନିର୍ବାଚିତ ସରକାର ଚଳାଉଛନ୍ତି । ଏହି ସରକାରଙ୍କ ପାଖରେ କୌଣସି ଜନାଦେଶ ନାହିଁ ବୋଲି ହସିନା ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି । ହତ୍ୟାର ଶିକାର ଲୋକଙ୍କୁ ଉଚିତ ନ୍ୟାୟ ମିଳିଲା ବୋଲି ଆଟର୍ଣ୍ଣି ଜେନେରାଲ ମହମ୍ମଦ ଆସାଦୁଜ୍ଜମାନ କହିଛନ୍ତି । ହସିନା ପୂର୍ବରୁ ଯେଉଁ କୋର୍ଟର ସ୍ଥାପନ କରିଥିଲେ, ସେହି କୋର୍ଟ ହିଁ ତାଙ୍କ ବିରୋଧରେ ଦଣ୍ଡାଦେଶ ଶୁଣାଇଛନ୍ତି । ୧୯୭୧ରେ ବାଂଲାଦେଶ ମୁକ୍ତି ସଂଗ୍ରାମ ପରେ ଯୁଦ୍ଧ ଅପରାଧ ଓ ନରସଂହାର ଭଳି ମାମଲାର ବିଚାର କରିବା ପାଇଁ ଏହି ଇଣ୍ଟରନ୍ୟାସନାଲ କ୍ରାଇମ ଟ୍ରିବୁନାଲକୁ ପ୍ରତିଷ୍ଠା କରାଯାଇଥିଲା ।

କୋର୍ଟ ରାୟ ପରେ ବାଂଲାଦେଶ ସରକାର ଆଜି ଭାରତ ସରକାରଙ୍କ ନିକଟକୁ ଏକ ପତ୍ର ପଠାଇଛନ୍ତି । ହସିନାଙ୍କୁ ତୁରନ୍ତ ହସ୍ତାନ୍ତର କରିବା ଲାଗି ଏଥିରେ ଅନୁରୋଧ କରାଯାଇଛି । ଦୁଇ ଦେଶ ମଧ୍ୟରେ ସ୍ୱାକ୍ଷରିତ ଅପରାଧୀ ପ୍ରତ୍ୟର୍ପଣ ଚୁକ୍ତି ଅନୁଯାୟୀ ଭାରତ ହସିନାଙ୍କୁ ତୁରନ୍ତ ହସ୍ତାନ୍ତର କରୁ ବୋଲି କୁହାଯାଇଛି । ତେବେ ଭାରତ ସରକାର ଏସଂପର୍କରେ କୌଣସି ସିଧାସଳଖ ପ୍ରତିକ୍ରିୟା ଦେଇ ନାହାନ୍ତି । ବୈଦେଶିକ ବିଭାଗ ପକ୍ଷରୁ କୁହାଯାଇଛି ଯେ ପଡ଼ୋଶୀ ଦେଶ ହିସାବରେ ବାଂଲାଦେଶ ଲୋକଙ୍କ ସ୍ୱାର୍ଥ ରକ୍ଷା ପାଇଁ ଭାରତ ସଂକଳ୍ପବଦ୍ଧ । ସେଠାରେ ଗଣତନ୍ତ୍ର, ଶାନ୍ତି ଓ ସ୍ଥିରତା ପାଇଁ ଭାରତ ସରକାର ସଂପୃକ୍ତ ପକ୍ଷଙ୍କ ସହ ଆଲୋଚନା ଜାରି ରଖିବ ।

## ୪୫ ଭାରତୀୟ..

ଅଛନ୍ତି । ଦୁର୍ଘଟଣାଗ୍ରସ୍ତ ବସ୍‌ରେ ୪୬ ଜଣ ଲୋକ ଯାତ୍ରା କରୁଥିଲେ । ମୃତକଙ୍କ ମଧ୍ୟରେ ଅଧିକାଂଶ ହାଇଦରାବାଦ୍‌ର ବାସିନ୍ଦା ବୋଲି କୁହାଯାଇଛି । ହାଇଦରାବାଦ୍ ପୁଲିସର ସୂଚନା ଅନୁଯାୟୀ, ନଭେମ୍ବର ୯ରେ ୫୪ ଜଣ ଲୋକ 'ଉମରା' ପାଇଁ ହାଇଦରାବାଦ୍‌ରୁ ସାଉଦି ଆରବ ଯାଉଥିଲେ । ଏମାନେ ନଭେମ୍ବର ୨୩ରେ ପ୍ରତ୍ୟାବର୍ତ୍ତନ କରିବାର କାର୍ଯ୍ୟକ୍ରମ ଥିଲା । ଏମାନଙ୍କ ମଧ୍ୟରୁ ୪ ଜଣ ରବିବାର କାର୍‌ରେ ପୃଥକ ଭାବେ ମଦିନା ଯାଇଥିଲେ । ସେହିପରି ଅନ୍ୟ ୪ ଜଣ ଲୋକ ମକ୍କାରେ ରହିଯାଇଥିଲେ । ଅନ୍ୟ ୪୬ ଜଣଙ୍କୁ ନେଇ ବସ୍‌ଟି ମକ୍କାରୁ ମଦିନା ଯାଉଥିବା ବେଳେ ମଦିନାଠାରୁ ୨୫ କିମି ଦୂର ମୁହରାସ୍ ନିକଟରେ ଭାରତୀୟ ସମୟ ରାତି ପ୍ରାୟ ୧.୩୦ରେ ଏହି ଦୁର୍ଘଟଣା ଘଟିଥିଲା ।

ଏହି ଦୁର୍ଘଟଣା ପାଇଁ ତେଲଙ୍ଗାନା ସରକାର ରିୟାଧ ସ୍ଥିତ ଭାରତୀୟ ଦୂତାବାସ ସହିତ ବରାବର ସମ୍ପର୍କରେ ରହିଛନ୍ତି । ମୁଖ୍ୟମନ୍ତ୍ରୀ ରେବନ୍ତ ରେଡ୍ଡୀ ମୃତକଙ୍କ ଚିହ୍ନଟ ଓ ପରିଚୟ ପାଇଁ ଦିଲ୍ଲୀରେ ଥିବା ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଦୂତାବାସର ଅଧିକାରୀଙ୍କ ସହ ଯୋଗାଯୋଗ ରକ୍ଷାକରି ସବୁ ପ୍ରକାର ସହାୟତା ପ୍ରଦାନ କରିବା ସହ ସବୁ ବ୍ୟବସ୍ଥା ଉପଲବ୍ଧ କରାଇବାକୁ କହିଛନ୍ତି । ଇତିମଧ୍ୟରେ ୧୨ ଜଣ ମୃତକଙ୍କ ନାମ ସାମ୍ନାକୁ ଆସିଛି । ଭାରତୀୟ ଦୂତାବାସ ମଧ୍ୟ ଏ ନେଇ ହେଲ୍ପଲାଇନ୍ ଜାରି କରିଛି । ହାଇଦରାବାଦ ସାଂସଦ ସବୁ ମୃତଦେହକୁ ଭାରତ ଆଣିବା ପାଇଁ ଅପିଲ କରିଛନ୍ତି । ଏହି ଘଟଣା ପାଇଁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଦୁଃଖ ପ୍ରକାଶ କରିଛନ୍ତି । ରିୟାଦସ୍ଥିତ ବାଣିଜ୍ୟ ଦୂତାବାସ ସବୁ ପ୍ରକାର ସହାୟତା ପ୍ରଦାନ କରୁଛି ବୋଲି ସେ 'ଏକ୍ସ'ରେ ପୋଷ୍ଟ କରି ଉଲ୍ଲେଖ କରିଛନ୍ତି । ଆମ ଅଧିକାରୀମାନେ ସାଉଦିର ଅଧିକାରୀଙ୍କ ସହ ଯୋଗାଯୋଗ ରକ୍ଷା କରିଛନ୍ତି ବୋଲି ସେ ଉଲ୍ଲେଖ କରିଛନ୍ତି । ସେହିପରି ବୈଦେଶିକ ମନ୍ତ୍ରୀ ଏସ୍ ଜୟଶଙ୍କର ମଧ୍ୟ ଏହି ଘଟଣା ଗଭୀର ଦୁଃଖ ଦେଇଛି ବୋଲି କହିଛନ୍ତି । ଏହି ଦୁର୍ଘଟଣାରେ ହାଇଦରାବାଦ୍‌ର ଗୋଟିଏ ପରିବାରର ୧୮ ଜଣ ସଦସ୍ୟ ମୃତ୍ୟୁବରଣ କରିଛନ୍ତି ବୋଲି ଜଣାପଡ଼ିଛି ।

## ବିହାର ରାଜନୀତିରେ...

ବିଧାନସଭା ଭଙ୍ଗ କରିବାକୁ ରାଜ୍ୟପାଳଙ୍କୁ ଏକ ସୁପାରିସ ପତ୍ର ଦେଇଥିଲେ । କେଉଁ ନିର୍ଦ୍ଦିଷ୍ଟ କାରଣରୁ ନୀତୀଶ କୁମାର ଶେଷ ମୁହୂର୍ତ୍ତରେ ତାଙ୍କର ଯୋଜନା ପରିବର୍ତ୍ତନ କଲେ, ତାହା ଏଯାଏ ସ୍ପଷ୍ଟ ହୋଇନାହିଁ ।

ବିଶ୍ୱସ୍ତ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ ନୀତୀଶଙ୍କୁ ମୁଖ୍ୟମନ୍ତ୍ରୀ ନକରିବା ଲାଗି ବିଜେପିର ଅଧିକାଂଶ ବିଧାୟକ ହାଇକମାଣ୍ଡଙ୍କ ଉପରେ ଚାପ ପକାଉଛନ୍ତି । ତେଣୁ ହାଇକମାଣ୍ଡ କିଛି ନିଷ୍ପତ୍ତି ନେଇ ପାରୁନାହାନ୍ତି । ତେବେ ସମାଧାନ ପାଇଁ ଏକ ଫର୍ମୁଲା ପ୍ରସ୍ତୁତ କରିଛନ୍ତି ହାଇକମାଣ୍ଡ । ଫର୍ମୁଲା ଅନୁଯାୟୀ ନୀତୀଶ ଅଢ଼େଇ ବର୍ଷ ପରେ ମୁଖ୍ୟମନ୍ତ୍ରୀ ପଦ ଛାଡ଼ିବେ । କିନ୍ତୁ ନୀତୀଶ ରାଜି ହେଉ ନାହାନ୍ତି । ଏପରି ଚର୍ଚ୍ଚା ଆଲୋଚନା ଚାଲିଥିବା ବେଳେ ବିଜେପି ଶୀର୍ଷ ନେତୃତ୍ୱଙ୍କ ଡକରା ପାଇ ଆଜି ବିଳମ୍ବିତ ରାତିରେ ଜେଡିୟୁର ଦୁଇ ଜଣ ବରିଷ୍ଠ ନେତା ଦିଲ୍ଲୀ ଯାଇଛନ୍ତି । ସେମାନେ ହେଲେ ଜେଡିୟୁର କାର୍ଯ୍ୟକାରୀ ସଭାପତି ସଂଜୟ ଝା ଏବଂ ଲଲ୍ଲନ ସିଂହ । ସେମାନଙ୍କୁ ବିଜେପି ନେତା କାହିଁକି ଡାକିଛନ୍ତି ଏବଂ ସେମାନେ କଣ ଆଲୋଚନା କରିବେ, ତାହା ଜଣାପଡ଼ିନାହିଁ । ପାଟନାରେ ସରକାର ଗଠନ ନେଇ ଦିଲ୍ଲୀରେ କଣ ଖେଳ ଚାଲିଛି, ତାହା ରାଜନୈତିକ ମହଲକୁ ଆଚମ୍ବିତ କରିଛି । ସୂଚନାଯୋଗ୍ୟ ଯେ ସଂଜୟ ଝା ଏବଂ ଲଲ୍ଲନ ସିଂହ ହେଉଛନ୍ତି ବିଜେପି ନେତାଙ୍କର ସବୁଠାରୁ ବିଶ୍ୱସ୍ତ ସହଯୋଗୀ ।

ରାଜ୍ୟ ବିଧାନସଭା ନିର୍ବାଚନରେ ଏନ୍‌ଡ଼ିଏ ପାଇଥିବା ମୋଟ ୨୦୨ ଆସନ ମଧ୍ୟରୁ ବିଜେପିକୁ ୮୯ଟି ଆସନ ମିଳିଥିବାବେଳେ ଚିରାଗ ପାଶ୍ୱାନଙ୍କ ଏଲ୍‌ଜେପିକୁ ୧୯, ଜିତେନରାମ ମାଞ୍ଝିଙ୍କ ଦଳକୁ ୫ ଓ ଉପେନ୍ଦ୍ର କୁଶୱାହଙ୍କୁ ୪ଟି ଆସନ ମିଳିଛି । ଅବଶିଷ୍ଟ ୮୫ଟି ଆସନ ନୀତିଶକୁମାରଙ୍କ ଜେଡ଼ିୟୁ ପାଇଛି । ସରକାର ଗଠନ ପାଇଁ ୧୨୨ଟି ଆସନର ଆବଶ୍ୟକତା ଥିବାବେଳେ ନୀତିଶଙ୍କ ବିନା ବିଜେପି ଓ ଅନ୍ୟ ସହଯୋଗୀ ମାତ୍ର ୧୧୭ ଆସନ ମଧ୍ୟରେ ସୀମିତ ରହିବେ । ଅନ୍ୟପକ୍ଷରେ ଜେଡ଼ିୟୁକୁ ସମର୍ଥନ ଦେବାକୁ ମହାଗଠବନ୍ଧନ ଏବେ ବି ଗୋଡ଼ ଟେକି ବସିଛି । ଜେଡ଼ିୟୁର ୮୫ ସହ ଆର୍‌ଜେଡ଼ିର ୨୫, କଂଗ୍ରେସ ୬ଟି, ବାମପନ୍ଥୀ ୩ଟି, ଏଆଇଏମ୍‌ଏମ୍‌ର ୫ ଓ ବିଏସ୍‌ପିର ଗୋଟିଏ ଆସନକୁ ମିଶାଇ ସରକାର ଗଠନ ପାଇଁ ଆବଶ୍ୟକ ସଂଖ୍ୟା ଗରିଷ୍ଠତା ହାସଲ ହୋଇ ପାରିବ । ଯଦିଓ ନୀତୀଶ ମହାଗଠବନ୍ଧନ ସହିତ ମିଶି ସରକାର ଗଠନ କରିବାକୁ ସମର୍ଥ, କିନ୍ତୁ ଏହାଦ୍ୱାରା ଜେଡୟୁରେ ବିଭାଜନ ଆଶଙ୍କା ଥିବା ମଧ୍ୟ କୁହାଯାଉଛି । ଅନ୍ୟପକ୍ଷରେ ନୀତିଶଙ୍କ ପରିବର୍ତ୍ତେ ବିଜେପି କେନ୍ଦ୍ର ଗୃହ ରାଷ୍ଟ୍ରମନ୍ତ୍ରୀ ନିତ୍ୟାନନ୍ଦ ରାୟଙ୍କୁ ମୁଖ୍ୟମନ୍ତ୍ରୀ କରିବାକୁ ଚାହୁଁଛି ବୋଲି ଚର୍ଚ୍ଚା ହେଉଛି । ଏପରିକି ବିଜେପିର ପ୍ରସ୍ତାବରେ ସହମତ ହେବାକୁ ଦୁଇ ସହଯୋଗୀ ସଞ୍ଜୟ ଝା ଓ ଲଲନ୍ ସିଂହ ପରୋକ୍ଷରେ ନୀତୀଶକୁମାରଙ୍କୁ ବୁଝାଇବାରେ ଲାଗିଥିଲେ ହେଁ ଏହାକୁ ସେ ସ୍ୱୀକାର କରିନାହାନ୍ତି । ତେଣୁ ନୀତୀଶ ଓ ବିଜେପି ପରସ୍ପର ସହ ରହିବା ଏକ ରାଜନୈତିକ ବାଧ୍ୟବାଧକତା ଓ ପରସ୍ପରକୁ ସହଯୋଗ କରିବାକୁ ବାଧ୍ୟ । ଏହା ସତ୍ତ୍ୱେ ଏବେ ବି ନୀତିଶ ବିହାରରେ ମୁଖ୍ୟମନ୍ତ୍ରୀ ପଦ ପାଇଁ ପ୍ରମୁଖ ଦାବିଦାର ଓ ଏଥିରେ ସାମାନ୍ୟ ପରିବର୍ତ୍ତନ କେବଳ ବିହାର ନୁହେଁ, ଜାତୀୟ ରାଜନୀତିକୁ ବି ପ୍ରଭାବିତ କରିପାରେ ବୋଲି ରାଜନୈତିକ ସମୀକ୍ଷକମାନେ ମତ ଦେଇଛନ୍ତି ।

## ଏଥର କମ୍...

ଏକସଙ୍ଗରେ ମ୍ୟାଚ୍ ଦେଖିପାରୁଥିଲେ । ସିଟ୍ ଗୁଡ଼ିକ ଚଉଡ଼ା କରାଯିବା ପରେ ଏହି ସଂଖ୍ୟା ୩ରୁ ୪ହଜାର ହ୍ରାସ ପାଇବ ବୋଲି ଅନୁମାନ କରାଯାଉଛି । ବାରବାଟୀ ଟି-୨୦ ପାଇଁ ଡିସେମ୍ବର ୧ ତାରିଖରୁ ଅନଲାଇନ୍ ଟିକଟ ବିକ୍ରି କରାଯିବ ବୋଲି ଜିଲ୍ଲାପାଳ ଦତ୍ତାତ୍ରେୟ ଭାଓସାହେବ ସିନ୍ଦେ ସୂଚନା ଦେଇଛନ୍ତି । ସୋମବାର ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇ ଜିଲ୍ଲାପାଳ କହିଛନ୍ତି, ଡିଷ୍ଟ୍ରିକ୍ଟ ବାଏ ଜୋମାଟୋ ଆପ୍ଲିକେସନ ଏବଂ ୱେବସାଇଟ୍‌ରେ ଅନଲାଇନ୍ ଟିକଟ ଉପଲବ୍ଧ ହେବ । ଅନଲାଇନ୍‌ରେ କେତେ ସଂଖ୍ୟକ ଟିକଟ ବିକ୍ରି ନିମନ୍ତେ ଛଡାଯିବ ତାହା ଘୋଷଣା କରାଯାଇନାହିଁ । ଡିସେମ୍ବର ୫ରୁ କାଉଣ୍ଟର ଟିକଟ ବିକ୍ରି କରାଯିବ । ଏହା ଭିତରେ ଡିସେମ୍ବର ୩ ଏବଂ ୪ ତାରିଖରେ ଓସିଏ ସହ ଅନୁବନ୍ଧିତ ୟୁନିଟଗୁଡିକୁ ଟିକଟ ବିକ୍ରି କରାଯିବ ବୋଲି କୁହାଯାଇଛି ।

## ଅଫେରା ରାଇଜରେ...

ହୋଇଥିବା ବେଳେ ଦାଦା ସଂଗୀତ ସଂଯୋଜକ ଥିଲେ । ପିଲାଦିନରୁ ହ୍ୟୁମାନ୍ ସାଗରଙ୍କ ସଙ୍ଗୀତ ପ୍ରତି ଅହେତୁକ ଦୁର୍ବଳତା ଥିଲା । ସେ ଛୋଟବେଳୁ ହିନ୍ଦୁସ୍ତାନୀ ଶାସ୍ତ୍ରୀୟ ସଙ୍ଗୀତ ଓ ଓଡ଼ିଆ ଲୋକସଙ୍ଗୀତରେ ପ୍ରଶିକ୍ଷଣ ନେଇଥିଲେ । ସେ ବିଭିନ୍ନ ସ୍ଥାନୀୟ ପ୍ରଦର୍ଶନୀରେ ଅଂଶଗ୍ରହଣ କରି ନିଜର ପ୍ରତିଭା ପ୍ରଦର୍ଶନ କରିଥିଲେ । ୨୦୧୨ ମସିହାରେ ତାଙ୍କର ସଙ୍ଗୀତ କ୍ୟାରିଅର ଆରମ୍ଭ ହୋଇଥିଲା । ତରଙ୍ଗ ଟିଭିରେ ଆୟୋଜିତ ରିଅଲିଟି ସୋ' 'ଭଏସ୍ ଅଫ୍ ଓଡ଼ିଶା-ସିଜନ୍-୨' ସେ ପ୍ରଥମ ସ୍ଥାନ ଅଧିକାର କରିଥିଲେ । ଏହି ବିଜୟ ତାଙ୍କୁ ଓଡ଼ିଆ ସଙ୍ଗୀତ ଜଗତରେ ପରିଚୟ ଦେଇଥିଲା । ୨୦୧୫ରେ ହ୍ୟୁମାନ୍ ସାଗରଙ୍କର ପ୍ରଥମ ପ୍ଲେ-ବ୍ୟାକ୍ ଡେବ୍ୟୁ ହୋଇଥିଲା ତରଙ୍ଗ୍ ସିନେ ପ୍ରଡକ୍ସନ୍ ପ୍ରଯୋଜିତ ଓଡ଼ିଆ ସିନେମା 'ଇସ୍କ ତୁ ହି ତୁ'ର ଟାଇଟଲ୍ ଟ୍ରାକ୍‌ରୁ । ଅଭିଜିତ୍ ମଜୁମଦାର ଉକ୍ତ ସଂଗୀତର ନିର୍ଦ୍ଦେଶନା ଦେଇଥିଲେ । ଏହାପରଠାରୁ ହ୍ୟୁମାନ୍ ଆଉ ପଛକୁ ଫେରି ଚାହିଁନାହାନ୍ତି । ଗୋଟିଏ ପରେ ଗୋଟିଏ ହିଟ୍ ଗୀତ ଦର୍ଶକଙ୍କୁ ଭେଟି ଦେଇ ନିଜର ନିଆରା ପରିଚୟ ସୃଷ୍ଟି କରିଥିଲେ । ଚଳଚ୍ଚିତ୍ର, ଆଲବମ୍ ସଙ୍ଗୀତରେ ନିଜର ଏକ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିପାରିଥିଲେ । ଏପର୍ଯ୍ୟନ୍ତ ସେ ୨୦ରୁ ଊର୍ଦ୍ଧ୍ୱ ସିନେମା ଓ ୧୦୦ରୁ ଊର୍ଦ୍ଧ୍ୱ ଆଲବମ୍‌କୁ ମିଶାଇ ୧୫ଶହରୁ ଊର୍ଦ୍ଧ୍ୱ ଗୀତରେ କଣ୍ଠଦାନ କରିଛନ୍ତି ।

## ମାଟିରେ ମିଶିବ...

ବାନ୍ଧିଛନ୍ତି । ବାମ ସମାନ୍ତରାଳ ରାସ୍ତା ପାଇଁ ଶହେରୁ ଊର୍ଦ୍ଧ୍ୱ ଘରକୁ ପୂର୍ବରୁ ଭଙ୍ଗାଯାଇଛି । ଏମାନଙ୍କୁ ବୁଦ୍ଧବିହାରରେ ଥଇଥାନ କରାଯାଇଥିଲା । ହେଲେ ଅନ୍ୟଯେଉଁମାନେ ରହିଯାଇଥିଲେ ସେମାନଙ୍କୁ ଆସନ୍ତାକାଲି ଉଚ୍ଛେଦ କରାଯିବ । ଘର ଭାଙ୍ଗିବାକୁ ଥିବା ବସ୍ତି ବାସିନ୍ଦା ଘର ନୁହେଁ ରାଜଧାନୀରେ ଜମିଦାବି କରୁଛନ୍ତି । ଏଥିପାଇଁ ସେମାନେ ଏହି ଘର ଛାଡିବାକୁ ନାରାଜ । ତେବେ ପ୍ରଶାସନ ଏମାନଙ୍କୁ ଜମି ଦେବା ସପକ୍ଷରେ ନାହିଁ । ଯାହା ଉତ୍ତେଜନା ପ୍ରମୁଖ କାରଣ ପାଲଟିବ । ଏହାକୁ ବିରୋଧ କରିବାକୁ ହଜାର ସଂଖ୍ୟାରେ ଲୋକେ ଏକତ୍ରିତ ହେବେ ବୋଲି ବସ୍ତିନେତାମାନେ କହିଛନ୍ତି ।

ସକାଳ ୭ଟାରୁ ସାଲିଆସାହି ଆରମ୍ଭ ହେବ ବସ୍ତି ଉଚ୍ଛେଦ କାର୍ଯ୍ୟକ୍ରମ । ଏଥିପାଇଁ ବ୍ୟାପକ ପରିମାଣରେ ଟ୍ରକ୍ ଏବଂ ଜେସିବି ମୁତୟନ କରାଯିବ । ବିଏମ୍‌ସି ପକ୍ଷରୁ ୬୦ ଜଣିଆ ଏନ୍‌ଫୋର୍ସମେଣ୍ଟ ଟିମ୍ । ଶହେ କର୍ମଚାରୀ ଘଟଣାସ୍ଥଳରେ ନିୟୋଜିତ କରାଯିବ । ପ୍ରତ୍ୟେକ ଜୋନ୍‌ର ଜୋନାଲ ଅଫିସର ଏବଂ ବିଏମ୍‌ସିର ବରିଷ୍ଠ ଅଧିକାରୀ ଉପସ୍ଥିତ ରହିବାକୁ ବିଏମ୍‌ସି କାର୍ଯ୍ୟାଳୟରେ ଆୟୋଜିତ ବୈଠକରେ ଆଲୋଚନା ହୋଇଛି । ପରିସ୍ଥିତିକୁ ଦୃଷ୍ଟିରେ ରଖି ଦମକଳ ଏବଂ ଆମ୍ବୁଲାନ୍ସ ମୁତୟନ କରାଯିବ । ଏହାସହ ଉଚ୍ଛେଦ ହେଉଥିବା ପରିବାର ଲୋକଙ୍କୁ ବୁଦ୍ଧବିହାର ସ୍ଥିତି ଅସ୍ଥାୟୀ ଟ୍ରାଞ୍ଜିଟ୍ ହାଉସ୍‌ରେ ଥଇଥାନ କରାଯିବ । ପରବର୍ତ୍ତୀ ସମୟରେ ଘର ଯୋଗାଇ ଦିଆଯିବ । ସେହିପରି ବିଡିଏ ପକ୍ଷରୁ ୬ଟି ଏନ୍‌ଫୋର୍ସମେଣ୍ଟ ଟିମ୍ ଘଟଣାସ୍ଥଳରେ ମୁତୟନ ରହିବେ ବୋଲି ସୂଚନା ମିଳିଛି ।

## ମହଙ୍ଗା ପଡ଼ିଲା ବିଜେପିର ଜମି ଦେବା ନିର୍ବାଚନ ପ୍ରତିଶ୍ରୁତି

ସାଲିଆସାହିରେ ବସ୍ତି ଭାଙ୍ଗିଲେ ଘର ଦେଇ ଥଇଥାନ କରାଯିବ । ଏଥିପାଇଁ ବୁଦ୍ଧବିହାରରେ ଆବାସ ଘର ନିର୍ମାଣ କରି ଥିଲେ ପୂର୍ବତନ ବିଜେଡି ସରକାର । ହେଲେ ବସ୍ତିବାସିନ୍ଦାଙ୍କ ଭୋଟ୍ ହାତେଇବାକୁ ନିର୍ବାଚନ ବେଳେ ବିଜେପି ଏହାକୁ ସ୍ଥାନୀୟ ଅଞ୍ଚଳରେ ନିର୍ବାଚନର ଏକ ମୁଦ୍ଦା ବନାଇଲା । ଘର ନୁହେଁ ଆମେ ସରକାରକୁ ଆସିଲେ ପ୍ରତ୍ୟେକ ପରିବାରକୁ ଜମି ଦେବୁ । ତାହାପୁଣି ରାଜଧାନୀରେ ୬ ଶହ ବର୍ଗଫୁଟ୍‌ର ଜମି । ଏଥିପାଇଁ ପ୍ରଚାରପତ୍ର ଲୋଖାଯାଇ ଘରେ ଘରେ ବଣ୍ଟାଗଲା । ଲୋକଙ୍କୁ ଜମି ପାଇଁ ଉସୁକାଇଲା । ଭୁବନେଶ୍ୱର ଏମ୍‌ପି ଜାତୀୟସ୍ତରର ଜଣେ ତାରକା ଏମ୍‌ପିଙ୍କୁ ଧରି ସାଲିଆସାହିରେ ଏଭଳି ପ୍ରତିଶ୍ରୁତି ଦେଲେ । ହେଲେ ସରକାରକୁ ଆସିଲା ପରେ ମୁଣ୍ଡରେ ବୁଦ୍ଧି ପସିଲା । ପୂର୍ବ ସରକାର ଯାହା କରୁଥିଲେ ତାହା ଠିକ୍ ବୋଲି କହିଲା । ଜମି ଦେଇ ନୁହେଁ ଘର ଦିଆଯାଇ ଥଇଥାନ କରାଯିବ ବୋଲି ପ୍ରଶାସନ ଦ୍ୱାରା କୁହାଇଲା । କିନ୍ତୁ ବସ୍ତି ବାସିନ୍ଦା ଛାଡିବାକୁ ନାରାଜ । ପ୍ରତିଶ୍ରୁତି ଦେଇଛ ମାନେ ଜମି ଦେବ । ନ ହେଲେ ବିଜେପି ନେତାଙ୍କ ଘର ଘେରିବୁ ବୋଲି ବସ୍ତିବାସିନ୍ଦା ଅଡ଼ିବସିଛନ୍ତି ।

## ରାସ୍ତାର ନକ୍ସା ବଦଳାଯାଉ

ଆମେ ବାମ ପାଶ୍ୱର୍ ସମାନ୍ତରାଳ ରାସ୍ତାର ବିରୋଧ କରୁ ନାହୁଁ । ବସ୍ତି ବାସିନ୍ଦା ସହରର ଜୀବନ ରେଖା, ତେଣୁ ସେମାନଙ୍କୁ କର୍ମସ୍ଥଳୀ ନିକଟରେ ବାସସ୍ଥାନ ଯୋଗାଇ ଦେବା ସରକାରଙ୍କର ଦାୟିତ୍ୱ । ସେମାନଙ୍କୁ ଜମି ଅଧିକାର ପ୍ରମାଣପତ୍ର ପ୍ରଦାନ କରାଯାଉ । ଜଙ୍ଗଲ ଜମିରେ ଅନ୍ୟ କିଛି ହୋଇପାରିବ ନାହିଁ କିନ୍ତୁ ରାସ୍ତା କେମିତି ହୋଇପାରିବ । ପ୍ରଥମେ ଏହି ବସ୍ତିରେ ଦୀର୍ଘ ଦିନ ଧରି ଶ୍ରମଜୀବୀ ଲୋକ ରହୁଛନ୍ତି । ତା ପରେ ରାସ୍ତା ନିର୍ମାଣ ହେଉଛି । ତେଣୁ ରାସ୍ତାର ନକ୍ସା ବଦଳାଯାଉ । ବଳପୂର୍ବକ ବସ୍ତି ଉଚ୍ଛେଦ ନ କରାଯାଉ ବୋଲି ବସ୍ତି ସୁରକ୍ଷା ମଞ୍ଚର ସାଧାରଣ ସମ୍ପାଦିକା ପ୍ରମିଳା କହିଛନ୍ତି ।

## ସବୁ ଆଲୋଚନା ବିଫଳ

ବିଏମ୍‌ସି ବସ୍ତି ନେତାଙ୍କୁ ନେଇ ଆଲୋଚନା କରିବାକୁ ଚାହୁଁଥିଲା । ହେଲେ ଆଲୋଚନା ବିଫଳ ହେଲା । ଫଳରେ ଏଭଳି ନିଷ୍ପତ୍ତି ନିଆଯାଇଛି ବୋଲି ବିଏମ୍‌ସି ପକ୍ଷରୁ କୁହାଯାଇଛି । ଅନ୍ୟପକ୍ଷରେ ସୋମବାର ପୁଲିସ ବସ୍ତିବାସିନ୍ଦାଙ୍କ ସହ ଆଲୋଚନା କରିବାକୁ ଡାକିଥିଲା । କୁହାଯାଇଥିଲା ଡିସିପି ଆଲୋଚନା କରିବେ । ହେଲେ ନାଆଁ ଥାନା ଅଧିକାରୀ । ନାଆଁ ଡିସିପି କେହି ଆସିଲେନି । ବହୁତ ଲୋକ କ'ଣ ପାଇଁ ଆସିଛ ବୋଲି କହି ନୂଆପଲ୍ଲୀ ଥାନା ସେମାନଙ୍କୁ ଫେରାଇ ଦେଲା ।


GOVERNMENT OF ODISHA
OFFICE OF THE EXECUTIVE ENGINEER MURAN DAM DIVISION, KHATIGUDA UPPER INDRAVATI DAM CIRCLE
AT/PO-KHATIGUDA, DIST- NABARANGPUR, PIN-764085
A-869
Email id- eemurandamdivision@gmail.com
TENDER CALL NOTICE NO. EEMDD- 03/2025-26, DATED: 06.11.2025

Bid Documents consisting of work, Estimated Cost, time of completion, Class of Contractors, the set of terms & conditions of contract & other necessary documents can be seen at Office of The Executive Engineer, Muran Dam Division, Khatiguda.

| | | |
|---|---|---|
| 1 | Name Of the Work | :"Deployment of one light Commercial Vehicle (Bolero/TUV-300/SUMO Gold/Ertiga) on hire basis to be engaged for official use of the Executive Engineer, Muran Dam Division, UIDC, Khatiguda for one year / 12 calendar months". |
| 2 | Number of works | One |
| 3 | Estimate cost | Rs. 4,46,400/- (Excluding GST) |
| 4 | Eligibility of the bidders | : Registered Travel Agency / Tour Operators / Private individuals Light Vehicle owners authorized to use the vehicle for commercial purpose having commercial registration certificate, GST Registration No. & PAN. |
| 5 | Period of contract | : 12 (Twelve) Calendar Months |
| 6 | Date & Time of Availability of bid document at the office | From 14.11.2025 (11:00 AM) to 21.11.2025 up to (01:00 PM) |
| 7 | Last Date and Time for receipt of bid at the office | 21.11.2025 (05:00 PM) |
| 8 | Date of opening of the bids online | 24.11.2025 (12:30 PM) |
| 9 | Name & address of the Office of the Office Inviting Bid | Office of The Executive Engineer, Muran Dam Division, At/Po: Khatiguda, Dist.: Nabarangpur, PIN-764085 |

Further details can be seen at the Office of The Executive Engineer, Muran Dam Division, Khatiguda. Any Addendum/Corrigendum/Cancellation, if required, will be published on the Notice Board only.
Sd/- Executive Engineer, Muran Dam Division, Khatiguda
OIPR

AFFIDAVIT
By virtue of an affidavit sworn before Executive Magistrate Bhubaneswar on dated, 17.11.2025, I Rita Kumari Naik resident At-Hariom Colony, Mission Chowk, Word No. 10, Po/Ps- Sundargarh Town, Dist- Sundargarh, Odisha, PIN-770001, declare that I have changed my name from Rita Patel to Rita Kumari Naik. Henceforth, He shall be known as **RITA KUMARI NAIK** for all purposes.

LOST
I, Sri Sana Pangi, S/o- Late Amaya Pangi resident of Vill.- Raipada, Po.- Godihanjar, Ps.- Machkund, Dist.- Koraput state that, I am having a landed property of Mouza- Godihanjar under khata no.-48, Area- AC-7.89 Centin the name of Ghasi Pangi, Raji Pangi and Sana Pangi joint record. Original ROR has been misplaced when I traveled from Raipada to Jeypore. Inspite of my best effort I am unable to trace it out and it is beyond recovery. If in future any person has found the Original ROR while in contact with Sana pangi. Mob No.- 9337954554.

OFFICE OF THE SUPERINTENDING ENGINEER, NIMAPARA IRRIGATION DIVISION, NIMAPARA
e-mail Address: eenidnimapara@gmail.com
1st Corrigendum to e-Procurement Notice No.04 of 2025-26/ Dated 28.10.2025
NID FOR CANCELLATION
No.A-898:The tender for the NID-141 of 2025-26 is here by cancelled due to technical reason.

| Sl. No. | Name of the Work | Bid Identification No. | Tender Cost (in Lakh) (Excl.GST) | EMD | Cost of Document (Online) | Class of bidder | Period of Completion (in days) | Name of Sub-Division |
|---|---|---|---|---|---|---|---|---|
| 1 | 2 | 3 | 4 | 5 | 6 | 7 | 8 | 9 |
| 8 | Improvement to Service Road on K.V. Left Embankment from Marine Drive Road to New Fire Training Building. | NID-141/ 25-26 | 23.62 | 23,700 | 6000/- | "C" & "B" | 4 (Four) Calendar Months | Gop |

All other Terms and Conditions will be remained unchanged.
OIPR-
Sd./- Superintending Engineer
Nimapara Irrigation Division, Nimapara

ଓଡ଼ିଶା ରାଜ୍ୟ ମୁକ୍ତ ବିଶ୍ୱବିଦ୍ୟାଳୟ, ସମ୍ବଲପୁର
ODISHA STATE OPEN UNIVERSITY, SAMBALPUR
Established by an Act of Government of Odisha.
No. 2710 /OSOU/2025 Dt. 17.11.2025
SHORT TENDER NOTICE
Odisha State Open University, Sambalpur invites Short Tender Notice for Event Management Services for PRAYAS: National Conference-2025 to be held from 13th to 15th December, 2025 in the University Campus for successful completion of the Event.
The interested agencies having experiences in the said services may visit our website www.osou.ac.in for more details. Last date of submission of tender proposal - 02.12.2025 (5.00 PM) by Speed Post /Regd. Post.
For more details visit our website: www.osou.ac.in
Sd- Registrar

OFFICE OF THE NOTIFIED AREA COUNCIL, KODALA
Government of Odisha
Odisha, PIN -761032, e-Mail: - nackodala@gmail.com
Lt. No.3140/Dev/2025 Dated.12.11.2025
e- NOTICE
BID IDENTIFICATION No.KOD-NAC-12/2025-26
C-: The Executive Officer, NAC, Kodala, on behalf of Governor of Odisha invites for consultancy or bidders of eligible class registered with the State Govt. and bidders of equivalent grade/ class registered with central Govt./ MES/Railways according to norm of e-procurement system in online mode for the work as per DTCN.
1. Name of the Work :- Civil Work
2. Number of Work :- 11 Nos.
3. Estimated cost :- As per DTCN
4. Period of Completion :- As per DTCN
5. Date and Time of availability of Bid Document in the Portal :- From 10.00AM of Dt. 13/11/2025 to 5.00PM of Dt. 26/11/2025
6. Last date and time for receipt of Bid in the Portal :- 5.00PM of Dt. 26/11/2025
7. The bid received online shall be opened on :- 11.00 AM of dtd. 27/11/2025
8. Name and Address of the Officer inviting Bid : Executive Officer, NAC, Kodala
Further details can be seen from the Procurement Portal: www.tendersorissa.gov.in.
OIPR- Sd./- Executive Officer, Kodala NAC

C-1450
GOVERNMENT OF ODISHA
OFFICE OF THE SUPERINTENDING ENGINEER
P.H. DIVISION, BHANJANAGAR AT CHATRAPUR
E-mail : eephchpr@gmail.com
NATIONAL COMPETITIVE BIDDING THROUGH e-Procurement
Bid Identification No.52/03/SPH(C)/2025-26 dt.07.11.2025
1 Name of the work — 5 (Five) nos. of works
2 Estimate cost — 7.39 lakh to 40.64 lakhs
3 Date & time of availability of bid document in the portal — From 11.00 AM of 15.11.2025 to 5.30 PM of 01.12.2025
4 Last Date / Time of receipt of bid in the portal — 5.30 PM of 01.12.2025
5 Date and time of opening of bids — 1.00 P.M. on dated.03.12.2025
6 Name and address of the Officer inviting the bid — Superintending Engineer, P.H. Division, Bhanjanagar at Chatrapur
Further details can be seen from the e-procurement portal https://www.tenderorissa.gov.in.
Sd./- Additional Chief Engineer
P.H. Division, Bhanjanagar at Chatrapur
OIPR-

ADMISSION NOTICE-2025-26
Manjari Devi College
Affiliated to Utkal University, OUHS, PCI, OSBP & DMLT/RTEB
Campus: 262, Puranpadhan, Balakati, Bhubaneswar
Mob. 7019799641, 7978608747, 9853801459
Email: mdscnbbsr@gmail.com
• B. Pharm Rs. 58,000/- P.A. Eligibility: +2 Sc. (PCB/M & OJEE Appeared)
• D. Pharm Rs. 48,000/- P.A. Eligibility: +2 Sc. (PCB/M)
• B.M.L.T. Rs. 58,000/- P.A. Eligibility: +2 Sc. (PCB/M with 50 % Mark)
• D.M.L.T. Rs. 48,000/- P.A. Eligibility: +2 Sc. Pass (PCB/M)
• M.P.H. Rs. 42,000/- P.A. Eligibility: Any Graguate
ALL COURSE FEES ARE EXCLUDING HOSTEL

AFFIDAVIT
By virtue of an affidavit sworn before the Executive Magistrate, Bhubaneswar Address dated 3.11.2025, I, Baidhar Shau, Vill- Narasinghpur, P.O.:- Bhandaridiha, Dist-Kendujhar, Pin-758025, Odisha declare that, the name of my daughter has changed from Dipika Priyadarshini Shau to Dipika Priyadarshini Sahu. Henceforth, she will be known as Dipika Priyadarshini Sahu for all purposes.

AFFIDAVIT
By virtue of an affidavit no.2888, dtd.16.10.2025 before Notary Public, Jatni, I, Chakradhar Maharana, residing at Ananda Vihar, Godadharmasagar, Jatni, PO/PS–Jatni, Dist-Khurda, Pin–752050 have changed my name from Chakrapani Moharana to Chakradhar Maharana. Henceforth, I shall be known as Chakradhar Maharana for all purposes.
Sd/-Chakradhar Maharana

AFFIDAVIT
By virtue of an affidavit sworn before the Executive Magistrate, Badasahi, Mayurbhanj, dated 10.10.2025, I Apurba Naik, Address At-Narankhunta, Po- Narankhunta, Ps-Badasahi, Dist-Mayurbhanj, State-Odisha, Pin-757075 declare that I have changed my name from Arghuba Naik to Apurba Naik. Henceforth , I shall be known as Apurba Naik for all purposes.
Sd/- Apurba Naik

AFFIDAVIT
By virtue of an affidavit (CF No. 16, date- 17/11/2025) before the Executive Magistrate, Bhubaneswar. I, **Rubina Sahoo,** (Mobile Number: 7894244302), W/o Panchanan Sahoo, resident of At- Plot No. LIG-231, Baramunda Housing Board Colony, Near Radhakrishna Temple, Baramunda, Bhubaneswar, Dist- Khurda, Odisha, PIN- 751003, Odisha declare that, I have correction my name from **Rubina Rani Sahoo to Rubina Sahoo** in my son's school record (Name: **Biswaroop Sahoo,** School: KV-2, Bhubaneswar).
**Rubina Sahoo**

AFFIDAVIT
I, Rasmi Ranjan Barik, aged about 48 years, S/o Late Rabindra Kumar Barik, resident of At- Baulakuda, Dadhibamanpur, Bentkar, Dist- Cuttack, PIN- 754112, Odisha declare by this affidavit No. 9829, date- 19/09/2025, that now onwards I shall be known as **RASHMI RANJAN BARIK** for all future purposes.

AFFIDAVIT
By virtue of an affidavit before The Notary Public, Titilagarh, on dated- 17/11/2025. I, **Jangyasini Nag** (new name) formerly called as Jagyanseni Nag (old name), D/o Bhima Nag, Permanent resident of At- Belpadar, P.O. Sirol, P.S. Titilagarh, Dist- Balangir (Odisha), PIN- 767033 now residing at the same place affirm that I have changed my name from **Jagyanseni Nag** (old name) to **Jangyasini Nag** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Jangyasini Nag** (new name).
**Jangyasini Nag**

AFFIDAVIT
By virtue of an affidavit no.2889, dtd.16.10.2025 before Notary Public, Jatni, I, Laxmipriya Maharana, At- Loco Settlement, PO/PS-Jatni, Dist-Khordha, present residing at Ananda Vihar, Godadharmasagar, Jatni, PO/PS- Jatni, Dist-Khordha -752050 have changed my name from Bisnupriya Moharana to Laxmipriya Maharana. Henceforth, I shall be known as Laxmipriya Maharana for all purposes.
Sd/-Laxmipriya Maharana

AFFIDAVIT
I, **Beautirani Parichha,** D/o.: Mrutyunjaya Parichha, Permanent resident of At/ PO.: Narayanpur, P.S.: Rayagad, Dist.: Gajapati, Odisha-761212 declare by this Affidavit No.: 6017, sworn before Executive Magistrate, Angul on Dt.17.11.2025 that from now onwards my name Beauti Parichha will be known as **Beautirani Parichha** for all future legal purposes.

AFFIDAVIT
By Virtue of an affidavit dtd. 16.11.2025 before the Notary Public, M.Rampur, Dist Kalahandi,I, Binod Kumar Sahu, Have changed my minor daughter name and DOB from Pragya parimiti Sahu, DOB- 28.05.2012 to Pragya Parimita Sahu, DOB- 23.04.2012. Hence forth she will be Known as pragya Parimita Sahu and her DOB is 23.04.2012 for all purposes.
Sd/- Binod Kumar Sahu

AFFIDAVIT
I JAMI RASHMITA, W/o JAMI ANIL KUMAR, resident of At- Gulipatna, Po./Ps.- Umarkote, ,Dist.- Nabarangpur- 764 073 Odisha declare by this Affidavit No.1893, Dated- 11/11/2025,that now onwards I shall be known as **JAMI RASMITA PATRA** for all future purpose.

AFFIDAVIT
I, Gohil Mosinbhai Husenibhai, S/o- Husenibhai Rasulbhai gohil, resident of 364/1900, Sarala Nagar, Laxmisagar, Bhubaneswar (M.C), Khordha, Odisha, Pin- 751006, declare by this affidavit No.311/2025, dated- 11.11.2025, that now onwards I shall be known as **Mohsinbhai Husenibhai Gohil** for all future purposes.

AFFIDAVIT
Punam Agarwalla, D/O- Sarat Chandra Tulsian, Residence of ward no-2 Babusahi, po-Baripada, ps- Baripada Town, Dist- Mayurbhanj-757001 Odisha, declared by this affidavit no-243,Dated- 17/11/2025 that now onwards I shall be known as **PUNAM AGARWAL** for all future purpose.

AFFIDAVIT
By virtue of an affidavit sworn before the Executive Magistrate, Baramba Dt. 27.10.2025 I Santosh Kumar Sahoo of Vill/Po-Jhajia, Ps- Baramba, Dist-Cuttack declare that I have changed the name of my minor daughter name from Nishigandha Sahoof to Nishigandha Sahoo in Aadhar card. Henceforth, she shall be known as **Nishigandha Sahoo** for all purposes.

AFFIDAVIT
By virtue of an affidavit sworn before Executive Magistrate, Bhubaneswar, SL.No- 3 on dated 17-11-2025 I, **MADHUSREE KUANR,** W/o Bikash Chandra Rout permanent resident of Plot No- B/27/A, Phase-2, Krishna Garden, Jagamara, VTC- Khandagiri, Po- Khandagiri, Ps- Khandagiri, Dist- Khordha, Pin- 751030, declare that I have changed my name from **MADHUSHRI ROUT** (Old name) to **MADHUSREE KUANR** (New name), Henceforth, I shall be known as **MADHUSREE KUANR** for all future purposes.
Sd-( **MADHUSREE KUANR**)

AFFIDAVIT
By virtue of an affidavit before the Notary Public, Titilagarh, on dated- 17/11/2025. I, **Subash Murlli** (applicant name), S/o- Narasingha Murlli, permanent resident of AT- Sargiguda W.N. 1, Titilagarh, PO/PS- Titilagarh, Dist- Balangir, (Odisha), PIN- 767033 now residing at the same place declare that I have changed my minor daughter's name from **Bubul Murali** (old name) to **Bulbul Murlli** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion she shall be known as **Bulbul Murlli** (new name) for all future purposes.
**Subash Murlli**

## ଚିହ୍ନଟ ଚାଲିଛି ବାଂଲାଦେଶୀ ଅନୁପ୍ରବେଶକାରୀ

# ସବୁ ଜବରଦଖଲରେ ଚାଲିବ ବୁଲ୍‌ଡୋଜର

ଜଗତସିଂହପୁର,୧୭।୧୧(ସମିସ)

ସବୁ ବେଆଇନ୍ ଅନୁପ୍ରବେଶକାରୀଙ୍କ ଚିହ୍ନଟ ଚାଲିଛି। ଯେଉଁମାନଙ୍କ ପାଖରେ ବୈଧ କାଗଜପତ୍ର ନଥିବ ଏବଂ ସରକାରୀ ଜାଗାକୁ ଜବରଦଖଲ କରିଥିବେ; ସେ ସବୁ ଉପରେ ବୁଲ୍‌ଡୋଜର ଚାଲିବ ବୋଲି କେନ୍ଦ୍ରାଞ୍ଚଳ ଡିଆଇଜି ସତ୍ୟଜିତ୍ ନାୟକ କହିଛନ୍ତି। ଆଜି ପ୍ରାଥମିକ ଭାବେ ଦୁଇଟି ପର୍ଯ୍ୟାୟରେ ବେହେରାମ୍‌ପୁର ଓ ଧନିପୁରରେ ୧୬ଟି ଘର ଭଙ୍ଗା ଯାଇଥିବା ସେ କହିଛନ୍ତି।

ଗତକାଲି ବେହେରାମ୍‌ପୁରରେ ସନ୍ଦିଗ୍ଧ ବାଙ୍ଗ୍‌ଲାଦେଶୀ ଚିହ୍ନଟ ଏବଂ ସେମାନଙ୍କ ନିକଟରୁ ମାରାଣାସ୍ତ୍ର ଜବତ ପରେ ଆଜି ଅପରାହ୍ନରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟସ୍ଥିତ ସଦଭାବନା ସଭାଗୃହଠାରେ କେନ୍ଦ୍ରାଞ୍ଚଳ ଡିଆଇଜି ସତ୍ୟଜିତ ନାୟକଙ୍କ ଦ୍ୱାରା ଏ ସଂପର୍କିତ ଏକ ସାମ୍ବାଦିକ ସମ୍ମିଳନୀରେ ଏଭଳି ସୂଚନା ଦିଆଯାଇଛି। ସାମ୍ବାଦିକ ସମ୍ମିଳନୀରେ ଡିଆଇଜି କହିଛନ୍ତି, ସମଗ୍ର ରାଜ୍ୟରେ ସନ୍ଦେହଜନକ ଓ ବେଆଇନ ଭାବେ ରହୁଥିବା ଅନ୍ୟ ଦେଶର ଅନୁପ୍ରବେଶକାରୀମାନଙ୍କୁ ଚିହ୍ନଟ ଓ କାର୍ଯ୍ୟାନୁଷ୍ଠାନ ନିମନ୍ତେ ଦୃଢ଼ ପଦକ୍ଷେପ ନିଆଯାଉଛି।



ଏହି ପରିପ୍ରେକ୍ଷୀରେ ଜଗତସିଂହପୁର ଜିଲ୍ଲାରେ ମଧ୍ୟ ଜିଲ୍ଲାପାଳ ଓ ଆରକ୍ଷୀ ଅଧିକ୍ଷକଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ବିଭିନ୍ନ ଜାଗାରେ ଚଢ଼ଉ କରାଯାଉଛି। ଆଜି ପୂର୍ବାହ୍ନରେ ବେରହାମପୁର ଓ ଅପରାହ୍ନରେ ଧନୀପୁର୍‌ଠାରେ ବେଆଇନ ସରକାରୀ ଜାଗାରେ ଥିବା ଜବରଦଖଲକୁ ବୁଲ୍‌ଡୋଜର ସାହାଯ୍ୟରେ ଉଚ୍ଛେଦ କରାଯାଇଛି। ଦୁଇଟି ପର୍ଯ୍ୟାୟରେ ଏହି କାର୍ଯ୍ୟ ହୋଇଥିଲା। ପ୍ରଥମ ପର୍ଯ୍ୟାୟରେ ୧୦ ବଖରା ଘର ଭଙ୍ଗା ଯାଇଥିବା ବେଳେ ଦ୍ୱିତୀୟ ପର୍ଯ୍ୟାୟରେ ୬ ରୁ ୭ ବେଆଇନ ଜବରଦଖଲ ଉଚ୍ଛେଦ ହୋଇଥିଲା। ଏହି ସମ୍ମିଳନୀରେ ଉପସ୍ଥି ଥିବରା ଜିଲ୍ଲାପାଳ ଜେ. ସୋନାଲ କହିଛନ୍ତି, ଜିଲ୍ଲା ପ୍ରଶାସନ ଓ ପୁଲିସ ପ୍ରଶାସନ ପକ୍ଷରୁ ଜିଲ୍ଲାରେ ଥିବା ୧୩୦୦ରୁ ଉର୍ଦ୍ଧ୍ୱ ରାଜସ୍ୱ ଗ୍ରାମ ଓ ୧୯୮ ପଞ୍ଚାୟତ ଓ ୨ ପୌରପାଳିକାରେ ନିରନ୍ତର ଭାବେ ଚିହ୍ନଟ ପ୍ରକ୍ରିୟା ଜାରିରହିଛି। ସନ୍ଦେହ ଘେରରେ ଆସୁଥିବା ବେଆଇନ ଅନୁପ୍ରବେଶକାରୀଙ୍କର ଆଇନ୍ ଅନୁଯାୟୀ ତଦନ୍ତ ସହ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ସେ କହିଥିଲେ। ଆରକ୍ଷୀ ଅଧିକ୍ଷକ ଅଙ୍କିତ କୁମାର ବର୍ମା କହିଥିଲେ ଯେ, ଗତକାଲି ୩ ଓ ଆଜି ୧୦ରୁ ଉର୍ଦ୍ଧ୍ୱ ବ୍ୟକ୍ତିଙ୍କୁ ଅଟକ ରଖାଯାଇ ସେମନଙ୍କର ଯାଞ୍ଚ କରାଯାଉଛି। ସେମାନଙ୍କ ମଧ୍ୟରୁ କିଛି ଜଣ ସେମାନେ ବାଂଲାଦେଶୀ ନାଗରିକ ବୋଲି ସ୍ୱୀକାର କରି ଥିବା ବେଳେ ଅନ୍ୟମାନେ ଯାଞ୍ଚ ସମୟରେ ନିଜର ସଠିକ୍ ପରିଚୟ ପତ୍ର, ଜମିଜମା ସଂପର୍କିତ ବିବରଣୀ ଓ ପ୍ରମାଣ ଦେବାରେ ଅସମର୍ଥ ହୋଇଛନ୍ତି। ସେମାନଙ୍କର ଯାଞ୍ଚ ପ୍ରକ୍ରିୟା ଚାଲୁ ରହିଛି। ଏଥି ସହିତ ବିଭିନ୍ନ ଜାଗାରେ ବାହାର ରାଜ୍ୟର ଲୋକମାନଙ୍କୁ ଘରଭଡ଼ା ଦେଉଥିବା ଘରମାଲିକମାନେ ସେମାନଙ୍କର ପରିଚୟପତ୍ର ଯାଞ୍ଚ କରିବା ସହ ନିକଟସ୍ଥ ଥାନାରେ ସୂଚନା ଦେବା ପାଇଁ ଆରକ୍ଷୀ ଅଧିକ୍ଷକ ପରାମର୍ଶ ଦେଇଥିଲେ। ସେହିପରି ବିଭିନ୍ନ ହୋଟେଲ, ଗେଷ୍ଟହାଉସ ଆଦିରେ ମଧ୍ୟର ନେଇ ସ୍ୱତନ୍ତ୍ର ଅପରେସନ କେବଳ ଜିଲ୍ଲା ବା ରାଜ୍ୟରେ ନୁହେଁ ବରଂ ସମଗ୍ର ଦେଶରେ ଚାଲିଛି। ଜଗତସିଂହପୁର ଜିଲ୍ଲାରେ ଅତ୍ୟନ୍ତ ସଫଳତାର ସହ ଏହି ପ୍ରକ୍ରିୟାରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଥିବାରୁ ଡିଆଇଜି ଜିଲ୍ଲାପାଳ, ଆରକ୍ଷୀ ଅଧିକ୍ଷକ ଓ ତାଙ୍କ ଟିମକୁ ପ୍ରଶଂସା କରିଥିଲେ।

## ଢିଙ୍କିଆରେ ବୁଲିଲା ବୁଲଡୋଜର



ପାରାଦୀପ,୧୭।୧୧(ସମିସ): ଢିଙ୍କିଆ ଅଞ୍ଚଳରେ ସରକାରୀ ଜମି ଜବରଦଖଲକାରୀଙ୍କ ଉପରେ ଜିଲ୍ଲା ପ୍ରଶାସନ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେଇଛି। ଏପରିକି ବୁଲଡୋଜର ସାହାଯ୍ୟରେ ସରକାରୀ ଜାଗାରେ ଜବରଦଖଲକାରୀଙ୍କ ଘର ଭାଙ୍ଗି ଚୁରମାର କରିଦେଇଛି। ଢିଙ୍କିଆରେ ସରକାରୀ ଯାଗାରେ ଏଭଳି ଉଚ୍ଛେଦ ପ୍ରଥମ ଥର ବୋଲି କୁହାଯାଉଛି। ଆଜି ଦିନ ପାଖାପାଖି ୧୦ଟା ହେବ ଏରସମା ତହସିଲଦାର ସ୍ନିଗ୍ଧା ବେହେରା ଓ ଅନ୍ୟ ପ୍ରଶାସନ ଅଧିକାରୀଙ୍କ ସହିତ ଅଭୟଚାନ୍ଦପୁର ଥାନା ଅଧିକାରୀ ସମୀର କୁମାର ରାଉତ ଓ ଥାନା ପୁଲିସଙ୍କ ଉପସ୍ଥିତରେ ଢ଼ିଙ୍କିଆ ୟୁପି ସ୍କୁଲ ନିକଟରେ ନିର୍ମାଣ କରାଯାଇଥିବା ଏକ କ୍ଲବ ଘରକୁ ବୁଲଡୋଜର ଲଗାଇ ଭାଙ୍ଗି ଦିଆଯାଇଛି। ତେବେ ଏଭଳି ଉଚ୍ଛେଦ ପରେ ସପକ୍ଷ ଓ ବିରୋଧୀଙ୍କ ମଧ୍ୟରେ ଏକ ପ୍ରକାର ଛକାପଞ୍ଝା ଦେଖାଦେଇଛି। ଜବରଦଖଲକାରୀଙ୍କ ମଧ୍ୟରେ ଛନକା ପଶିଛି। କ୍ଲବ ନାଁରେ କିଛି ଅସାମାଜିକ ଯୁବକ ଏଠାରେ ସରକାରୀ ଜାଗାରେ ଜବରଦଖଲ କରି ଆଡ୍ଡା ଜମାଇବା ପାଇଁ ପ୍ରୟାସ ଆରମ୍ଭ କରିଥିଲେ। ପ୍ରଶାସନ ନିକଟରେ ଏ ସମ୍ପର୍କରେ ସ୍ଥାନୀୟ ଲୋକମାନେ ଅଭିଯୋଗ କରିବା ପରେ ଆଜି ପ୍ରଶାସନ ପକ୍ଷରୁ ଏଭଳି କାର୍ଯ୍ୟାନୁଷ୍ଠାନ ନିଆଯାଇଛି।

## ୩ କେଜି ଗଞ୍ଜେଇ ଜବତ : ଜଣେ ଗିରଫ

ପାରାଦୀପ, ୧୭।୧୧ (ସମିସ): ପାରାଦୀପ ଆଦର୍ଶ ଥାନା ଅଧୀନ ପିପିଏଲ ଛକ ନିକଟରୁ ଆଜି ସନ୍ଧ୍ୟାରେ ଜଣେ ଗଞ୍ଜେଇ ବେପାରିକୁ ପୁଲିସ ଗିରଫ କରିଛି। ସେ ହେଲା ପିପିଏଲ ଛକ ନିକଟ ରାଇସମିଲ ପଡାର ଯୋଗେନ୍ଦ୍ର ବେହେରା (୫୧)। ତା' ନିକଟରୁ ୩ କିଲୋ ଓଜନର ଗଞ୍ଜେଇ ଜବତ କରିଛି ପୁଲିସ। ସେ ଜଣେ ନିୟମିତ ଗଞ୍ଜେଇ ବେପାରୀ ବୋଲି ପୁଲିସ ସୂଚନା ଦେଇଛି। ପିପିଏଲ ଛକ ନିକଟରେ ଗଞ୍ଜେଇ ଗରାଖଙ୍କୁ ବିକ୍ରି କରୁଥିବା ବେଳେ ପୁଲିସ ମାଡି ବସିଥିଲା। ଆସନ୍ତା କାଲି ଅଭିଯୁକ୍ତକୁ କୋର୍ଟଚାଲାଣ କରାଯିବ ଏନେଇ ଥାନାରେ ଏକ ମାମଲା ରୁଜୁ କରାଯାଇଛି।

## ମା' ଦକ୍ଷିଣେଶ୍ୱରୀ ଟୁର୍ଣ୍ଣାମେଣ୍ଟ ଉଦ୍‌ଯାପିତ

ବାଲିକୁଦା,୧୭।୧୧(ସମିସ): ବାଲିକୁଦା ବ୍ଲକ ଅଳଭର ପଞ୍ଚାୟତରେ ଫ୍ରେଣ୍ଡସ୍ କ୍ଲବ ଦ୍ୱାରା ତିନି ଦିନ ଧରି ଚାଲିଥିବା ତ୍ରିଦିବଶୀୟ ମା' ଦକ୍ଷିଣେଶ୍ୱରୀ ଟୁର୍ଣ୍ଣାମେଣ୍ଟ ଉଦଯାପିତ ହୋଇଯାଇଛି। ଟୁର୍ଣ୍ଣାମେଣ୍ଟରେ ୧୬ଟି ଟିମ ଭାଗ ନେଇଥିଲବା ବେଳେ କାକଟପୁର ଏକାଦଶ ଏବଂ ବ୍ଲାକ ଡାଇମଣ୍ଡ ଜଗତସିଂହପୁର ଫାଇନାଲକୁ ଉନ୍ନିତ ହେଇଥିଲେ। ଉଦ୍‌ଯାପନୀ ଦିବସରେ ମୁଖ୍ୟଅତିଥି ଭାବରେ ଅଳାଭର ସରପଞ୍ଚଙ୍କ ପ୍ରତିନିଧି ବିଭୁତି ଭୂଷଣ ସ୍ୱାଇଁ ଏବଂ ସମ୍ମାନିତ ଅତିଥି ଭାବରେ ଫ୍ରେଣ୍ଡ୍ସ କ୍ଲବର ଆବାହକ ସୁରେଶ ଚନ୍ଦ୍ର ଷଡ଼ଙ୍ଗୀ ଯୋଗ ଦେଇଥିଲେ। ଫାଇନାଲ ମ୍ୟାଚରେ କାକଟପୁର ଟିମ ୨-୧ରେ ବିଜୟୀ ହେଇଥିଲା ବେଳେ କାକଟପୁର ଟିମର ଅଙ୍କିତ ତ୍ରିପାଠୀ ମ୍ୟାନ ଅଫ ଦି ଟୁର୍ଣ୍ଣାମେଣ୍ଟ ବିବେଚିତ ହେଇଥିଲେ। ଫ୍ରେଣ୍ଡସ୍ କ୍ଲବର ସଭାପତି ବିଷ୍ଣୁବ୍ରତ ଶତପଥୀ, ସମ୍ପାଦକ ଶ୍ରୀନାଥ ସ୍ୱାଇଁଙ୍କ ସମେତ ସମସ୍ତ କାର୍ଯ୍ୟକର୍ତ୍ତା ସାହାଯ୍ୟ ସହଯୋଗ କରିଥିଲେ।

## ସୂଚନା ଅଧିକାର କର୍ମୀଙ୍କ ବୈଠକ



ଜଗତସିଂହପୁର,୧୭।୧୧(ସମିସ): ଆସନ୍ତା ନଭେମ୍ବର ୨୦ ତାରିଖରେ ରାଜ୍ୟ ସୂଚନା କମିଶନଙ୍କ ବିରୋଧରେ ବିକ୍ଷୋଭ ଓ ଅସ୍ୱାଭାବିକ ନିର୍ଦ୍ଦେଶକୁ ଦାହ କରାଯିବ। ଏଥିପାଇଁ ଜଗତସିଂହପୁର ଜିଲ୍ଲାର ସୂଚନା କର୍ମୀମାନଙ୍କ ପକ୍ଷରୁ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଉକ୍ତ ବୈଠକରେ ବରିଷ୍ଠ ସୂଚନା ଅଧିକାର କର୍ମୀ ଗୋବିନ୍ଦ ଓଝା ସଭାପତିତ୍ୱ କରିଥିବା ବେଳେ କୁଜଙ୍ଗର ଆଇନଜୀବୀ ତୋଫାନ କୁମାର ସାହୁ, ମମତା ସାହୁ, ଜିଲ୍ଲା ଆବାହିକା ବିଜୟଲକ୍ଷ୍ମୀ ମହାପାତ୍ର, ସଂଯୋଜକ ପୂର୍ଣ୍ଣ ଚନ୍ଦ୍ର ମହାପାତ୍ର ଓ ନାଉଗାଁର ରାଜେଶ ପ୍ରମୁଖ ଯୋଗଦେଇ ରାଜ୍ୟ ସୂଚନା କମିଶନଙ୍କ ଜନ ବିରୋଧୀ ନିର୍ଦ୍ଦେଶକୁ ଦୃଢ ନିନ୍ଦା କରିଥିଲେ। ଅପାରଗ ଓ ଅନଭିଜ୍ଞ ମୁଖ୍ୟ ସୂଚନା କମିଶନର ମନୋଜ ପରିଡ଼ାଙ୍କ ସମେତ ଅନ୍ୟ ସୂଚନା କମିଶନରଙ୍କ ବହିଷ୍କାର ଦାବିରେ ଓଡ଼ିଶା ସୂଚନା ଅଧିକାର ଅଭିଯାନ ଆସନ୍ତା ନଭେମ୍ବର ୨୦ ତାରିଖରେ ରାଜ୍ୟ ବ୍ୟାପୀ ବିକ୍ଷୋଭ ଓ କେଶ୍ ଅର୍ଡର ପୋଡ଼ି ଅଭିଯାନ ହେଉଥିବା ବେଳେ ଜଗତସିଂହପୁର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ମଧ୍ୟ ଏଭଳି କାର୍ଯ୍ୟକ୍ରମ ଆୟୋଜନ କରାଯିବ। ସୂଚନା ଅଧିକାର ଆଇନର ସୁରକ୍ଷା ଓ ସଠିକ ଢଙ୍ଗରେ କାର୍ଯ୍ୟକାରିତା ପାଇଁ ଏହି ଆନ୍ଦୋଳନରେ ସାମିଲ ହେବାକୁ ସଚେତନ ଜିଲ୍ଲାବାସୀଙ୍କୁ ସୂଚନା ଅଧିକାର କର୍ମୀ ସଂଗଠନ ପକ୍ଷରୁ ନିବେଦନ କରାଯାଇଛି।

## ଚିକିତ୍ସାରେ ବାଧକ ସାଜିଛି ଅର୍ଥାଭାବ

# କଲେଜ ପଢୁଆ ଝିଅର ଗୋଡ଼ରେ ପଡିଛି ଶିକୁଳି

ପାରାଦୀପ,୧୭।୧୧(ସମିସ): ଲୁହା ଶିକୁଳିରେ ବନ୍ଧାପଡିଛି ଜ୍ୟୋସ୍ନାଙ୍କ ସ୍ୱପ୍ନ। ଗୋଡ଼ରେ ପଡିଛି ଲୁହାର ଜଞ୍ଜିର। ଯେଉଁ ଝିଅ ଦିନେ ପାଠ ପଢି ପରିବାରର ବୋଝ ମୁଣ୍ଡାଇବା ପାଇଁ ଅଣ୍ଟା ଭିଡୁଥିଲା, ଆଜି ସିଏ ହୋଇପଡିଛି ପରିବାର ପାଇଁ ବୋଝ। ବାପାଙ୍କ ମୃତ୍ୟୁ ପରେ ଚାଳ ଛପର ଘରେ ଦାରିଦ୍ରତାକୁ ନେଇ ବଞ୍ଚିବାକୁ ସଂଗ୍ରାମ କରୁଛନ୍ତି ପରିବାର। ଏଭଳି ଏକ ହୃଦୟ ବିଦାରକ ଦୃଶ୍ୟ ଦେଖିବାକୁ ମିଳିଛି ବନ୍ଦର ନଗରୀ ପାରାଦୀପରେ।



ପାରାଦୀପ ନୂଆବଜାର ୧୪ ନମ୍ବର ୱାର୍ଡର ସଂଜୟ ଗାନ୍ଧୀ ବସ୍ତିରେ ରହୁଛନ୍ତି ନଳିନୀ ସ୍ୱାଇଁ ଓ ତାଙ୍କ ପରିବାର। ଦିନ ଥିଲା ହସଖୁସିରେ ଫାଟିପଡୁଥିଲା ନଳିନୀଙ୍କ ସଂସାର। ଗୋଟିଏ ଛୋଟ ସାଇକଲ ଦୋକାନ କରି ପ୍ରସନ୍ନ କୁମାର ସ୍ୱାଇଁ ଛଅ ପ୍ରାଣୀଙ୍କ ମୁହଁରେ ଆହାର ଦେଇ ସଂସାର କୁ ଚଳେଇ ନେଉଥିଲେ। ମାତ୍ର ଆଜିକୁ ବର୍ଷେ ହୋଇଯିବ ହଠାତ ହୃତଘାତରେ ମୃତ୍ୟୁବରଣ କଲେ ପ୍ରସନ୍ନ। ସତେ ଯେପରି ନଳିନୀଙ୍କ ମୁଣ୍ଡ ଉପରେ ଭାଙ୍ଗିପଡିଲା ଦୁଃଖର ପାହାଡ। ସ୍ୱାମୀଙ୍କ ମୃତ୍ୟୁର ଦୁଇ ବର୍ଷ ପୂର୍ବରୁ ୨୦ ବର୍ଷୀୟା କଲେଜ ପଢୁଆ ଝିଅ ହଠାତ ମାନସିକ ଭିନ୍ନକ୍ଷମ ହୋଇଗଲା। ଖାଲି ଏଣ୍ଡେତେଣ୍ଡୁ ଗପି ବାହାରକୁ ଦୌଡିବାକୁ ଲାଗିଲା। ଦେହରେ ନିଆଁ ଲଗାଇବା ସହ ବସ୍ତ୍ର ମଧ୍ୟ ଦେହରେ ରଖିଲାନାହିଁ। ଝିଅର ଏଭଳି ଅବସ୍ଥା ଦେଖି ମା' ନଳିନୀ ତାଙ୍କୁ କଟକ ମେଡିକାଲକୁ ନେଇଗଲେ। ପରୀକ୍ଷା, ନିରୀକ୍ଷା ପରେ ଝିଅର ଚିକିତ୍ସା ଆରମ୍ଭ ହେଲା। ମାତ୍ର ଝିଅ ଠାରେ କୌଣସି ପରିବର୍ତ୍ତନ ଦେଖାଗଲା ନାହିଁ। ହେଲେ ଆହୁରି ଭଲ ଚିକିତ୍ସା ପାଇଁ ଅର୍ଥ ସାଜିଥିଲା ବାଧକ। ଶେଷରେ ନଳିନୀ ଝିଅର ଏଭଳି ଅବସ୍ଥାକୁ ଦେଖି ଲୁହା ଶିକୁଳିରେ ଗୋଡକୁ ବାନ୍ଧି ଦେଲେ। ଯେପରି ଝିଅ ଆଉ ବାହାରକୁ ଯାଇପାରିବ ନାହିଁ, ଆଉ ପରଘରେ କାମ କରି ଦିପଇସା ଆଣି ପାଞ୍ଚ ପ୍ରାଣୀଙ୍କ ମୁହଁରେ ଦିମୁଠା ଦାନା ଦେବାକୁ ଚେଷ୍ଟା କରୁଛି ବୋଲି କୋହ ଭରା କଣ୍ଠରେ କହିଛନ୍ତି ମା' ନଳିନୀ।

ବାପା ଜୀବିତ ଥିବା ବେଳେ ବଡ ଝିଅ ଜ୍ୟୋସ୍ନା କଲେଜରେ ପାଠ ପଢୁଥିଲେ। ଭଲ ପାଠ ପଢୁଥିବାରୁ ଚାକିରି କରି ପରିବାରର ଦାୟିତ୍ୱ ନେବେ ଏବଂ ସାନ ଭାଇ ଭଉଣୀଙ୍କୁ ଭଲ ମଣିଷ କରିବେ ବୋଲି କହୁଥିଲେ। ହେଲେ ଓଲଟିଗଲା ସବୁକିଛି। ହଠାତ୍ ଜ୍ୟୋସ୍ନା ମାନସିକ ଭାରସାମ୍ୟ ହରାଇ ବସିଲେ। ଯିଏ ପରିବାରର ଦାୟିତ୍ୱ ନେବାକୁ ସ୍ୱପ୍ନ ଦେଖୁଥିଲା, ଆଜି ସିଏ ପରିବାର ପାଇଁ ବୋଝ ପାଲଟି ଯାଇଛନ୍ତି। ତାଙ୍କର ସେହି ସ୍ୱପ୍ନ ଓ ଭବିଷ୍ୟତ ଆଜି ବନ୍ଧା ପଡ଼ିଛି ଲୁହା ଶିକୁଳିରେ। ସରକାରଙ୍କ ଅନେକ ଯୋଜନା ଅଛି, ମାତ୍ର ନଳିନୀଙ୍କ କ୍ଷେତ୍ରରେ ସବୁ ଯେପରି ସ୍ୱପ୍ନ। ନା ମାନସିକ ଭିନ୍ନକ୍ଷମ ଝିଅକୁ ଭତ୍ତା ମିଳୁଛି ନା ନଳିନୀକୁ ବିଧବା ଭତ୍ତା। ଏଣେତେଣେ ପ୍ରଶାସନିକ ଅଧିକାରୀଙ୍କ ପାଖକୁ ଦୌଡି ଦୌଡି ନୟାନ୍ତ ହେଲେ ବି କେହି ତାଙ୍କ କଥା ଶୁଣୁନାହାନ୍ତି। ଅନ୍ୟପଟେ ଝିଅର ଏଭଳି ଅବସ୍ଥା ଦେଖି ସାହି ପଡିଶା କିଛି କିଛି ସାହାଯ୍ୟ କରୁଥିଲେ ବି ତାହା ସମୁଦ୍ରକୁ ଶଙ୍ଖେ ସଦୃଶ୍ୟ। ଝିଅ କେତେବେଳେ ବାଉଳି, ଚାଉଳି ହେଉଛି ତ ଆଉ କେତେବେଳେ ସବୁକିଛି ଜାଣିପାରୁଛି, ଆଉ ସମସ୍ତଙ୍କୁ ଚିହ୍ନି ପାରୁଛି। ଯଦି ଉପଯୁକ୍ତ ଚିକିତ୍ସା ମିଳନ୍ତା ତେବେ ନିଶ୍ଚିନ୍ତ ଜ୍ୟୋସ୍ନା ଭଲ ହୋଇପାରନ୍ତା ଆଉ ମା'ର ସ୍ୱପ୍ନକୁ ପୂରଣ କରିପାରନ୍ତା ବୋଲି ସ୍ଥାନୀୟ ବାସିନ୍ଦା ଓ ପ୍ରକାଶ କରିଛନ୍ତି। ଝିଅ ଜ୍ୟୋସ୍ନାକୁ ସୁସ୍ଥ କରିବା ସହ ତିନି ପୁଅଙ୍କୁ ମଣିଷ କରିବାକୁ ମାଆ ନଳିନୀ ସଂଗ୍ରାମ କରୁଥିବା ବେଳେ ସରକାରୀ ବା ବେସରକାରୀ ସାହାଯ୍ୟ ମିଳିଲେ ଜ୍ୟୋସ୍ନା ନୂଆ ଜୀବନ ପାଇ ଭବିଷ୍ୟତ ଗଢିପାରିବ ବୋଲି ମା' ଗଣମାଧ୍ୟମ ଆଗରେ ମୁହଁ ଖୋଲି କହିଛନ୍ତି।

## ଟି.ଭେନୁଗୋପାଳ ପାରାଦୀପ ବନ୍ଦର ଉପାଧ୍ୟକ୍ଷ



ପାରାଦୀପ,୧୭।୧୧(ସମିସ): ଆଜି ଟି.ଭେନୁଗୋପାଳ ପାରାଦୀପ ବନ୍ଦର ଉପାଧ୍ୟକ୍ଷ ଭାବେ ଦାୟିତ୍ୱ ଗ୍ରହଣ କରିଛନ୍ତି। ସେ ପୂର୍ବରୁ ବିଶାଖାପାଟଣା ବନ୍ଦରର ସଚିବ ଭାବେ କାର୍ଯ୍ୟ କରୁଥିଲେ। ବିଶାଖାପାଟନା ବନ୍ଦରରେ ୧୯୯୫ ମସିହାରେ ବରିଷ୍ଠ ଅଧିକାରୀ ଭାବେ ଯୋଗ ଦେବା ପରେ ୨୦୧୯ ମସିହାରେ ଦୀନଦୟାଲ ବନ୍ଦର ସଚିବ ଭାବେ କାର୍ଯ୍ୟ କରିଥିଲେ। ବିଶାଖାପାଟଣା ବନ୍ଦରରେ ୨୦୧୪-୨୦୧୮ ପର୍ଯ୍ୟନ୍ତ ଭାରପ୍ରାପ୍ତ ସଚିବ ଭାବେ କାର୍ଯ୍ୟ କରିବାରେ ତାଙ୍କର ଅଭିଜ୍ଞତା ରହିଛି। ୨୦୨୦ ମସିହାରେ ବିଶାଖାପାଟନା ବନ୍ଦର ସଚିବ ଭାବେ ଦାୟିତ୍ୱ ଗ୍ରହଣ କରିଥିଲେ। ସେଠାରେ ଅତିରିକ୍ତ ଭାବେ ଟ୍ରାଫିକ ମ୍ୟାନେଜର, ମୁଖ୍ୟ ଚିକିତ୍ସାଧିକାରୀ ଦାୟିତ୍ୱ ନେଇ ନିଜର କାର୍ଯ୍ୟ ଦକ୍ଷତା ପ୍ରମାଣିତ କରିଥିଲେ। ଇରନ୍ୟାସନାଲ୍ କ୍ରୁଜ୍ ସିପ୍ ପରିଚାଳନା, ସ୍ୱଚ୍ଛ ଭାରତ କାର୍ଯ୍ୟକ୍ରମ, ସ୍କିଲ୍ ଡେଭଲପମେଣ୍ଟ ଆଦି କ୍ଷେତ୍ରରେ ତାଙ୍କର ବହୁମୂଲ୍ୟ ଅବଦାନ ରହିଛି। ଦାୟିତ୍ୱ ଗ୍ରହଣ କରିବା ପରେ ବନ୍ଦର ଅଧ୍ୟକ୍ଷ ପି.ଏଲ. ହରନାଦଙ୍କୁ ସୌଜନ୍ୟମୂଳକ ଭାବେ ସାକ୍ଷାତ କରିଥିଲେ। ପାରାଦୀପ ବନ୍ଦର ବିଭାଗୀୟ ମୁଖ୍ୟ, ଅଧିକାରୀମାନେ ଶ୍ରୀ ଭେନୁଗୋପାଳଙ୍କୁ ଆଜି ସ୍ୱାଗତ କରିଥିଲେ। ପାରାଦୀପ ବନ୍ଦର ଉପାଧ୍ୟକ୍ଷ ନିଲଭ୍ର ଦାସଗୁପ୍ତାଙ୍କ ବଦଳି ହେବା ପରେ ୪ ମାସ ଧରି ପାରାଦୀପ ବନ୍ଦରର ଉପାଧ୍ୟକ୍ଷ ପଦ ଖାଲିପଡ଼ିଥିଲା। ତେବେ ପରେ କେନ୍ଦ୍ର ବନ୍ଦର, ଜାହାଜ ଚଳାଚଳ ଓ ଜଳମାର୍ଗ ମନ୍ତ୍ରଣାଳୟ ପକ୍ଷରୁ ଶ୍ରୀ ଭେନୁଗୋପାଳଙ୍କୁ ପାରାଦୀପ ବନ୍ଦର ଉପାଧ୍ୟକ୍ଷ ଭାବେ ନିଯୁକ୍ତି ଦିଆଯାଇଥିଲା।

## ଯୁଗ୍ମ ଜନ ଅଭିଯୋଗ ଶୁଣାଣି ଶିବିର



ଜଗତସିଂହପୁର,୧୭।୧୧(ସମିସ): ଜଗତସିଂହପୁର ଜିଲ୍ଲା ପ୍ରଶାସନ ପକ୍ଷରୁ ଯୁଗ୍ମଜନ ଅଭିଯୋଗ ଶୁଣାଣି ଶିବିର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ସଦ୍‌ଭାବନା ସଭାଗୃହ ଠାରେ ଅନୁଷ୍ଠିତ ହୋଇଯାଇଛି। ଏହି ଅଭିଯୋଗ ଶିବିରରେ ଜିଲ୍ଲାପାଳ ଜେ. ସୋନାଲ ଉପସ୍ଥିତ ରହି ଜନସାଧାରଣଙ୍କ ବିଭିନ୍ନ ଆପତ୍ତି ଅଭିଯୋଗର ଶୁଣାଣି କରିଥିଲେ। ଆଜି ମୋଟ ୧୦୮ଟି ଅଭିଯୋଗ ପଞ୍ଜିକୃତ ହୋଇଥିଲା। ସେଥିମଧ୍ୟରୁ ବ୍ୟକ୍ତିଗତ ସମସ୍ୟା ସମ୍ପର୍କୀୟ ୯୮ଟି ଏବଂ ଗୋଷ୍ଠୀଗତ ସମସ୍ୟା ସମ୍ପର୍କୀୟ/ଗ୍ରାମ୍ୟ ସମସ୍ୟା ସମ୍ପର୍କୀୟ ୧୦ଟି ଅଭିଯୋଗ ମିଳିଥିଲା। ବ୍ୟକ୍ତିଗତ ଅଭିଯୋଗ ମଧ୍ୟରୁ ରାସନ କାର୍ଡ ସମସ୍ୟା ସମ୍ପର୍କୀୟ ୬ଟି, ଆବାସ ଯୋଜନା ସମ୍ପର୍କୀୟ ୧୪ଟି, ଜମିଜମା ସମସ୍ୟା ସମ୍ପର୍କୀୟ ୨୭ଟି, ଭତ୍ତା ପାଇବା ପାଇଁ ୯ଟି, ପୁଲିସ ସହାୟତା ପାଇବା ପାଇଁ ୮ଟି, ରେଡ୍‌କ୍ରସ୍ ସମସ୍ୟା ସମ୍ପର୍କୀୟ ୧ଟି, ମୁଖ୍ୟମନ୍ତ୍ରୀ ରିଲିଫ୍ ପାଣ୍ଠି ସହାୟତା ପାଇଁ ୧ଟି ଏବଂ ଅନ୍ୟାନ୍ୟ ୨୪ଟି ଅଭିଯୋଗର ଶୁଣାଣି କରାଯାଇଥିଲା। ୮ଟି ଅଭିଯୋଗର ତତ୍କାଳ ଫଇସଲା କରାଯାଇଥିଲା। ଏହି ମିଳିତ ଜନ ଅଭିଯୋଗ ଶୁଣାଣି ଶିବିରରେ ଆରକ୍ଷୀ ଅଧିକ୍ଷକ ଅଙ୍କିତ କୁମାର ବର୍ମା, ଅତିରିକ୍ତ ଜିଲ୍ଲାପାଳ, ସମ୍ବିତ କୁମାର ରାଉତ, ଅତିରିକ୍ତ ଜିଲ୍ଲାପାଳ ଜ୍ୟୋତିଶଙ୍କର ରାୟ, ମୁଖ୍ୟ ବିକାଶ ତଥା ନିର୍ବାହୀ ଅଧିକାରୀ, ଜିଲ୍ଲା ପରିଷଦ ରବିନାରାୟଣ ଜେଠୀ, ଜିଲ୍ଲାସ୍ତରୀୟ ଅଧିକାରୀ, କ୍ଷେତ୍ରୀୟ ଅଧିକାରୀ, ବ୍ଲକସ୍ତରୀୟ ଅଧିକାରୀ ପ୍ରମୁଖ ଉପସ୍ଥିତ ରହି ଜନସାଧାରଣଙ୍କର ଆପତ୍ତି ଅଭିଯୋଗ ଶୁଣାଣି କରିଥିଲେ।

## ଇଫ୍‌କୋ ପକ୍ଷରୁ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର

ପାରାଦୀପ,୧୭।୧୧(ସମିସ): ଇଫ୍‌କୋ ପରିଚାଳନା ନିର୍ଦ୍ଦେଶକ କେଜେ ପଟେଲଙ୍କ ଜନ୍ମଦିବସ ଅବସରରେ ଇଫ୍‌କୋ ପାରାଦୀପ ୟୁନିଟ୍ ପକ୍ଷରୁ ଆଜି ଏକ ମେଗା ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଆୟୋଜିତ ହୋଇଯାଇଛି। ଏଥିରେ ୧୫୨ ୟୁନିଟ୍ ରକ୍ତ ସଂଗୃହୀତ ହୋଇଥିଲା। ମୁଖ୍ୟଅତିଥି ଭାବେ ଇଫକୋ ପାରାଦୀପ ୟୁନିଟ ହେଡ୍ ତଥା କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ପିକେ ମହାପାତ୍ର ଯୋଗ ଦେଇ ଉକ୍ତ ରକ୍ତଦାନ ଶିବିରକୁ ଉଦ୍‌ଘାଟନ କରିଥିଲେ। ଇଫକୋର ବରିଷ୍ଠ ପ୍ରବନ୍ଧକ ଏନ୍ଆର୍ ନାୟକ, ସାଧାରଣ ପ୍ରବନ୍ଧକ କେ୍ଆର୍ ଏନ୍ ମୂର୍ତ୍ତି, ମୁଖ୍ୟ ଚିକିତ୍ସାଧିକାରୀ ଡା. ପୁଷ୍ପା ମହାନ୍ତି, ଡିଜିଏମ୍ ବିକେ ପରିଡା, ଇଫକୋ ଅଫିସର୍ସ ସଂଘ ସଭାପତି ସୁଶାନ୍ତ କୁମାର ଜେନା, ସାଧାରଣ ସମ୍ପାଦକ ସତ୍ୟଜିତ ଖୁଣ୍ଟିଆ, ଇଫ୍‌କୋ କର୍ମଚାରୀ ସଂଘ ସଭାପତି ପ୍ରଶାନ୍ତ କୁମାର ସ୍ୱାଇଁ, ସାଧାରଣ ସମ୍ପାଦକ ତୃପ୍ତିରଞ୍ଜନ ପୁହାଣ ପ୍ରମୁଖ ଉପସ୍ଥିତ ଥିଲେ। ଜୀବନରେ ରକ୍ତର ଆବଶ୍ୟକତାକୁ ଅନୁଭବ କରି ଇଫ୍‌କୋର ଅଧିକାରୀ, କର୍ମଚାରୀମାନେ ଏହି ଶିବିରରେ ସ୍ୱେଚ୍ଛାକୃତ ଭାବେ ରକ୍ତଦାନ କରିଥିଲେ। ଏହି ମେଗା ରକ୍ତଦାନ ଶିବିରରେ କଟକ କେନ୍ଦ୍ରୀୟ ରେଡ୍‌କ୍ରସ୍ ବ୍ଲଡ୍ ବ୍ୟାଙ୍କ ସହଯୋଗ କରିଥିଲେ।

## ମହିମା ଅଲେଖ ଆଶ୍ରମ ଜମି ଓ ଟଙ୍କା ହଡ଼ପ୍ ଘଟଣା

# ମଠାଧୀଶ ଫେରାର; ମଠରେ ଉତ୍ତେଜନା

ନାଉଗାଁ,୧୭।୧୧(ସମିସ): ନାଉଗାଁ ଥାନା ଅନ୍ତର୍ଗତ ବହୁ ପ୍ରସିଦ୍ଧ ଶାଳିଜଙ୍ଗାସ୍ଥିତ ମହିମା ଅଲେଖ ଆଶ୍ରମର ଜମି ଓ ଗଚ୍ଛିତ ଅର୍ଥ ରାଶିରୁ ଲକ୍ଷାଧିକ ଟଙ୍କା ହଡ଼ପ କରାଯାଇଥିବା ନେଇ ମଠାଧୀଶ ବାବା ଗଦାଧର ଦାସ ଓ ଗ୍ରାମବାସୀଙ୍କ ପକ୍ଷରୁ ଗତ ଅକ୍ଟୋବର ୨୬ ତାରିଖରେ ଦୁଇଟି ପୃଥକ ପୃଥକ ଲିଖିତ ଅଭିଯୋଗ ନାଉଗାଁ ଥାନାରେ ହୋଇଥିଲା। ଅଭିଯୋଗ ଅନୁସାରେ ଏହି ମହିମା ଅଲେଖ ଆଶ୍ରମରେ ମାଆ ଭାବେ ରହୁଥିବା ସ୍ୱର୍ଗତ କ୍ଷୀର ବାବାଙ୍କ ଝିଅ ରୀନାରାଣୀ ଦାସ ଏବଂ ତାଙ୍କ ଭଉଣି ଜ୍ୱାଇଁ ମାନସ ଦାସ ମିଳିତ ଭାବେ ତଞ୍ଚକତା କରି ମଠର ମଠାଧିସ ବାବା ଗଦାଧର ଦାସଙ୍କ ଅନୁପସ୍ଥିତ ଓ ସରଳତାର ସୁଯୋଗ ନେଇ ମଠ ନାମରେ ଥିବା କିଛି ଜମିକୁ ନିଜ ନାମରେ କରିନେବା ସହିତ ଭିକ୍ଷା ବାବଦକୁ ଆୟ ହେଉଥିବା ଟଙ୍କା ପଇସା ଏବଂ ଲକ୍ଷାଧିକ ଟଙ୍କାର ସୁନା, ରୁପା ସହିତ ଅନ୍ୟାନ ମୂଲ୍ୟବାନ ସାମଗ୍ରୀ ଗୁଡିକୁ ହଡ଼ପ କରିନେଇଛନ୍ତି। ଯାହା ଜଣାପଡିବା ପରେ ଏନେଇ ମଠର ମଠାଧିଶ ଗଦାଧର ଦାସ ଓ ଗ୍ରାମବାସୀ ଏବଂ ଭକ୍ତମାନଙ୍କ ପକ୍ଷରୁ ମଠର ସମସ୍ତ ସମ୍ପତି ଓ ଟଙ୍କାକୁ ପୁନର୍ବାର ମଠକୁ ଫେରାଇ ଆଣିବା ସହିତ ଅଭିଯୁକ୍ତଙ୍କ ଉପରେ ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ଦୁଇଟି ପୃଥକ ଅଭିଯୋଗ ନାଉଗାଁ ଥାନାରେ କରାଯାଇଥିଲା। ଏହି ଦୁଇଟି ଅଭିଯୋଗକୁ ଭିତ୍ତି କରି ନାଉଗାଁ ପୁଲିସ ତାହାର ପ୍ରାଥମିକ ତଦନ୍ତ



### ଜମି ଅନ୍ୟ ନାଁରେ ରେଜେଷ୍ଟ୍ରି କରିବାକୁ ଉଦ୍ୟମ

ଆରମ୍ଭ କରିଥିବା ବେଳେ ଘଟଣାରେ ସତ୍ୟତା ଅନୁଭବ କରି ନାଉଗାଁ ପୁଲିସ ଉଭୟ ପକ୍ଷଙ୍କୁ ଥାନାକୁ ଡାକିଥିଲେ। ତେବେ ଏହି ଘଟଣାରେ ଉଭୟ ପକ୍ଷ ଥାନାରେ ହାଜର ହେବା ପରେ ନାଉଗାଁ ଅତିରିକ୍ତ ତହସିଲଦାର, ଥାନା ଅଧିକାରୀ, ମଠାଧୀଶ, ମଠରେ ରହୁଥିବା ଅନ୍ତେବାସୀ ଓ ଗ୍ରାମବାସୀଙ୍କ ଉପସ୍ଥିତିରେ ଗତ ୧୧ ତାରିଖରେ ଏକ ୧୫ ଜଣିଆ ସ୍ୱତନ୍ତ୍ର କମିଟି ଗଠନ କରାଯାଇ ଏହି ଘଟଣାର ଫୈସଲା କରାଯିବା ପାଇଁ ସ୍ଥିର କରାଯାଇଥିଲା। ହେଲେ ଉକ୍ତ ତାରିଖରେ ମଠରେ ଅନ୍ୟ ସମସ୍ତେ ଉପସ୍ଥିତ ହୋଇଥିବା ବେଳେ କଟକରେ ରହୁଥିବା ରୀନାରାଣୀ ଦାସ ଅସୁସ୍ଥ ଥିବା କହି ନଆସିବାରୁ ସେହିଦିନ କୌଣସି ଆଲୋଚନା ହୋଇପାରି ନଥିଲା। କିନ୍ତୁ ସବୁଠୁ ବଡ଼ ଗୁରୁତ୍ୱପୂର୍ଣ୍ଣ କଥା ତା' ପରଦିନ ତଥା ୧୨ ତାରିଖ ବିଳମ୍ବିତ ରାତ୍ରରେ ଥାନାରେ ଅଭିଯୋଗ କରିଥିବା ମଠାଧୀଶ ବାବା ଗଦାଧର ଦାସ ମଠ ପାଚେରି ଡେଇଁ କେଉଁଆଡେ ଚାଲିଯାଇଥିବା ଘଟଣା ସମସ୍ତଙ୍କୁ ଆଶ୍ଚର୍ଯ୍ୟଚକିତ କରିଥିଲା। ଏମିତିକି ମଠାଧୀଶ ମଠରୁ ନିଖୋଜ ଥିବା ନେଇ ଗ୍ରାମବାସୀ ଓ ଅନ୍ତେବାସୀଙ୍କ ପକ୍ଷରୁ ମଧ୍ୟ ଥାନାରେ ଅଭିଯୋଗ ହୋଇଥିଲା। କିନ୍ତୁ ଆଜି ଏହି ଘଟଣାରେ ଏକ ନୂଆମୋଡ ସୃଷ୍ଟି ହେଇଥିବା ଦେଖିବାକୁ ମିଳିଛି। ଯାହକୁ ନେଇ ସାରା ଅଞ୍ଚଳରେ ବେଶ୍ ଚର୍ଚ୍ଚା ସୃଷ୍ଟି ହୋଇଥିବା ସହ ମଠ ପରିସରରେ ପ୍ରବଳ ଉତ୍ତେଜନା ଦେଖିବାକୁ ମିଳିଛି। ଘଟଣା ଅନୁସାରେ ସୋମବାର ସକାଳେ ମଠାଧୀଶ ଗଦାଧର ଦାସ, ରୀନାରାଣୀ ଦାସ, ତାଙ୍କ ଭଉଣି ଜ୍ୱାଇଁ ମାନସ ଦାସ ଓ ଅନ୍ୟଜଣେ ମହିଳା ଏକ କାର୍ ଯୋଗେ ଦେବୀଦୋଳସ୍ଥିତ ଉପନିବନ୍ଧକଙ୍କ କାର୍ଯ୍ୟାଳୟକୁ ଆସି ଉକ୍ତ ମଠର ସମସ୍ତ ସମ୍ପତ୍ତିକୁ ଏକ ଟ୍ରଷ୍ଟ ନାମରେ ରେଜିଷ୍ଟ୍ରି କରିବା ପାଇଁ ଉପନିବନ୍ଧକ ଅଧିକାରିଣୀଙ୍କ ସହିତ ଆଲୋଚନା କରିଥିଲେ। ହେଲେ ଉପନିବନ୍ଧକ ଅଧିକାରୀଣୀ ସାହିନ ନାଜ୍‌ଙ୍କ କହିବା ଅନୁସାରେ ରେଜିଷ୍ଟ୍ରେସନ ପାଇଁ ଆବଶ୍ୟକ ପଡୁଥିବା କାଗଜପତ୍ର ଠିକ୍ ନଥିବାରୁ ସେ ଏହି ରେଜେଷ୍ଟ୍ରି ହୋଇପାରିବ ନାହିଁ ବୋଲି କହିବାରୁ ସେମାନେ ସେଠାରୁ ଚାଲି ଯାଇଥିଲେ। କିନ୍ତୁ ଏହି ଘଟଣା ସ୍ଥାନୀୟ ଅଞ୍ଚଳରେ ପ୍ରଚାରିତ ହେବାପରେ ଶ୍ରଦ୍ଧାଳୁମାନଙ୍କ ଧର୍ମୀୟ ଭାବନା ଉପରେ ଆଘାତ ହେବା ସହ ଗ୍ରାମବାସୀଙ୍କ ସମେତ ପାଞ୍ଚଖଣ୍ଡି ମୌଜାର ଶତାଧିକ ଶ୍ରଦ୍ଧାଳୁ ମାନେ ଏକତ୍ରିତ ହୋଇ ପ୍ରଥମେ ଦେବିଦୋଳ ସବ୍‌ରେଜିଷ୍ଟର ଅଫିସ ଓ ପରେ ପରେ ସାଳିଜଙ୍ଗସ୍ଥିତ ମହିମା ଆଶ୍ରମରେ ପହଞ୍ଚି ହୋହାଲ୍ଲା କରିବା ସହ ସମ୍ପୃକ୍ତ ବ୍ୟକ୍ତିମାନଙ୍କୁ ଆଉ ମଠକୁ ପ୍ରବେଶ କରି ଦିଆଯିବନାହିଁ ବୋଲି ଜିଦ୍‌ରେ ଅଡି ବସିଥିଲେ। ଫଳରେ ଏଠାରେ ତୀବ୍ର ଉତ୍ତେଜନା ସୃଷ୍ଟି ହେବାରୁ ଘଟଣାସ୍ଥଳରେ ପୁଲିସ ପହଞ୍ଚି ଲୋକମାନଙ୍କୁ ବୁଝାସୁଝା କରୁଥିବା ଦେଖିବାକୁ ମିଳୁଛି।

## ଶିକ୍ଷକଙ୍କ ବଦଳି ଦାବିରେ ପ୍ରତିବାଦ

# ବିଦ୍ୟାଳୟରେ ଝୁଲିଲା ତାଲା



ବାଲିକୁଦା,୧୭।୧୧(ସମିସ): ବାଲିକୁଦା ବ୍ଲକ ତିତିରା ପଞ୍ଚାୟତର ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଛାତ୍ରଛାତ୍ରୀ ତାଲା ପକାଇ ପ୍ରତିବାଦ କରିଛନ୍ତି। ଏହି ବିଦ୍ୟାଳୟରେ ୧୧୪ ଜଣ ଛାତ୍ରଛାତ୍ରୀ ପଢୁଛନ୍ତି। ଏଠାରେ ଥିବା ଶିକ୍ଷୟିତ୍ରୀ ପ୍ରଣତି ରାଉତଙ୍କୁ ଅନ୍ୟତ୍ର ଡେପୁଟେସନରେ ନିଆଯିବା ଫଳରେ ଛାତ୍ରଛାତ୍ରୀ ଓ ଅଭିଭାବକଙ୍କ ମହଲରେ ତୀବ୍ର ଅସନ୍ତୋଷ ଦେଖାଦେଇଥିଲା। ଏହା ପୂର୍ବରୁ ଉକ୍ତ ବିଦ୍ୟାଳୟରେ ବିଜ୍ଞାନ ଶିକ୍ଷକଙ୍କ ଅଭାବ ରହିଥିବା ବେଳେ, କର୍ତ୍ତୃପକ୍ଷଙ୍କ ଏପରି ଆଦେଶ ଶିକ୍ଷାର୍ଥୀ ଓ ଅଭିଭାବକମାନଙ୍କୁ ଘୋର ଅସନ୍ତୋଷ ସୃଷ୍ଟି କରିଛି। ଶିକ୍ଷୟିତ୍ରୀ ପ୍ରଣତି ରାଉତଙ୍କ ବଦଳରେ ଅନ୍ୟ ଏକ ଶିକ୍ଷକଙ୍କୁ ନିଯୁକ୍ତି ଦିଆଯାଇଛି। ଉକ୍ତ ଶିକ୍ଷକ ଦୀର୍ଘ ସମୟ ଧରି ବିଦ୍ୟାଳୟକୁ ନ ଆସୁଥିବା ବେଳେ, ନିଶାସକ୍ତ ଓ ମଦ୍ୟପାନ କରି ପାଠ ପଢ଼ାଉଥିବା ଛାତ୍ରଛାତ୍ରୀ ଅଭିଯୋଗ କରିଛନ୍ତି। ତୁରନ୍ତ ଶିକ୍ଷୟିତ୍ରୀ ପ୍ରଣତି ରାଉତଙ୍କୁ ଏହି ବିଦ୍ୟାଳୟକୁ ଫେରାଇ ନ ଆଣିବା ସହିତ ଉକ୍ତ ଶିକ୍ଷକଙ୍କ ବଦଳି ଦାବିରେ ଛାତ୍ରଛାତ୍ରୀଙ୍କ ସହିତ ଅଭିଭାବକ ମାନେ ରାସ୍ତାରେ ବସି ପ୍ରତିବାଦ କରିଥିଲେ। ଏହି ପ୍ରତିବାଦରେ ବିଦ୍ୟାଳୟ ପରିଚାଳନା ସମିତି ସଭାପତି ଗଗନ କୁମାର ରାଉତ, ଲକ୍ଷ୍ମୀଧର ଦାସ, ନାରାୟଣ ବେହେରା, କୃଷ୍ଣଚନ୍ଦ୍ର ବେହେରା, ଗାୟତ୍ରୀ ପାତ୍ର, ସୁଖଲତା ଦାସ, ରବୀନ୍ଦ୍ର ରାଉତ ପ୍ରମୁଖଙ୍କ ସହିତ ବିଦ୍ୟାଳୟର ସମସ୍ତ ଛାତ୍ରଛାତ୍ରୀ ଓ ଅଭିଭାବକ ମାନେ ରାସ୍ତାରେ ବସି ପ୍ରତିବାଦ କରିଥିଲେ। ଘଟଣା ସମ୍ପର୍କରେ ବାଲିକୁଦା ବ୍ଲକ ଶିକ୍ଷାଧିକାରୀଙ୍କ ସହିତ ଯୋଗାଯୋଗ କରିବାରେ ସେ ଆଜି ଅନ୍ୟ ଏକ ବ୍ଲକ ଦାୟିତ୍ୱରେ ରହିଥିବା ହେତୁ ଘଟଣାସ୍ଥଳକୁ ଆସି ପାରିବେ ନାହିଁ ବୋଲି ମନା କରି ଦେଇଥିଲେ। ଦୀର୍ଘ ସମୟ ଧରି ଛାତ୍ରଛାତ୍ରୀ ଓ ଅଭିଭାବକ ମାନେ ବିଦ୍ୟାଳୟ ସମ୍ମୁଖ ଦେଇ ଯାଇଥିବା ବୋରିକିନା, ତିତିରା ଓ ସୋମପୁର ରାସ୍ତାକୁ ଅବରୋଧ କରିଥିଲେ। ଖବର ପାଇ ବାଲିକୁଦା ଥାନା କର୍ମଚାରୀ ଓ ସ୍ଥାନୀୟ ସରପଞ୍ଚଙ୍କ ପ୍ରତିନିଧି ସୁଶାନ୍ତ କୁମାର ନାୟକ ଓ ବୋରିକିନା ସର୍କଲର ସିଆର୍‌ସିସି ବିଜୟ କୁମାର ସେଠୀ ଘଟଣାସ୍ଥଳରେ ପହଞ୍ଚି ବିଦ୍ୟାଳୟର ଅଭିଭାବକ, ଛାତ୍ରଛାତ୍ରୀ ଓ ପରିଚାଳନା କମିଟିର ସଦସ୍ୟ ମାନଙ୍କ ସହିତ ଆଲୋଚନା କରି ଆସନ୍ତାକାଲି ବ୍ଲକ ଶିକ୍ଷାଧିକାରୀଙ୍କ ଉପସ୍ଥିତିରେ ଉକ୍ତ ସମସ୍ୟାର ସମାଧାନ କରାଯିବ ବୋଲି ପ୍ରତିଶ୍ରୁତି ଦେବା ପରେ ଧାରଣା ପ୍ରତ୍ୟାହୃତ ହୋଇଥିଲା।

# ଟିପିସିଓଡିଏଲ୍‌ର ଶୋଷଣ ବିରୋଧରେ ଢେଙ୍କାନାଳ ବନ୍ଦ ସଫଳ

ଢେଙ୍କାନାଳ,୧୭ ।୧୧(ସମିସ)







**ରାସ୍ତାଘାଟ ଶୂନଶାନ, ଦୋକାନ ବଜାର ବନ୍ଦ**

ଢେଙ୍କାନାଳରେ ବିଦ୍ୟୁତ ବିତରଣକାରୀ ସଂସ୍ଥା ଟିପିସିଓଡିଏଲ୍‌ର ମନମୁଖି କାର୍ଯ୍ୟ ଓ ଉପଭୋକ୍ତା ଶୋଷଣ ନୀତିକୁ ବିରୋଧ କରି ସୋମବାର ୧୨ ଘଣ୍ଟିଆ ଢେଙ୍କାନାଳ ବନ୍ଦ ପାଳନ ଶାନ୍ତିଶୃଙ୍ଖଳାର ସଫଳ ହୋଇଛି । ଏହି ବନ୍ଦ ପାଳନକୁ ସମର୍ଥନ କରି ସହରର ସମସ୍ତ ଦୋକାନବଜାର ସ୍ୱତଃ ବନ୍ଦ ରହିବା ସହ ୫୫ନଂ ଜାତୀୟ ରାଜପଥରେ ଗାଡ଼ି ଚଳାଚଳ ସମ୍ପୂର୍ଣ୍ଣ ପ୍ରଭାବିତ ହୋଇଥିଲା । ସହରରେ ମଧ୍ୟ ଗାଡ଼ି ଚଳାଚଳ ବନ୍ଦ ରହିଥିବା ବେଳେ ସମସ୍ତ ସରକାରୀ ଓ ଘରୋଇ ଅନୁଷ୍ଠାନ ଉପରେ ପ୍ରଭାବ ପଡ଼ିଥିଲା ।

ଢେଙ୍କାନାଳ ଜିଲ୍ଲାରେ ଟିପିସିଓଡିଏଲ ବିଦ୍ୟୁତ ଉପଭୋକ୍ତାମାନଙ୍କ ଉପରେ ଚଳାଇ ଆସୁଥିବା ଶୋଷଣ ଓ ଜୁଲମ ସାଙ୍ଗକୁ ଜୋରଜବରଦସ୍ତ ସ୍ମାର୍ଟ ମିଟର ଲଗାଇବା ଓ ମନଇଚ୍ଛା ଜରିମାନା ଆଦାୟ ବିରୁଦ୍ଧରେ ପୁଞ୍ଜିଭୂତ ଅସନ୍ତୋଷ ଉପରେ ଢେଙ୍କାନାଳ ଓକିଲ ସଂଘ ପକ୍ଷରୁ ସ୍ୱର ଉତ୍ତୋଳନ କରି ସୋମବାର ୧୨ ଘଣ୍ଟିଆ ବନ୍ଦ ପାଳନ କରାଯାଇଥିଲା । ଢେଙ୍କାନାଳରେ ଟାଟା ପାୱାର ବିଦ୍ୟୁତ ଯୋଗାଣ ନାମରେ ଉପଭୋକ୍ତାଙ୍କୁ ବିଭିନ୍ନ ଆଳରେ ଶୋଷଣ କରୁଛି । ଏହାକୁ ନେଇ ଜିଲ୍ଲାବାସୀଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇବା ସହ ଓକିଲ ସଂଘ ଆହ୍ୱାନରେ ଢେଙ୍କାନାଳ ବନ୍ଦ ଡାକରା ଦିଆଯାଇଥିଲା । ଏହି ବନ୍ଦ ପାଳନକୁ ସମସ୍ତେ ସମର୍ଥନ କରିଥିଲେ । ସ୍କୁଲ କଲେଜ ବନ୍ଦ ରହିବା ସହ ସରକାରୀ ବେସରକାରୀ କାର୍ଯ୍ୟାଳୟ ମଧ୍ୟ ବନ୍ଦ ରହିଥିଲା । ଅନ୍ଦୋଳନକାରୀମାନେ କଲେଜ ବାଇପାସ, କଣ୍ଟାନାଳୀ ଛକ, ମହିଷାପାଟ ସହ ବିଭିନ୍ନ ସ୍ଥାନରେ ଟାଟା ପାୱାର ବିରୋଧରେ ସ୍ଲୋଗାନ ଦେଇ ରାସ୍ତା ଅବରୋଧ କରିଥିଲେ । ଫଳରେ ୫୫ନଂ ଜାତୀୟ ରାଜପଥରେ ଗାଡ଼ି ଚଳାଚଳ ବନ୍ଦ ରହିବା ସହ ଯାତ୍ରୀ ଏବଂ ମାଲ୍ ପରିବହନ ବାଧାପ୍ରାପ୍ତ ହୋଇଥିଲା । ବିଭିନ୍ନ ସଙ୍ଗଠନ ତରଫରୁ ବିଶାଳ ଶୋଭାଯାତ୍ରା ସହର ପରିକ୍ରମା କରିବା ସହିତ ଟାଟା ପାୱାର ଗୋ-ବ୍ୟାକ ସ୍ଲୋଗାନ ଦେଇଥିଲେ । ଶାନ୍ତିଶୃଙ୍ଖଳା ରକ୍ଷାପାଇଁ ବିଭିନ୍ନ ସ୍ଥାନରେ ୭ ପ୍ଲାଟୁନ ପୁଲିସ ଫୋର୍ସ ମୁତୟନ କରାଯାଇଥିଲା । ଜିଲ୍ଲାର କୋଣ ଅନୁକୋଣରୁ ବିଭିନ୍ନ ବର୍ଗର ଲୋକେ ଏହି ଆନ୍ଦୋଳନରେ ସାମିଲ ହୋଇଥିଲେ । ବନ୍ଦ ପାଳନରେ ଓକିଲ ସଂଘ କର୍ମକର୍ତ୍ତା, ସଭ୍ୟ, ସାମ୍ବାଦିକ ସଂଘ, ବ୍ୟବସାୟୀ, ବଣିକ ସଂଘ, ରାଜନୈତିକ ଦଳ, ବସ, ଟ୍ରକ ଓ ଅଟୋ ମାଲିକ ସଂଘ, ପୂଜା ଅନୁଷ୍ଠାନ, କ୍ଲବ, ଶିକ୍ଷାନୁଷ୍ଠାନ ସାମିଲ ହୋଇଥିଲେ ।

ଏ ନେଇ ଓକିଲ ସଙ୍ଘ ସଭାପତି କହିଛନ୍ତି ଯେ ଟାଟା ପାୱାର ବିରୋଧରେ ଏହା ଅଭୂତପୂର୍ବ ସଫଳତା । ଲୋକେ ସ୍ୱତଃ ଏହି ଆନ୍ଦୋଳନରେ ସାମିଲ ହୋଇ ରାଜରାସ୍ତା ସହ ଢେଙ୍କାନାଳ ରେଳ ଷ୍ଟେସନରେ ଏକ ମାଲବାହୀ ଟ୍ରେନକୁ ଅଟକାଇଥିଲେ । ଯଦି ଟାଟା ପାୱାର ପୁଣି ଭୁଆଁ ବୁଲାଇବାକୁ ଚେଷ୍ଟା କରେ ତେବେ ଆନ୍ଦୋଳନକୁ ଅଧିକ ଜୋରଦାର କରାଯିବ ବୋଲି ସେ କହିଛନ୍ତି । ଢେଙ୍କାନାଳ ଏସପି ଅଭିନବ ସୋନକର କହିଛନ୍ତି, ଆନ୍ଦୋଳନ ଶାନ୍ତିପୂର୍ଣ୍ଣ ଭାବେ ପାଳନ ହୋଇଛି । କୌଣସିଠାରେ ଅପ୍ରୀତିକର ପରିସ୍ଥିତି ସୃଷ୍ଟି ହୋଇନାହିଁ । ସକାଳ ୬ରୁ ସନ୍ଧ୍ୟା ୬ ପର୍ଯ୍ୟନ୍ତ ବନ୍ଦ ପାଳନ କରାଯାଇଥିଲା ବୋଲି ସେ କହିଛନ୍ତି । ସୂଚନାଯୋଗ୍ୟ, ଟାଟା ପାୱାରର ମନମାନି ବିରୋଧରେ ପୁଞ୍ଜିଭୂତ ଅସନ୍ତୋଷ ଉପରେ ଢେଙ୍କାନାଳ ଓକିଲ ସଂଘ ସ୍ୱର ଉତ୍ତୋଳନ କରିବା ପରେ ଟିପିସିଓଡିଏଲ ଏହାର ଆଲୋଚନା ମାଧ୍ୟମରେ ସମାଧାନ ପାଇଁ ଦିନ ଧାର୍ଯ୍ୟ କରିବାକୁ ଓକିଲ ସଂଘକୁ ଅନୁରୋଧ କରିଥିଲା । ତଦଅନୁଯାୟୀ ଓକିଲ ସଂଘ ଗତ ୬ ତାରିଖ ଅପରାହ୍ନରେ ଆଲୋଚନା ପାଇଁ ଦିନ ଧାର୍ଯ୍ୟକରି ଟିପିସିଓଡିଏଲ ଢେଙ୍କାନାଳ କର୍ତ୍ତୃପକ୍ଷଙ୍କୁ ଜଣାଇଥିଲା । ମାତ୍ର ଟିପିସିଓଡିଏଲ୍ ପକ୍ଷରୁ ଆଲୋଚନା ପାଇଁ କେହି ଉପସ୍ଥିତ ନ ଥିଲେ । ଏଥିସହ ଉପଭୋକ୍ତା ବିରୋଧୀ କାର୍ଯ୍ୟକଳାପ ଢେଙ୍କାନାଳରେ ବ୍ୟାପକ ଭାବେ ଚାଲୁ ରହିଥିବାରୁ ଓକିଲ ସଂଘ ଆହ୍ୱାନ କ୍ରମେ ବିଦ୍ୟୁତ ଉପଭୋକ୍ତା କ୍ରିୟାନୁଷ୍ଠାନ କମିଟି ପକ୍ଷରୁ ଏହି ବନ୍ଦ ପାଳନ କରାଯାଇଥିଲା ।

## ଟାଟା ପାୱାର ବିରୋଧରେ ଗଁଦିଆ ବନ୍ଦ ସଫଳ

ଗଁଦିଆ,୧୭ ।୧୧(ସମିସ): ଟିପିସିଓଡିଏଲର ଉପଭୋକ୍ତା ମାରଣ, ଶୋଷଣ ଓ ମନମୁଖି କାର୍ଯ୍ୟକୁ ବିରୋଧ କରି ସୋମବାର ଗଁଦିଆ ବ୍ଲକରେ ମଧ୍ୟ ବନ୍ଦ ଗଁଦିଆ ଓକିଲ ସଂଘ ଆହ୍ୱାନ କ୍ରମେ ପାଳନ କରାଯାଇଛି । ଏହି ବନ୍ଦକୁ ଅଭୂତପୂର୍ବ ସମର୍ଥନ ମିଳିଛି । ସକାଳ ୬ରୁ ସନ୍ଧ୍ୟା ୬ଟା ପର୍ଯ୍ୟନ୍ତ ବନ୍ଦ ପାଳନ ହୋଇଥିଲା । ଓକିଲ ସଂଘ ସଭାପତି ପ୍ରଦୀପ କୁମାର ସାହୁଙ୍କ ନେତୃତ୍ୱରେ ସମସ୍ତ ଆଇନଜୀବୀ ତଥା ଜନସାଧାରଣ ଏଥିରେ ପୂର୍ଣ୍ଣ ସହଯୋଗ କରିଥିଲେ । ଗଁଦିଆ ଜେଏମଏଫସି କୋର୍ଟ ଶିକ୍ଷାନୁଷ୍ଠାନ ଓ ଦୋକାନ ବଜାର ସବୁ ବନ୍ଦ ରହିଥଲା । ଆଇନଜୀବୀମାନେ ପିକେଟିଂ କରି ସମସ୍ତ କାର୍ଯ୍ୟାଳୟ ବନ୍ଦ କରିଥିଲେ । କେବଳ ଜରୁରୀକାଳୀନ ସେବା ଜାରି ରହିଥିଲା । ଏହି ବନ୍ଦକୁ ଗଁଦିଆ ଡ୍ରାଇଭର ସଙ୍ଘ ପୂର୍ଣ୍ଣ ସହଯୋଗ ଦେଇ ଏଥିରେ ସାମିଲ ହୋଇଥିଲା । ଆଇନଜୀବୀ ମହେନ୍ଦ୍ର କୁମାର ସାହୁ, ବିକ୍ରମ କେଶରୀ ସାହୁ, ହେମନ୍ତ କୁମାର ନାୟକ, କିଶୋର ଚନ୍ଦ୍ର ନାୟକ, ମାନସ କୁମାର, ବିଶ୍ୱନାଥ ନାୟକ, ସନ୍ତୋଷ କୁମାର ସାହୁ, ପ୍ରକାଶ କୁମାର ମିଶ୍ର, ଜୟକୃଷ୍ଣ ସାହୁ, ଅବନୀ କୁମାର ସାହୁ, ଆଶୀର୍ବାଦ




ଛକରେ ପ୍ରତିବାଦ କରାଯାଇଥିଲା । ରାସ୍ତାର ଉଭୟ ପାର୍ଶ୍ୱରେ ଗାଡ଼ିମଟର ଅଟକି ରହିଥିଲା । ବ୍ଲକର ସଦର ମହକୁମାସ୍ଥିତ ଜେଏମଏଫସି କୋର୍ଟ, ବ୍ଲକ କାର୍ଯ୍ୟାଳୟ, ତହସିଲ କାର୍ଯ୍ୟାଳୟ, ସମସ୍ତ ବ୍ୟାଙ୍କ ସଂସ୍ଥା, ପୋଷ୍ଟ ଅଫିସ, ସରକାରୀ ଓ ବେସରକାରୀ ସାହୁ ପ୍ରମୁଖ ଆନ୍ଦୋଳନର ନେତୃତ୍ୱ ନେଇଥିଲେ । ଟିପିସିଓଡିଏଲର ଉପଭୋକ୍ତା ମାରଣ ନୀତି ବିରୋଧରେ ଆଗାମୀ ଦିନରେ ସଂଗ୍ରାମ ଜାରି ରହିବା ସହ ଏହାକୁ ବ୍ୟାପକ କରାଯିବ ବୋଲି ସଙ୍ଘ ସଭାପତି ପ୍ରଦୀପ କୁମାର ସାହୁ ପ୍ରକାଶ କରିଛନ୍ତି ।

**● ଆଇଏଚଆରପିଇ ପକ୍ଷରୁ ଜାତୀୟ ପ୍ରେସ୍ ଦିବସ**

## ନିର୍ଯାତିତଙ୍କ ଅଧିକାର ପାଇଁ ଲଢ଼ିବାକୁ ଆହ୍ୱାନ



ଭୁବନ,୧୭ ।୧୧(ସମିସ): ଇଣ୍ଟରନ୍ୟାସନାଲ ହ୍ୟୁମାନ ରାଇଟ୍ସ ପ୍ରୋଟେକ୍ସନ ଇଷ୍ଟେଟ (ଆଇଏଚଆରପିଇ) ପକ୍ଷରୁ ଭୁବନେଶ୍ୱର ଜୟଦେବ ଭବନ ଗୀତଗୋବିନ୍ଦ ସଦନରେ ଜାତୀୟ ପ୍ରେସ୍ ଦିବସ ତଥା ଶିଶୁ ପ୍ରତିଭା ସମ୍ମାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି । ସଂସ୍ଥାର କାର୍ଯ୍ୟକାରୀ ସଭାପତି କୈଳାସ ଚନ୍ଦ୍ର ନାୟକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ପୂର୍ବତନ ମନ୍ତ୍ରୀ ତଥା ପୂର୍ବତନ ସାଂସଦ କବି ପ୍ରସନ୍ନ ପାଟଶାଣୀ ଯୋଗଦେଇ ନିର୍ଯାତିତଙ୍କ ଅଧିକାର ପାଇଁ ଲଢ଼ିବାକୁ ଦେଇଥିଲେ । ମୁଖ୍ୟବକ୍ତା ଭାବେ ରାଷ୍ଟ୍ରୀୟ ସାମ୍ବାଦିକ ମହାସଂଘର ଜାତୀୟ ସଭାପତି ବିମଳକୃଷ୍ଣ ଥମ୍ବ ଯୋଗଦେଇ ଜାତୀୟ ପ୍ରେସ୍ ଦିବସ ବିଷୟରେ ମତ ରଖିଥିଲେ । ସମ୍ମାନିତ ଅତିଥି ଭାବେ ଅନୁଷ୍ଠାନର ମହିଳା ସଭାପତି ପୁଷ୍ପାଞ୍ଜଳି ରଣା, ସବିତା ପୃଷ୍ଟି, ରାଜ୍ୟ ସଭାପତି ଡା. ଜିତେଶ କୁମାର ମହାରଣା, ରଞ୍ଜୁକ୍ତା ପଣ୍ଡା, ଡ. ରତ୍ନାକର ମହାରଣା, ରାଜ୍ୟ ସମ୍ପାଦକ ସୁରେଶ ଚନ୍ଦନ ଯୋଗଦେଇଥିଲେ । ଆଇଏଚଆରପିଇର ଅଧ୍ୟକ୍ଷ ତଥା ରାଷ୍ଟ୍ରୀୟ ସଭାପତି ଡ. ସଂଗ୍ରାମ କେଶରୀ ପାତ୍ର ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ । ଅନୁଷ୍ଠାନର ନିର୍ଦ୍ଦେଶକ ବଳମନ୍ତ ନାୟକ, ମା' ଲଙ୍ଗବାଉତୀ ଟ୍ରକ ଅଣ୍ଡ ଟ୍ରେଲର ଆସୋସିଏସନର ସମ୍ପାଦକ ମାନସ ନାୟକ, ଆଇଏଚଆରପିଇର ସହସମ୍ପାଦକ ଜିତେନ୍ଦ୍ର କୁମାର ନାୟକ, ଅବିନାଶ ପାଢ଼ୀ, ଆଭାସ ସାହୁ, ପୂର୍ଣ୍ଣଚନ୍ଦ୍ର ନାୟକ, ସୁବାସ ଖୁଣ୍ଟିଆ ପ୍ରମୁଖ ସହଯୋଗ କରିଥିଲେ । ମିଡିଆ ସଂଯୋଜକ ପୂର୍ଣ୍ଣଚନ୍ଦ୍ର ସାହୁ ଧନ୍ୟବାଦ ଅର୍ପଣ କରିଥିଲେ । ଏହି ଅବସରରେ ବହୁ ଶିଶୁ ପ୍ରତିଭା ତଥା ସାମ୍ବାଦିକଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା ।

## ନଦୀରେ ବୁଡ଼ି ଛାତ୍ର ନିଖୋଜ

ଭୁବନ,୧୭ ।୧୧(ସମିସ): ବ୍ରାହ୍ମଣୀ ନଦୀର ଭୁବନ ଥାନା ଅନ୍ତର୍ଗତ ମା' ହିଙ୍ଗୁଳା ଘାଟରେ ଗାଧୋଇବା ବେଳେ ବୁଡ଼ିଯାଇ ଜଣେ ଛାତ୍ର ନିଖୋଜ ହୋଇଯାଇଛନ୍ତି । ନିଖୋଜ ଛାତ୍ର ହେଲେ ଭୁବନ ଏନ୍‌ଏସି ୧୨ ନମ୍ବର ୱାର୍ଡର ଦିଲୀପ ପୋଥାଲଙ୍କ ପୁଅ ନରହରି ପୋଥାଲ । ଜଣେ ଶିଶୁ ପାଣିରେ ବୁଡ଼ିଯାଉଥିବା ବେଳେ ତାଙ୍କୁ ବଞ୍ଚାଇବାକୁ ଯାଇ ନରହରି ନିଜେ ବୁଡ଼ିଯାଇଥିବା ଜଣାପଡ଼ିଛି । ଖବର ପାଇ ଭୁବନ ଅଗ୍ନିଶମ ବାହିନୀ ଖୋଜାଖୋଜି ଜାରି ରଖିଛନ୍ତି । ନରହରି ଭୁବନ ବାଜି ରାଉତ ସ୍ମୃତି ମହାବିଦ୍ୟାଳୟରେ +୩ ପାଠ ପଢୁଛନ୍ତି । ସେ ଦିଲୀପଙ୍କ ଏକମାତ୍ର ପୁଅ । ଏହି ଖବର ପାଇ ପୂର୍ବତନ ଭୁବନ ନଗରପାଳ ଶୁଭେନ୍ଦୁ ସାହୁ ତାଙ୍କ ପରିବାର ଲୋକଙ୍କୁ ଭେଟି ଆଶ୍ୱାସନା ଦେବା ସହ ନରହରିଙ୍କୁ ଖୋଜିବାକୁ ଓଡ୍ରାଫ ଟିମଙ୍କୁ ଅନୁରୋଧ କରିଛନ୍ତି । ତେବେ ଗନ୍ଦିଆରୁ ସ୍କୁବା ଡାଇଭର ପହଞ୍ଚି ଖୋଜାଖୋଜି କରିଥିଲେ ମଧ୍ୟ ନରହରିଙ୍କ ସନ୍ଧାନ ମିଳିନାହିଁ ।

## ମୁଖ୍ୟମନ୍ତ୍ରୀ ସଡ଼କ ନିର୍ମାଣରେ ଅନିୟମିତତା ଅଭିଯୋଗ



କଙ୍କଡ଼ାହାଡ଼,୧୭ ।୧୧(ସମିସ): ଢେଙ୍କାନାଳ ଜିଲ୍ଲା କଙ୍କଡ଼ାହାଡ଼ ଅଞ୍ଚଳର ଜାଙ୍ଗୁଠାରୁ ବ୍ରାହ୍ମଣଧରା ପର୍ଯ୍ୟନ୍ତ ମୁଖ୍ୟମନ୍ତ୍ରୀ ରାସ୍ତା ନିର୍ମାଣ ପାଇଁ ୭ କୋଟିରୁ ଅଧିକ ଟଙ୍କା ବ୍ୟୟବରାଦ ହୋଇଛି । ତେବେ ନିମ୍ନମାନର କାମ ହେଉଥିବା ସ୍ଥାନୀୟ ଲୋକେ ଅଭିଯୋଗ କରିଛନ୍ତି । ଏ ସମ୍ପର୍କରେ ବିଭାଗୀୟ ଯନ୍ତ୍ରୀଙ୍କୁ ବାରମ୍ବାର ଅଭିଯୋଗ କଲେ ମଧ୍ୟ କୌଣସି ସୁଫଳ ମିଳୁନାହିଁ । ଜାଙ୍ଗୁଠାରୁ ବ୍ରାହ୍ମଣଧରା ରାସ୍ତାରେ ଅନେକ ନୂତନ ପୋଲ ନିର୍ମାଣ ହେଉଛି । ତେବେ କୌଣସି ପୋଲ ଠିକ ଭାବେ ହେଉ ନ ଥିବା ଅଭିଯୋଗ ହେଉଛି । ହ୍ୟୁମ ପାଇପଗୁଡ଼ିକୁ ଅଧିକ ଗଭୀରରେ ପୋତାଯାଉଛି । ରାସ୍ତାର ଗାର୍ଡୱାଲ କାର୍ଯ୍ୟ ମଧ୍ୟ ଭାଗମାପ ଅନୁଯାୟୀ କରାଯାଉନାହିଁ । ଏହି କାର୍ଯ୍ୟରେ ସିମେଣ୍ଟ, ମେଣ୍ଟାଲ ଓ ବାଲି ୧:୩:୬ ଅନୁପାତରେ ବ୍ୟବହାର ପାଇଁ ନିର୍ଦ୍ଦେଶ ରହିଛି । ହେଲେ କେବଳ ବାଲି ଓ ଅଳ୍ପ ସିମେଣ୍ଟ ସହ ଧଳା ପଥର ଗୁଣ୍ଡ ମିଶାଇ ରାତିରେ ଏହି କାମ କରାଯାଇଥିବା ଅଭିଯୋଗ ହୋଇଛି । ଫଳରେ ରାସ୍ତା, ଗାର୍ଡୱାଲ ଓ ପୋଲର ସ୍ଥାୟିତ୍ୱ ନେଇ ଲୋକ ପ୍ରଶ୍ନ କରିଛନ୍ତି । ଏହାକୁ ଭାଙ୍ଗି ପୁନଃ ନିର୍ମାଣ କରା ନ ଗଲେ ଆଗାମୀ ଦିନରେ ଆନ୍ଦୋଳନକୁ ଓହ୍ଲାଇବେ ବୋଲି ସ୍ଥାନୀୟ ବାସିନ୍ଦା ଚେତାବନୀ ଦେଇଛନ୍ତି ।

**● ନିମ୍ନମାନର ପୋଲ ଓ ଗାର୍ଡୱାଲ୍ ନିର୍ମାଣ**
**● ବିନା ସୂଚନାଫଳକରେ କାର୍ଯ୍ୟ**

## ଷଡ଼ଙ୍ଗୀ ବନାଞ୍ଚଳରେ ଅସୁସ୍ଥ ହାତୀଛୁଆ ଠାବ

ଗଁଦିଆ,୧୭ ।୧୧(ସମିସ): ଢେଙ୍କାନାଳ ବନଖଣ୍ଡ ଷଡ଼ଙ୍ଗୀ ରେଞ୍ଜ ଅଞ୍ଚଳରେ ଏକ ଅସୁସ୍ଥ ହାତୀଛୁଆ ଠାବ କରାଯାଇଛି ।



ଖଙ୍କିରା ସେକ୍ସନ ଛୋଟ ତେନ୍ତୁଳି ଅଞ୍ଚଳରେ ଏହି ହାତୀଛୁଆକୁ ଠାବ କରିଛି ବନ ବିଭାଗ । ହାତୀଛୁଆର ବୟସ ୨ବର୍ଷ ହେବ ବୋଲି ଅନୁମାନ କରାଯାଉଛି । ଏହା ଏକ ଅଣ୍ଡିରା ହାତୀ । ତା' ପାଟିରେ ଗଭୀର କ୍ଷତ ହୋଇଛି । ସୋଲାର ବିଦ୍ୟୁତ୍ ତାର ଲାଗି କିମ୍ବା ହାତୀଙ୍କ ମଧ୍ୟରେ ସଂଘର୍ଷ ଯୋଗୁଁ ଏହି କ୍ଷତ ହୋଇଥିବା ଅନୁମାନ କରାଯାଇଛି । ସୂଚନା ମୁତାବକ, ଆଠଗଡ଼ ବନଖଣ୍ଡ ଖୁଣ୍ଟୁଣି ବନାଞ୍ଚଳରୁ ରବିବାର ବିଳମ୍ବିତ ରାତିରେ ହାତୀପଲଙ୍କ ସହ ଏହି ହାତୀଛୁଆ ଧାନ ଖାଇବା ପାଇଁ ଆସିଥିଲା । ମାତ୍ର ଆହତ ହେବା ପରେ ହାତୀଛୁଆଟି ସେଠାରେ ପଡ଼ିଯାଇଥିଲା । ସକାଳ ହେବା ପରେ ହାତୀପଲ ତାକୁ ସେଠାରେ ଛାଡ଼ି ଚାଲିଯାଇଥିଲେ । ସ୍ଥାନୀୟ ଲୋକେ ଏ ନେଇ ବନ ବିଭାଗକୁ ଖବର ଦେଇଥିଲେ । ବନ ବିଭାଗ କର୍ମଚାରୀ ପହଞ୍ଚି ତା'ର ଚିକିତ୍ସା ଆରମ୍ଭ କରିଛନ୍ତି ।

## ତେଜରାତି ଦୋକାନରୁ ମଦ ଜବତ; ଜଣେ ଗିରଫ

ପରଜଙ୍ଗ,୧୭ ।୧୧(ସମିସ): ପରଜଙ୍ଗ ଥାନା ପୁଲିସ ରବିବାର ରାତିରେ ରୋଡ଼ ଗ୍ରାମରେ ଚଢ଼ଉ କରି ଏକ ତେଜରାତି ଦୋକାନରୁ ୧୫.୫ ଲିଟର ବିଦେଶୀ ମଦ ଜବତ କରିଛି । ଏହି ଘଟଣାରେ ପୁଲିସ ଗ୍ରାମର ବିନୟ ସାହୁଙ୍କ ପୁଅ ସଂଗ୍ରାମ ସାହୁଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି ।



ବିନୟ ଓ ସଂଗ୍ରାମ ରୋଡ଼ କୁନ୍ଦନଦେଇପୁର ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପାର୍ଶ୍ୱରେ ଏକ ତେଜରାତି ଦୋକାନ କରି ସେଥିରେ ଦୀର୍ଘଦିନ ଧରି ବେଆଇନ ବାବେ ବିଦେଶୀ ମଦ ଓ ଅନ୍ୟାନ୍ୟ ମାଦକଦ୍ରବ୍ୟ ବିକ୍ରି କରିଆସୁଥିଲେ । ଉକ୍ତ ଦୋକାନ ସମ୍ମୁଖରେ ପଞ୍ଚାୟତ କାର୍ଯ୍ୟାଳୟ ଥିବା ବେଳେ ଅଳ୍ପ ଦୂରରେ ଉପ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ରହିଛି । ଦୈନନ୍ଦିନ ବିଭିନ୍ନ କାର୍ଯ୍ୟରେ ଏଠାକୁ ଲୋକଙ୍କ ଆଗମନ ହେଉଥିବା ବେଳେ ଛାତ୍ରଛାତ୍ରୀ ମଧ୍ୟ ଆସିଥାନ୍ତି । ତେଜରାତି ଦୋକାନରେ ମଦ୍ୟପାନ କରି ଅସାମାଜିକ ବ୍ୟକ୍ତିମାନେ ବିଶୃଙ୍ଖଳା ସୃଷ୍ଟି କରୁଥିବା ଅଭିଯୋଗ ହୋଇଥିଲା । ଏପରିକି ସରକାରୀ ଜମି ଜବରଦଖଲ କରି ଉକ୍ତ ଦୋକାନ କରାଯାଇଥିଲା । ଏହାକୁ ଉଚ୍ଛେଦ ପାଇଁ ଗ୍ରାମ୍ୟ ପରିଚାଳନା କମିଟି ସଭାପତି ଓ ରୋଡ଼ ସରପଞ୍ଚ ପ୍ରଶାସନିକ ଅଧିକାରୀଙ୍କୁ ଅଭିଯୋଗ କରିଥିଲେ । ରବିବାର ପରଜଙ୍ଗ ଥାନା ଅଧିକାରୀଙ୍କ ନିର୍ଦ୍ଦେଶକ୍ରମେ ଏସ୍‌ଆଇ ଦେବଗ୍ରାହୀ ମହାନ୍ତିଙ୍କ ନେତୃତ୍ୱରେ ପୁଲିସ ଉକ୍ତ ଦୋକାନରେ ଚଢ଼ଉ କରି ମଦ ଜବତ କରିବା ସହ ବାପପୁଅଙ୍କୁ ଥାନାରେ ଅଟକ ତଦନ୍ତ ଚଳାଇଥିଲା । ସୋମବାର ବିନୟଙ୍କୁ ଛାଡ଼ି ଦିଆଯାଇଥିବା ବେଳେ ସଂଗ୍ରାମଙ୍କୁ କୋର୍ଟ ଚାଲାଣ କରାଯାଇଛି ।

## ସାମ୍ବାଦିକ ସଂଘ ପକ୍ଷରୁ ଜାତୀୟ ପ୍ରେସ ଦିବସ ପାଳିତ



କଙ୍କଡ଼ାହାଡ, ୧୭ ।୧୧(ସମିସ): କଙ୍କଡ଼ାହାଡ଼ ସାମ୍ବାଦିକ ସଂଘ ପକ୍ଷରୁ ଜାତୀୟ ପ୍ରେସ ଦିବସ ପାଳିତ ହୋଇଛି । ସଂଘ ସମ୍ପାଦକ ପୃଥ୍ୱୀରାଜ ସାହୁଙ୍କ ନେତୃତ୍ୱ ଓ ସଭାପତି କୃଷ୍ଣଚନ୍ଦ୍ର ସାହୁଙ୍କ ସଭାପତିତ୍ୱରେ ସଂଘ କାର୍ଯ୍ୟାଳୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଅତିଥି ଭାବେ ବରିଷ୍ଠ ସାମ୍ବାଦିକ ପାଣ୍ଡବ ଚରଣ ଦାସ ଯୋଗଦେଇ ଜାତୀୟ ପ୍ରେସ ଦିବସ ଉପରେ ଆଲୋକପାତ କରିଥିଲେ । ଏହି ଅବସରରେ କଙ୍କଡ଼ାହାଡ଼ ମେଡିକାଲ ପରିସରରେ ସଫେଇ କାର୍ଯ୍ୟକ୍ରମ କରାଯାଇଥିଲା । ନିର୍ଭୀକ ଭାବେ ଖବର ପ୍ରସାରଣ କରି ସରକାରଙ୍କ ପାଖରେ ଲୋକଙ୍କ ସମସ୍ୟା ପହଞ୍ଚାଇବା ପାଇଁ ଉପସଭାପତି ବିଭୂତି ଭୂଷଣ ଦେହୁରୀ ପରାମର୍ଶ ଦେଇଥିଲେ । ସଂଘ ସଦସ୍ୟ ଅଙ୍କୁର ସିଂହ, ସନାତନ ପରିଡ଼ା, ପ୍ରସନ୍ନ ପରିଡ଼ା, ପବିତ୍ର ମୋହନ ବରାଳ, ଯଶୋବନ୍ତ ପରିଡ଼ା, ମନୋଜ କୁମାର ଦାସଙ୍କ ସମେତ ସଂଘର ସମସ୍ତ ସଦସ୍ୟ ଉପସ୍ଥିତ ଥିଲେ । ଉପଦେଷ୍ଟା ବିମଳ ଚନ୍ଦ୍ର ବିଶ୍ୱାଳ ଧନ୍ୟବାଦ ଅର୍ପଣ କରିଥିଲେ ।

## ଆର୍‌ଏସ୍‌ଏସ୍‌ର ଶତବାର୍ଷିକୀ ଅବସରରେ ଯୁବ ସମ୍ମିଳନୀ




ଢେଙ୍କାନାଳ,୧୭ ।୧୧(ସମିସ): ସ୍ଥାନୀୟ ଜିଲ୍ଲା କଳା ଓ ହସ୍ତଶିଳ୍ପ କେନ୍ଦ୍ରରେ ରାଷ୍ଟ୍ରୀୟ ସ୍ୱୟଂ ସେବକ ସଂଘ (ଆର୍‌ଏସ୍‌ଏସ୍)ର ଶତବାର୍ଷିକୀ ପାଳନ ଅବସରରେ ଢେଙ୍କାନାଳ ନଗର ଓ ସଦର ଶାଖା ପକ୍ଷରୁ ଯୁବ ସମ୍ମିଳନୀ ଅନୁଷ୍ଠିତ ହୋଇଛି । ଏଥିରେ ୩୪୨ ଯୁବକ ଏବଂ ୫୦ରୁ ଊର୍ଦ୍ଧ୍ୱ କାର୍ଯ୍ୟକର୍ତ୍ତାଙ୍କ ଯୋଗଦେଇଥିଲେ । ସହବିଭାଗ ସଂଘ ଚାଳକ ହୃଦାନନ୍ଦ ଶତପଥୀ, ଜିଲ୍ଲା ସଂଘ ଚାଳକ ଅଶୋକ ଭଞ୍ଜଙ୍କ ମାର୍ଗଦର୍ଶନରେ କାର୍ଯ୍ୟକ୍ରମ ହୋଇଥିଲା । ଉଦଘାଟନ ସତ୍ରରେ ଜିଲ୍ଲା ପ୍ରଚାର ପ୍ରମୁଖ ନିର୍ମଳ କୁମାର ଆଚାର୍ଯ୍ୟ ଯୋଗଦେଇ ଯୁବଗୋଷ୍ଠୀଙ୍କୁ ଭାରତର ସମୃଦ୍ଧ ତଥା ଗୌରବମୟ ଅତୀତ ସମ୍ପର୍କରେ ପରିଚିତ କରାଇଥିଲେ । ପ୍ରଶ୍ନମଞ୍ଚ କାର୍ଯ୍ୟକ୍ରମରେ ସହପ୍ରାନ୍ତ କାର୍ଯ୍ୟବାହ ସୁଦର୍ଶନ ଦାସ ଯୁବଗୋଷ୍ଠୀଙ୍କ ପ୍ରଶ୍ନର ଉତ୍ତର ପ୍ରଦାନ କରିଥିଲେ । ଜିଲ୍ଲା ଶାରୀରିକ ପ୍ରମୁଖ ରାଜେନ୍ଦ୍ର ପ୍ରସାଦ ସାହୁ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ ।

## ମା' ବାଉତୀ ଠାକୁରାଣୀଙ୍କ ବାର୍ଷିକୋତ୍ସବ

ଢେଙ୍କାନାଳ,୧୭ ।୧୧(ସମିସ): ସଦର ବ୍ଲକ ତାଳବରକୋଟ ଗ୍ରାମର ପ୍ରତିଷ୍ଠିତ ଠାକୁରାଣୀ ମା' ବାଉତୀଙ୍କ ବାର୍ଷିକୋତ୍ସବ ବିଛା ସଂକ୍ରାନ୍ତି ଦିନ ପାଳିତ ହୋଇଛି । ଏହି ଅବସରରେ ଭବ୍ୟ କଳସଯାତ୍ରା ଗ୍ରାମ ପରିକ୍ରମା କରି ପୀଠରେ କଳସ ସ୍ଥାପନ କରାଯାଇଥିଲା । ପୂର୍ବାହ୍ନ ୧୧ରେ ପଣ୍ଡିତ ନିରଞ୍ଜନ କରଙ୍କ ଦ୍ୱାରା ଯଜ୍ଞ ଆରମ୍ଭ ହୋଇ ଅପରାହ୍ନରେ ପୂର୍ଣ୍ଣାହୁତି ପ୍ରଦାନ କରାଯାଇଥିଲା ।




ପରେ ପ୍ରସାଦସେବନ ବ୍ୟବସ୍ଥା କରାଯାଇଥିଲା । କାର୍ଯ୍ୟକ୍ରମରେ ବଳଦିଆବନ୍ଧ, ଗୋବିନ୍ଦପୁର, ସିଆରିଆ ଓ ତାଳବରକୋଟ ଗ୍ରାମର ଶତାଧିକ ଭକ୍ତ ସାମିଲ ହୋଇଥିଲେ । ସନ୍ଧ୍ୟାରେ ଭଜନ ସମାରୋହ ଆୟୋଜନ କରାଯାଇଥିବା ମା' ବାଉତି ପୂଜା କମିଟି ସଭାପତି ମହେନ୍ଦ୍ର ଦାସ ସୂଚନା ଦେଇଛନ୍ତି ।

## ବେଧଡ଼କ ଚାଲିଛି ବାଲି ଚୋରାଚାଲାଣ

କଙ୍କଡ଼ାହାଡ଼, ୧୭ ।୧୧(ସମିସ): ଢେଙ୍କାନାଳ ଜିଲ୍ଲା କଙ୍କଡ଼ାହାଡ଼ ବ୍ଲକରେ ଦିନରାତି ବେଧଡ଼କ ଭାବେ ବାଲି ଚୋରା ଚାଲାଣ ହେଉଛି । ତେବେ ପ୍ରଶାସନ ସବୁ ଜାଣି ଚୁପ୍ ରହିବା ଘଟଣାକୁ ନେଇ ବୁଦ୍ଧିଜିବୀ ମହଲରେ ଅସନ୍ତୋଷ ପ୍ରକାଶ ପାଇଛି । ବାମ ଏବଂ ଗୁବରୀ ନଦୀରୁ ବାଲି ଉଠାଯାଇ ଗଡ଼ପଳାଶୁଣି, ଝିଲ୍ଲୀ, ତୋରଡ଼ାନାଳୀ, କଙ୍କଡ଼ାହାଡ଼ ଏବଂ ମହାବୀରୋଡ୍ ଅଞ୍ଚଳର ବିଭିନ୍ନ ସ୍ଥାନକୁ ଚାଲାଣ ହେଉଛି । ଚୋରା ବାଲି ଗାଡ଼ିକୁ ବିଭିନ୍ନ ସମୟରେ ବନବିଭାଗ ଅଟକ ରଖୁଥିବାବେଳେ କଙ୍କଡ଼ାହାଡ଼ ତହସିଲ କାର୍ଯ୍ୟାଳୟଠାରୁ ଅଳ୍ପ ଦୂରରେ ବାଲି ଉଠାଣ ହେଉଥିଲେ ମଧ୍ୟ ରାଜସ୍ୱ ବିଭାଗ ଏଥିପ୍ରତି ଦୃଷ୍ଟି ଦେଉନାହିଁ । ପ୍ରଶାସନ ଏ ଦିଗରେ ପଦକ୍ଷେପ ନେବାକୁ ଦାବି ହେଉଛି ।



# ବିଦ୍ୟାଳୟର ସୁବର୍ଣ୍ଣ ଜୟନ୍ତୀ ସମାରୋହ ଉଦଯାପିତ

ଢେଙ୍କାନାଳ,୧୭ ।୧୧(ସମିସ)



ସଦର ବ୍ଲକ ତରଭା ପଞ୍ଚାୟତ ବଟବିହାରୀ ବିଦ୍ୟାପୀଠର ସୁବର୍ଣ୍ଣ ଜୟନ୍ତୀ ସମାରୋହ ଉଦଯାପିତ ହୋଇଛି । ଉଦଯାପନୀ ଦିବସରେ ପ୍ରବଚକ ପଣ୍ଡିତ ବୀରେନ୍ଦ୍ର କୁମାର ପଣ୍ଡା ପ୍ରବଚନ ପ୍ରଦାନ କରିଥିଲେ । ଡ. ସୁଧାଂଶୁ ଶେଖର ଷଡ଼ଙ୍ଗୀ କାର୍ଯ୍ୟକର୍ତ୍ତାଙ୍କୁ ଉତ୍ସାହିତ କରିବା ସହ ମୋବାଇଲରୁ ଦୂରେଇ ରହିବା, ଦୈନିକ ୧ ଘଣ୍ଟା ଖେଳିବାକୁ ପରାମର୍ଶ ଦେଇଥିଲେ । ଚାଉଳିଆ ବିଦ୍ୟାଳୟର ପୂର୍ବତନ ପ୍ରଧାନଶିକ୍ଷକ ବୈକୁଣ୍ଠ ବିହାରୀ ସ୍ୱାଇଁ ଧନ୍ୟବାଦ ଅର୍ପଣ କରିଥିଲେ । ସଙ୍ଗୀତକାର ବିମଳ ବିଶ୍ୱାଳ ମଞ୍ଚରେ ସୁନ୍ଦର ଚାତୁରୀ ଦେଖାଇ ଦର୍ଶକଙ୍କୁ ବିମୋହିତ କରିଥିଲେ । ମୁଖ୍ୟଅତିଥି ଭାବେ କାମାକ୍ଷାନଗର ବିଧାୟକ ଶତ୍ରୁଘ୍ନ ଜେନା ଯୋଗଦେଇ ସମାଜ ତଥା ଛାତ୍ରଛାତ୍ରୀଙ୍କୁ ତାଙ୍କ ବିଦ୍ୟା ପୋଥିଗତ ନ ହୋଇ ସମାଜ ମଙ୍ଗଳ କାର୍ଯ୍ୟରେ ନିୟୋଜିତ କରିବାକୁ ମାର୍ଗଦର୍ଶନ କରିଥିଲେ । ମୁଖ୍ୟବକ୍ତା ଭାବେ ପ୍ରାଧ୍ୟାପକ ଶାନ୍ତନୁ କୁମାର ସର, ସମ୍ମାନିତ ଅତିଥି ଭାବେ ଓଷ୍ଟା ଅଧ୍ୟକ୍ଷ ଶ୍ରୀରାମ ରାଉତ, ଓଷ୍ଟା ସମ୍ପାଦକ ଶଶିକାନ୍ତ ଦାସ, ଜିଲ୍ଲା ସଂଘଚାଳକ ଅଶୋକ କୁମାର ଭଞ୍ଜ ପ୍ରମୁଖ ଉପସ୍ଥିତ ଥିଲେ । ବିଦ୍ୟାଳୟ ପରିଚାଳନା ସମିତି ଉପଦେଷ୍ଟା ସରୋଜକାନ୍ତ ଦାଶ, ସଭାପତି ଦ୍ୱିଜବର ସ୍ୱାଇଁ, ଉପସଭାପତି ଶ୍ରୀନିବାସ ଖୁଣ୍ଟିଆ, ସମ୍ପାଦକ ଶିବଦତ୍ତ ସ୍ୱାଇଁ, କୋଷାଧ୍ୟକ୍ଷ ତୋରାଚାନ୍ଦ ବିଶ୍ୱାଳ, ସୁବ୍ରତ ବିଶ୍ୱାଳ, ସଂଗ୍ରାମ କିଶୋର ବିଶ୍ୱାଳ, ଦେବୀପ୍ରସାଦ ନାୟକ, ଦେବେନ୍ଦ୍ର ନାୟକ, ବେଟୁନ ସ୍ୱାଇଁ, ସୁରେଖା ନାୟକ, ମମତା ସ୍ୱାଇଁ, ଧରିତ୍ରୀ ବିଶ୍ୱାଳ, ଜଗନ୍ନାଥ ବେହେରା, ରକ୍ତଦାତା ହେମନ୍ତ ସ୍ୱାଇଁ, ସଂଗ୍ରାମ ବିଶ୍ୱାଳ, ଅମ୍ବୁଜ ବିଶ୍ୱାଳ, ଶିକ୍ଷକ ପରେଶ ବିଶ୍ୱାଳ, ସମୀର ସ୍ୱାଇଁ, ପ୍ରମୋଦ ସ୍ୱାଇଁ, ବିଶ୍ୱେଶ୍ୱର ବିଶ୍ୱାଳ, ସାମ୍ବାଦିକ ସର୍ବେଶ୍ୱର ବ୍ରହ୍ମ ପ୍ରମୁଖ ସହଯୋଗ କରିଥିଲେ ଉପସଭାପତି ଶ୍ରୀନିବାସ ଖୁଣ୍ଟିଆ ଧନ୍ୟବାଦ ଅର୍ପଣ କରିଥିଲେ ।

# ଦେଶ ବିଦେଶ

ସକାଳ
THE SAKALA
www.sakalaepaper.com





ମଦିନା ଦୁର୍ଘଟଣାରେ ୪୫ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ଏମାନଙ୍କ ମଧ୍ୟରେ ଗୋଟିଏ ପରିବାରର ୧୮ ଜଣ ସଦସ୍ୟ ସାମିଲ ଥିଲେ । ହାଇଦରାବାଦର ବିମାନ ବନ୍ଦରରେ ନଭେମ୍ବର ୯ରେ ମକ୍କା ଯିବା ପୂର୍ବରୁ ଏହି ପରିବାରର ସଦସ୍ୟଙ୍କୁ ନିକଟ ସମ୍ପର୍କୀୟ ବିଦାୟ ଦେଉଛନ୍ତି । ଦୁର୍ଘଟଣାସ୍ଥଳୀର ଦୃଶ୍ୟ (ବାମ) ।

## ଡ୍ରଗ୍ସ ବୋଟ୍ ଉପରେ ଆକ୍ରମଣ; ୩ ମୃତ, ୭୫ ଦିନରେ ୮୩

ୱାସିଂଟନ, ୧୭ ।୧୧(ଏଜେନ୍ସି): ଆମେରିକା ଶନିବାର ପୂର୍ବ ପ୍ରଶାନ୍ତ ମହାସାଗରରେ ଡ୍ରଗ୍ସ ତଥା ନିଶାଦ୍ରବ୍ୟ ନେଇ ଯାଉଥିବା ଏକ ବୋଟ୍ ଉପରେ ଆକ୍ରମଣ କରିଛି । ଏଥିରେ ୩ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି । ଏ ନେଇ ରବିବାର ଆମେରିକା ସେନା ତରଫରୁ ସୂଚନା ଦିଆଯାଇଛି । ଗତ ସେପ୍ଟେମ୍ବର ମାସ ଆରମ୍ଭରୁ ଏପର୍ଯ୍ୟନ୍ତ ଆମେରିକା ସେନା ଡ୍ରଗ୍ସ ନୌକା ଉପରେ ୨୧ତମ ଆକ୍ରମଣ କରିଛି । ଏହି ଆକ୍ରମଣରେ ଏପର୍ଯ୍ୟନ୍ତ ୮୩ରୁ ଅଧିକ ଲୋକ ମୃତ୍ୟୁବରଣ କଲେଣି । ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଏହି ଆକ୍ରମଣ କରିବାକୁ ନିର୍ଦ୍ଦେଶ ଦେଇଥିଲେ ବୋଲି ଆମେରିକା ବିଦେଶ ମନ୍ତ୍ରୀ ମାର୍କୋ ରୁବିୟୋ କହିଛନ୍ତି । ଆମେରିକାରେ ଡ୍ରଗ୍ସ ତଥା ନିଶାଦ୍ରବ୍ୟ ଯୋଗାଣକୁ ବନ୍ଦ କରିବା ପାଇଁ ନିହାତି ଜରୁରୀ ବୋଲି ଟ୍ରମ୍ପ ପ୍ରଶାସନ ତରଫରୁ କୁହାଯାଇଛି । ଏହାକୁ ମଧ୍ୟ ନ୍ୟାୟ ବିଭାଗ ଉଚିତ୍ ପଦକ୍ଷେପ ବୋଲି ଦର୍ଶାଇଛି । ତେଣୁ ଏହି ଆକ୍ରମଣରେ ସାମିଲଥିବା ଆମେରିକା ସୈନିକଙ୍କ ବିରୋଧରେ କୌଣସି ଆଇନଗତ ପଦକ୍ଷେପ ନିଆଯିବ ନାହିଁ ବୋଲି ସ୍ପଷ୍ଟ ହୋଇଛି । ଆମେରିକା ସେନା ଏହି ଆକ୍ରମଣର ଭିଡିଓ ମଧ୍ୟ ଜାରି କରିଛି । ଟ୍ରମ୍ପ କହିଛନ୍ତି ଯେ, ମୋ ନିର୍ଦ୍ଦେଶରେ ଆମେରିକା ସେନା ଡ୍ରଗ୍ସ ଚୋରାଚାଲାଣ କରୁଥିବା ନାର୍କୋ ଟେରରିଷ୍ଟ ଉପରେ ଆକ୍ରମଣ କରିଛି । ଏମାନେ ଭେନେଜୁଏଲାରୁ ଆମେରିକାକୁ ନିଶାଦ୍ରବ୍ୟ ନେଇ ଯାଉଥିଲେ । ପୂର୍ବରୁ ଗତ ନଭେମ୍ବର ୧୦ରେ ଆମେରିକା ପୂର୍ବ ପ୍ରଶାନ୍ତ ମହାସାଗରରେ ଦୁଇଟି ସନ୍ଦିଗ୍ଧ ନୌକା ଉପରେ ସମାନ କାରଣ ପାଇଁ ଆକ୍ରମଣ କରିଥିଲା ଓ ଏଥିରେ ୬ ଜଣ ମୃତ୍ୟୁବରଣ କରିଥିଲେ ।

ନକଲି ପାନ୍‌କାର୍ଡ ମାମଲାରେ ରାମପୁର କୋର୍ଟଙ୍କ ରାୟ

## ଆଜମ ଖାନ, ପୁଅଙ୍କୁ ୭ ବର୍ଷ ଜେଲ୍ ଦଣ୍ଡ

ରାମପୁର, ୧୭ ।୧୧(ଏଜେନ୍ସି): ସମାଜବାଦୀ ପାର୍ଟିର ବରିଷ୍ଠ ନେତା ଆଜମ ଖାନ୍ ଓ ତାଙ୍କ ପୁଅ ଅବଦୁଲ୍ଲାଙ୍କୁ ପୁଣିଥରେ ୭ ବର୍ଷ ଜେଲ ଦଣ୍ଡରେ ଦଣ୍ଡିତ କରାଯାଇଛି । ସୋମବାର ରାମପୁରର ଏମ୍‌ପି/ଏମ୍‌ଏଲ୍‌ଏ କୋର୍ଟ ଦୁହିଁଙ୍କୁ ନକଲି ପାନ୍‌କାର୍ଡ ମାମଲାରେ ଦୋଷୀ ସାବ୍ୟସ୍ତ କରିବା ସହ ଏହି ଦଣ୍ଡ ଶୁଣାଇଛନ୍ତି । ଉଭୟଙ୍କ ଉପରେ ୫୦ ହଜାର ଟଙ୍କାର



ଜରିମାନା ଧାର୍ଯ୍ୟ କରାଯାଇଛି । କୋର୍ଟ ରାୟ ଦେବା ପରେ ପୁଲିସ ଦୁଇଜଣଙ୍କୁ କୋର୍ଟ ରୁମ୍‌ରୁ ନିଜ ହେପାଜତକୁ ନେବା ସହ ପୁଣି ଜେଲ୍‌କୁ ପଠାଇଛି । ଦୁଇମାସ ତଳେ ସେପ୍ଟେମ୍ବର ୨୩ରେ ଆଜମ ସୀତାପୁର ଜେଲ୍‌ରୁ ଛାଡ଼ପାଇ ବାହାରକୁ ଆସିଥିଲେ । ଅବଦୁଲ୍ଲା ହରଦୋଇ ଜେଲ୍‌ରୁ ୯ ମାସ ତଳେ ଛାଡ଼ ପାଇଥିଲେ । ଏବେ ଦୁଇଜଣ ଜେଲକୁ ଫେରିଛନ୍ତି । ୨୦୧୯ରେ ଏହି ନକଲି ପାନ୍ କାର୍ଡ ମାମଲା ଦାଏର କରାଯାଇଥିଲା । ବିଜେପି ନେତା ଆକାଶ ସାକସେନା ସିଭିଲ ଲାଇନ୍ସ ଥାନାରେ ଏହି ମାମଲା ରୁଜୁ କରିଥିଲେ । ଆଜମ ତାଙ୍କ ପୁଅ ଅବଦୁଲ୍ଲାଙ୍କୁ ଦୁଇଟି ଭିନ୍ନ ଭିନ୍ନ ଜନ୍ମ ପ୍ରମାଣପତ୍ର ସହ ଦୁଇଟି ପାନ୍ କାର୍ଡ ବେଆଇନ ଭାବେ ଉପଲବ୍ଧ କରାଇବାରେ ସହାୟତା ପ୍ରଦାନ କରିଥିଲେ । ନିର୍ବାଚନ ଲଢ଼ିବା ପାଇଁ ଏହି ବେଆଇନ କାର୍ଯ୍ୟ ହୋଇଥିଲା ବୋଲି ରାମପୁର କୋର୍ଟ ହୃଦୟଙ୍ଗମ କରିବା ପରେ ଏହି ରାୟ ପ୍ରଦାନ କରିଛନ୍ତି ।

## କଙ୍ଗୋ ଖଣିରେ ଦୁର୍ଘଟଣା; ୮୦ ମୃତ

କିନ୍‌ଶାସା, ୧୭ ।୧୧(ଏଜେନ୍ସି): କେନ୍ଦ୍ର ଆଫ୍ରିକୀୟ ଦେଶ କଙ୍ଗୋରେ ଏକ ଖଣିରେ ବଡ଼ ଧରଣର ଦୁର୍ଘଟଣା ଘଟିଛି । ଶନିବାର ଏକ ଖଣି ଧସିବା ଫଳରେ ୮୦ଜଣ ଲୋକ ପ୍ରାଣ ହରାଇଛନ୍ତି ଓ ବହୁ ଲୋକ ଅବଶେଷ ତଳେ ଦବି ରହିଥିବା ଆଶଙ୍କା କରାଯାଉଛି । ଏହି ଦୁର୍ଘଟଣା ଲୁଆଲାବା ପ୍ରଦେଶର ମୁଲୋଣ୍ଡୋର କାଲାଣ୍ଡୋ ଖଣିରେ ଘଟିଥିଲା ବୋଲି ଜଣେ ଅଧିକାରୀ ସୂଚନା ଦେଇଛନ୍ତି । ପ୍ରବଳ ବର୍ଷା ଓ ଭୂସ୍ଖଳନ ଆଶଙ୍କା ଥିବାରୁ ଏହି ଖଣିକୁ ଯିବା ପାଇଁ ବାରଣ କରାଯାଇଥିଲା । ଏହା ସତ୍ତ୍ୱେ ବେଆଇନ ଖଣି ଖନନ କରୁଥିବା ଲୋକେ ଜବରଦସ୍ତି ସେଠାକୁ ଯାଇଥିଲେ । ଖଣିରେ ମାଇନିଂ କରୁଥିବା ଲୋକେ ସୈନିକଙ୍କ ଫାୟାରିଂରେ ଆତଙ୍କିତ ହୋଇ ଖଣିର ଉପରେ ଥିବା ପୋଲ ଉପରକୁ ଦୌଡ଼ିଥିଲେ । ଫଳରେ ପୋଲ ଭୁଶୁଡି ପଡ଼ିଥିଲା । ଘଟଣାର ଏକ ଭିଡିଓ ଏବେ ସାମ୍ନାକୁ ଆସିଛି । ଅଚାନକ ଏକ ଖଣିର ଏକ ଅଂଶ ଧସିବା ଫଳରେ ବହୁ ଲୋକ ଦବି ଯାଇଥିଲେ । ବହୁ ଲୋକ ଦୌଡ଼ି ପଳାଇବାକୁ ଚେଷ୍ଟା କରୁଥିବା ବେଳେ ପରସ୍ପର ଉପରେ ଚଢ଼ି ଯାଇଥିଲେ । ଫଳରେ ବହୁ ଲୋକଙ୍କୁ ଜୀବନ ହରାଇବାକୁ ପଡ଼ିଥିଲା ବୋଲି କୁହାଯାଇଛି ।

# ଡ୍ରୋନ୍, ରକେଟ ଆକ୍ରମଣ ପାଇଁ ଯୋଜନା

■ ଆତଙ୍କବାଦୀଙ୍କ ଟାର୍ଗେଟରେ ଥିଲା ଦିଲ୍ଲୀ
■ ଶ୍ରୀନଗରରୁ ଆଉ ଜଣେ ସନ୍ଦିଗ୍ଧ ଗିରଫ
■ ଦିଲ୍ଲୀ ବିସ୍ଫୋରଣରେ ଆଉ ୨ ମୃତ

ନୂଆଦିଲ୍ଲୀ, ୧୭ ।୧୧(ଏଜେନ୍ସି): ଦିଲ୍ଲୀ ବିସ୍ଫୋରଣ ମାମଲାର ଯାଞ୍ଚ କରୁଥିବା ଏନ୍‌ଆଇଏ ହାତରେ ବିସ୍ଫୋରକ ତଥ୍ୟ ଲାଗିଛି । ଏହି ଘଟଣାରେ ଜଡ଼ିତ ଆତଙ୍କବାଦୀମାନେ ଦିଲ୍ଲୀ ଓ ଏହାର ଆଖପାଖ ଅଞ୍ଚଳରେ ଭୟଙ୍କର ଆକ୍ରମଣ କରିବାକୁ ଯୋଜନା କରିଥିଲେ । ଏଥିପାଇଁ ସେମାନେ ଡ୍ରୋନ୍ ଓ ରକେଟ ପ୍ରସ୍ତୁତ କରୁଥିଲେ । ୨୦୨୩ ଅକ୍ଟୋବରରେ ଇସ୍ରାଏଲ ଉପରେ ହମାସ ଯେପରି ଡ୍ରୋନ ଓ ରକେଟ ଜରିଆରେ ଆକ୍ରମଣ କରିଥିଲା, ଠିକ୍ ସେହି ଢଙ୍ଗରେ ଦିଲ୍ଲୀରେ ଆକ୍ରମଣ ପାଇଁ ବଡ଼ ଧରଣର ଯୋଜନା ଚାଲିଥିଲା । ଡ୍ରୋନରେ ଶକ୍ତିଶାଳୀ ବିସ୍ଫୋରକ ଖଞ୍ଜି ଏହାକୁ ଦିଲ୍ଲୀର ସବୁଠାରୁ ଗହଳି ଥିବା ଅଞ୍ଚଳ ଉପରେ ବିସ୍ଫୋରଣ କରାଯାଇ ଥାଆନ୍ତା । ଶ୍ରୀନଗରରୁ ଗିରଫ ହୋଇଥିବା ଆତ୍ମଘାତୀ ଡ. ଉମରର ସହଯୋଗୀ ଠାରୁ ଏଭଳି ତଥ୍ୟ ମିଳିଛି । ଏହି ଷଡ଼ଯନ୍ତ୍ର ।।ରେ ସେ, ଉମର ଏବଂ ଦାନିଶ ସାମିଲ ଥିବା ସ୍ୱୀକାର କରିଛି ।

ପାକିସ୍ତାନର କୁଖ୍ୟାତ ଆତଙ୍କବାଦୀ ସଂଗଠନ 'ଜୈସ-ଇ-ମହମ୍ମଦ' ମଧ୍ୟ ଏହି ଷଡ଼ଯନ୍ତ୍ରରେ ସାମିଲ ଥିଲା । ସେମା।।ନେ ଡିସେମ୍ବର ୬ରେ ବାବରୀ ମସଜିଦ୍ ଧ୍ୱଂସର ପ୍ରତିଶୋଧ ନେବା ପାଇଁ ବ୍ୟାପକ ଆତ୍ମଘାତୀ ଆକ୍ରମଣ କରିବାକୁ ଯୋଜନା କରିଥିଲେ । ଏହି ଯୋଜନାକୁ 'ଅପରେସନ ଡି-୬' ନାମ ଦିଆଯାଇଥିଲା । ଆତଙ୍କବାଦୀମାନେ ସହରର ଭିନ୍ନ୍ ଭିନ୍ନ ସ୍ଥାନରେ ବିସ୍ଫୋରଣ କରାଇବାକୁ ଚାହୁଁଥିଲେ । ଲାଲକିଲ୍ଲାରେ ହୋଇଥିବା ବିସ୍ଫୋରଣ ପ୍ଲାନ୍-ବି ଅର୍ଥାତ ଦ୍ୱିତୀୟସ୍ତରର ଯୋଜନା ଥିଲା ବୋଲି କୁହାଯାଇଛି । ଆକ୍ରମଣ ଉଦ୍ୟମକୁ ପଣ୍ଡ କରାଯିବା ଫଳରେ ଲାଲ୍‌କିଲ୍ଲା ବିସ୍ଫୋରଣକୁ କର୍ଯ୍ୟକାରୀ କରାଯାଇଥିଲା । ମହିଳା ଡାକ୍ତର ଶାହିନ ସହିଦ ଓ ଲାଲକିଲ୍ଲା ବିସ୍ଫୋରଣରେ ମୃତ୍ୟୁବରଣ କରିଥିବା ଉମର ଏହି ଷଡ଼ଯନ୍ତ୍ରର ମୁଖ୍ୟ ନାୟକ ଓ ନାୟିକା ଥିଲେ ବୋଲି କୁହାଯାଉଛି । ଶାହିନଙ୍କୁ ଭାରତରେ ଜୈସର ମହିଳା ଶାଖା ସ୍ଥାପନା ଓ ନେତୃତ୍ୱର ଦାୟିତ୍ୱ ଦିଆଯାଇଥିଲା । ଫରିଦାବାଦର ଅଲ୍ ଫଲାହ ବିଶ୍ୱବିଦ୍ୟାଳୟ ସହିତ ଜଡିତ ଥିବା ମୁଜମ୍ମିଲ ଅହମ୍ମଦ ଗନି ଗିରଫ ହେବା ପରେ ଡାକ୍ତର ଶାହିନଙ୍କୁ ଗିରଫ କାରାଯାଇଥିଲା । ଉମର ବ୍ୟାପକ ଧରଣର ଆତ୍ମଘାତୀ ଆକ୍ରମଣ କରିବାକୁ ଏକାଧିକ ଯୁବକଙ୍କୁ ପ୍ରସ୍ତୁତ କରିବାକୁ ଯୋଜନା କରୁଥିଲା ଓ ସକ୍ରିୟ ଭାବେ ସେମାନଙ୍କ ବ୍ରେନ୍‌ୱାସ କରୁଥିଲା । ଲାଲ୍‌କିଲ୍ଲା ବିସ୍ଫୋରଣରେ ଜୋତା ବୋମା ବ୍ୟବହାର କରାଯାଇଥିବା ଆଶଙ୍କା କରାଯାଉଛି । ବିସ୍ଫୋରଣ ହୋଇଥିବା କାର୍‌ରୁ ଏକ ଜୋତା ମିଳିଛି । ଏଥିରେ ଆମୋନିୟମ ନାଇଟ୍ରେଟ୍ ଓ ଟ୍ରାଇଆସେଟୋନ ଟ୍ରାଇପେରକ୍ସାଇଡ୍ (ଟିଏଟିପି)ର ଚିହ୍ନ ମିଳିଛି । ଏା ହେଉଛି ସବୁଠାରୁ ବିପଜ୍ଜନକ ବିସ୍ଫୋରକ ।

ଦିଲ୍ଲୀର ଲାଲକିଲ୍ଲା ବିସ୍ଫୋରଣ ମାମଲାରେ ଆତଙ୍କବାଦୀ ଉମରର ଆଉ ଜଣେ ସହଯୋଗୀକୁ ଗିରଫ କରାଯାଇଛି । ସୋମବାର ଏନ୍‌ଆଇଏ ଜସିର ବିଲାଲ ବାଣୀ ଉରଫ୍ ଦାନିଶକୁ ଜମ୍ମୁ- କଶ୍ମୀର ଶ୍ରୀନଗରରୁ ଗିରଫ କରିଛି । ଜସିର ଉମରକୁ ବୈଷୟିକ



ସହଯୋଗ ପ୍ରଦାନ କରୁଥିଲା । ଇତିମଧ୍ୟରେ ଦିଲ୍ଲୀ ବିସ୍ଫୋରଣରେ ଆଜି ଆଉ ଦୁଇ ଜଣ ପ୍ରାଣ ହରାଇଥିବାରୁ ମୃତ୍ୟୁସଂଖ୍ୟା ୧୫କୁ ବୃଦ୍ଧି ପାଇଛି । ଗୁରୁତର ଆହତ ଲୁକମାନ (୫୦) ଓ ବିନୟ ପାଠକ (୫୦) ଆଜି ଆଖି ବୁଜିଛନ୍ତି । ଗତକାଲି ବିଲାଲ ନାମକ ଆଉ ଜଣେ ଗୁରୁତର ବ୍ୟକ୍ତି ଚିକିତ୍ସାଧୀନ ଅବସରରେ ମୃତ୍ୟୁବରଣ କରିଥିଲେ ।

# 'ଅପରେସନ ସିନ୍ଦୂର ୮୮ ଘଣ୍ଟାର ଟ୍ରେଲର ଥିଲା'



■ ପୁଣି ସୁଯୋଗ ଦେଲେ ପାକିସ୍ତାନକୁ କଡ଼ା ଜବାବ ଦିଆଯିବ
■ ଆତଙ୍କ ସୃଷ୍ଟି କରୁଥିବା ଦେଶ ଉପରେ କାର୍ଯ୍ୟାନୁଷ୍ଠାନ ଜରୁରୀ

ନୂଆଦିଲ୍ଲୀ, ୧୭ ।୧୧(ଏଜେନ୍ସି): ପାକିସ୍ତାନ ବିରୋଧରେ 'ଅପରେସନ ସିନ୍ଦୂର' ୮୮ ଘଣ୍ଟାର ଏକ ଟ୍ରେଲର ମାତ୍ର ଥିଲା । ଯଦି ପାକିସ୍ତାନ ପୁଣି କୌଣସି ଆତଙ୍କବାଦୀ ଆକ୍ରମଣ କରିବ, ତାହା ହେଲେ ଏହାର କଡ଼ା ଜବାବ ଦିଆଯିବ । ଭାରତୀୟ ସେନାମୁଖ୍ୟ ଉପେନ୍ଦ୍ର ଦ୍ୱିବେଦୀ ଆଜି ପାକିସ୍ତାନକୁ ଏଭଳି ଚେତାବନୀ ଶୁଣାଇଛନ୍ତି । ସେ କହିଛନ୍ତି ।।ଯେ ଏକ ଦାୟିତ୍ୱ ସମ୍ପନ୍ନ ଦେଶ କିପରି ପଡୋଶୀ ଦେଶ ପ୍ରତି ଆଚରଣ ପ୍ରଦର୍ଶନ କରେ ତାହା ଦେଖାଇବାକୁ ଆମେ ପଛକୁ ହଟିବୁ ନାହିଁ ।

ଦିଲ୍ଲୀରେ ଆଜି ଆୟୋଜିତ ଚାଣକ୍ୟ ଡିଫେନ୍ସ ଡାଇଲଗ୍ କାର୍ଯ୍ୟକ୍ରମରେ ଯୋଗ ଦେଇ ।।ସେ କହିଛନ୍ତି ।।ଯେ ଭାରତ ସବୁବେଳେ ପ୍ରଗତି ଓ ଉନ୍ନତିର କଥା କହିଥାଏ । ଖାସ୍ ଏଥିପାଇଁ ଯେଉଁ ଲୋକ ଆତଙ୍କବାଦ କଥା କହୁଛନ୍ତି ଓ ଏହାର ପ୍ରଚାର ପ୍ରସାର କରୁଛନ୍ତି ସେମାନଙ୍କୁ ରୋକିବା ପାଇଁ କଡ଼ା କର୍ଯ୍ୟାନୁଷ୍ଠାନ ନେବା ଆବଶ୍ୟକ । ଭାରତୀୟ ସେନା ଭବିଷ୍ୟତକୁ ମାଟି ସହିତ ସାମିଲ କରି ଦେଖିଥାଏ । ଆମେ ୫ଟି ପିଢ଼ିର ୱାରଫେୟାରରେ ଲଢ଼ିଆସିଛୁ ଓ ସେନା ସେହି ଅନୁସାରେ ନିଜର ପରିବର୍ତ୍ତନ କରିଆସିଛି । ପ୍ରଥମେ ଯୁଦ୍ଧର ନିଷ୍ପତ୍ତି ନେବା ପାଇଁ ବହୁ ଦିନ ଲାଗୁଥିଲା । କିନ୍ତୁ ଏବେ ସ୍ଥିତିରେ ପରିବର୍ତ୍ତନ ଆସିଛି । ଯଦି ଯୁଦ୍ଧ ୪୮ ଘଣ୍ଟା ମଧ୍ୟରେ ଲଢ଼ିବାକୁ ହୁଏ, ତେବେ ଦେଶର ସବୁ ସାମର୍ଥ୍ୟ ଓ ଶକ୍ତି ଲଗାଇବାକୁ ପଡ଼ିବ ବୋଲି ସେ କହିଛନ୍ତି । କୌଣସି ଭୁଲ କଲେ, ଭାରତ ତୁରନ୍ତ କର୍ଯ୍ୟାନୁଷ୍ଠାନ ଗ୍ରହଣ କରିବ ।

ସେ କହିଲେ ଯେ ଏବେ ଭାରତର ପ୍ରତିରକ୍ଷା କ୍ଷମତା ବହୁତ ମଜବୁତ ହୋଇପାରିଛି । ଫଳରେ ପ୍ରତିପକ୍ଷ ତଥା ଶତ୍ରୁଦେଶ ଏବେ ଆମର ଆଭିମୁଖ୍ୟକୁ ଗମ୍ଭୀରତା ସହ ବିଚାର କରୁଛନ୍ତି । ଭାରତର ନୀତି ସଦାବେଳେ ସ୍ପଷ୍ଟ ରହିଛି । ପାଣି ଓ ରକ୍ତ ଏକା ସଙ୍ଗେ ପ୍ରବାହିତ ହେବ ନାହିଁ । ଆତଙ୍କବାଦ ଓ ଆଲୋଚନା ଏକାସାଥିରେ ହୋଇପାରିବ ନାହିଁ । କୂଟନୀତିରେ ସେନାର ଭୂମିକା ଗୁରୁତ୍ୱପୂର୍ଣ୍ଣ ବୋଲି ସେ ସ୍ପଷ୍ଟ କରିଛନ୍ତି । ସେ ଆହୁରି କହିଲେ ଯେ ଭାରତ ଓ ଚୀନ୍ ମଧ୍ୟରେ ରାଜନୈତିକ ଓ କୂଟନୈତିକ ସମ୍ପର୍କରେ ପରିବର୍ତ୍ତନ ହୋଇଛି । ଏବେ ଲୋକେ ଜମ୍ମୁ-କାଶ୍ମୀର ଯିବାକୁ ଚାହୁଁଛନ୍ତି । ସେନା ଏବେ ଦ୍ରୁତ ପରିବର୍ତ୍ତନ ଓ ଉନ୍ନତି ଦିଗରେ କାର୍ଯ୍ୟକରୁଛି । ଆଧୁନିକ ଯୁଦ୍ଧର ରୂପରେଖ ଏବେ ବଦଳୁଛି । ଏବେ ଯୁଦ୍ଧ କେବଳ ଆକାଶ, ମାଟି ଓ ସମୁଦ୍ରରେ ସୀମିତ ହୋଇ ରହିନାହିଁ । ଏହା ଏବେ ସାଇବର, ସ୍ପେସ, ଇନଫର୍ମେସନ ୱାରିୟର, ଇଲେକଟ୍ରୋମାଗ୍ନେଟିକ୍ସ ସ୍ପେକ୍ଟ୍ରମ୍, କଗ୍ନିଟିଭ ୱାରଫେୟାର ସହିତ ଜଡିତ ହେଲାଣି । ତେଣୁ ଏବେ ଦୁଇଟି ସୀମା ଓ ଆଭ୍ୟନ୍ତରଣ ଚ୍ୟାଲେଞ୍ଜକୁ ଦୃଷ୍ଟିରେ ରଖି ପ୍ରସ୍ତୁତ କରିବାକୁ ହେଉଛି । ପ୍ରତିରକ୍ଷା ବଜେଟରେ ବୃଦ୍ଧି ଜରୁରୀ ହୋଇଥିବା ବେଳେ ପାଣ୍ଠିର ଅଭାବ ରହିବ ନାହିଁ ବୋଲି ସେନାଧକ୍ଷ ଜେନେରାଲ ଦ୍ୱିବେଦୀ ସ୍ପଷ୍ଟ କରିଛନ୍ତି ।

## ତେଜସ୍ୱୀ ବିରୋଧୀ ଦଳ ନେତା ନିର୍ବାଚିତ

ପାଟଣା, ୧୭ ।୧୧(ଏଜେନ୍ସି): ବିହାର ବିଧାନସଭା ନିର୍ବାଚନରେ ଶୋଚନୀୟ ପରାଜୟ ପରେ ସୋମବାର ରାଷ୍ଟ୍ରୀୟ ଜନତା ଦଳର (ଆରଜେଡି)ର ପ୍ରଥମ ସମୀକ୍ଷା ବୈଠକ ବସିଥିଲା । ଏଥିରେ ତେଜସ୍ୱୀ ଯାଦବଙ୍କୁ ବିଧାନସଭାର ବିରୋଧୀ ଦଳ ନେତା ଭାବେ ନିର୍ବାଚିତ କରାଯାଇଛି । ଏହି ବୈଠକରେ ଆରଜେଡି ସୁପ୍ରିମୋ ଲାଲୁ ଯାଦବ, ପୂର୍ବତନ ମୁଖ୍ୟମନ୍ତ୍ରୀ ରାବଡୀ ଦେବୀ, ଆରଜେଡି ସାଂସଦ ମିସା ଭାରତୀ, ପୂର୍ବତନ ପ୍ରଦେଶ ଅଧ୍ୟକ୍ଷ ଜଗଦାନନ୍ଦ ସିଂ, ବାହୁବଳୀ ସୁରଜ ଭାନ ସିଂଙ୍କ ସମେତ ଆରଜେଡିର ଏକାଧିକ ବରିଷ୍ଠ ନେତା ଉପସ୍ଥିତ ଥିଲେ । ମାତ୍ର ୨ଟି ଆସନ ଅନ୍ତର କାରଣରୁ ତେଜସ୍ୱୀଙ୍କ ବିରୋଧୀ ଦଳ ନେତା ପଦ ସୁରକ୍ଷିତ ହୋଇଛି । ୨୪୩ ଆସନ ବିଶିଷ୍ଟ ବିଧାନସଭାରେ ମୁଖ୍ୟ ବରୋଧୀ ଦଳର ମାନ୍ୟତା ପାଇବା ପାଇଁ ଯେକୌଣସି ପାର୍ଟିକୁ ୧୦ ପ୍ରତିଶତ ଅର୍ଥାତ ୨୪ଟି ଆସନରେ ବିଜୟୀ ହେବା ଜରୁରୀ ।

## ଲାଲ୍‌କିଲ୍ଲା ବିସ୍ଫୋରଣ ପାଇଁ କେନ୍ଦ୍ରକୁ ଦାୟୀ କଲେ ମେହବୁବା

ଶ୍ରୀନଗର, ୧୭ ।୧୧(ଏଜେନ୍ସି): ଜମ୍ମୁ-କଶ୍ମୀର ପ୍ରମୁଖ ରାଜନୈତିକ ଦଳ ପିଡିପି ମୁଖ୍ୟ ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ମେହବୁବା ମୁଫ୍‌ତି ଦିଲ୍ଲୀର ଲାଲ୍‌କିଲ୍ଲା ବିସ୍ଫୋରଣ ପାଇଁ କେନ୍ଦ୍ର ସରକାରକୁ ଦାୟୀ କରିଛନ୍ତି । କଶ୍ମୀର ପ୍ରସଙ୍ଗ ଏବେ ଦିଲ୍ଲୀ ଲାଲ୍‌କିଲ୍ଲାରେ ପ୍ରତିଧ୍ୱନିତ ହୋଇଛି । ଦେଶରେ ବୃଦ୍ଧି ପାଉଥିବା ଅସୁରକ୍ଷା ଓ ଜମ୍ମୁ-କଶ୍ମୀର ବ୍ୟାପାରରେ କେନ୍ଦ୍ର ସରକାରଙ୍କ ବିଫଳ ନୀତି କାରଣରୁ ଏଭଳି ସ୍ଥିତି ସୃଷ୍ଟି ହୋଇଛି ବୋଲି ସେ କହିଛନ୍ତି । କଶ୍ମୀରେ ସବୁକିଛି ଠିକ୍ ଅଛି ବୋଲି କେନ୍ଦ୍ର ସରକାର ସାରା ବିଶ୍ୱକୁ ଅବଗତ କରାଉଛନ୍ତି । କିନ୍ତୁ କଶ୍ମୀର ସମସ୍ୟା ଏବେ ଲାଲ୍‌କିଲ୍ଲାରେ ମଧ୍ୟ ପହଞ୍ଚିଛି । ଜମ୍ମୁ-କଶ୍ମୀର ସୁରକ୍ଷା ବଢ଼ାଇବାକୁ ପ୍ରତିଶ୍ରୁତି ଦିଆଯାଇଥିଲା । କିନ୍ତୁ ଭୁଲ ନୀତି କାରଣରୁ ଦେଶର ରାଜଧାନୀ ଦିଲ୍ଲୀ ଏବେ ଅସୁରକ୍ଷିତ ହୋଇପଡ଼ିଛି । ଯଦି ଜଣେ ଶିକ୍ଷିତ ବ୍ୟକ୍ତି ନିଜ ଦେହରେ ଆରଡିଏକ୍ସ ବାନ୍ଧି ନିଜକୁ ଓ ଅନ୍ୟକୁ ହତ୍ୟା କରୁଛି, ତାହାଲେ ଦେଶ ଆଦୌ ସୁରକ୍ଷିତ ନାହିଁ । କେନ୍ଦ୍ର ସରକାରଙ୍କ କଶ୍ମୀର ନୀତି ସମ୍ପୂର୍ଣ୍ଣ ଭାବେ ବିଫଳ ହେବା ପ୍ରମାଣିତ ହୋଇଛି ବୋଲି ସେ କହିଛନ୍ତି ।

## ଏସ୍‌ଆଇଆର୍ ଚାପ: ରାଜସ୍ଥାନ, କେରଳରେ ୨ ବିଏଲ୍‌ଓଙ୍କ ଆତ୍ମହତ୍ୟା

ନୂଆଦିଲ୍ଲୀ, ୧୭ ।୧୧(ଏଜେନ୍ସି): ରାଜସ୍ଥାନ ଓ କେରଳରେ ସ୍ପେଶାଲ ଇଣ୍ଟେନ୍‌ସିଭ୍ ରିଭିଜନ (ଏସ୍‌ଆଇଆର୍) ପ୍ରକ୍ରିୟାରେ ସାମିଲ ଥିବା ଦୁଇଜଣ ବୁଥ ସ୍ତରର ଅଧିକାରୀ (ବିଏଲ୍‌ଓ) ଆତ୍ମହତ୍ୟା କରିଛନ୍ତି । କାମ କରିବାର ଚାପକୁ ନିୟନ୍ତ୍ରଣ କରିନପାରି ଦୁହେଁ ଏହି ଚରମ ନିଷ୍ପତ୍ତି ନେଇଛନ୍ତି ବୋଲି ସେମାନଙ୍କ ପରିବାର ସଦସ୍ୟ କହିଛନ୍ତି । କେରଳର କନ୍ନୁର ଜିଲ୍ଲାର ଜଣେ ସରକାରୀ ସ୍କୁଲର କର୍ମଚାରୀ ୪୪ ବର୍ଷୀୟ ଅନିଶ ଜର୍ଜ ରବିବାର ଫାଶୀ ଲଗାଇ ଆତ୍ମହତ୍ୟା କରିଛନ୍ତି । ନିର୍ବାଚନ ପାଇଁ ତାଙ୍କୁ ବିଏଲ୍‌ଓ ଭାବେ ନିଯୁକ୍ତି ଦିଆଯାଇଥିଲା । ସେହିପରି ରାଜସ୍ଥାନର ଜୟପୁରର ୪୮ ବର୍ଷୀୟ ମୁକେଶ କୁମାର ଜାଙ୍ଗିଡ୍ ଏସ୍‌ଆଇଆର ପ୍ରକ୍ରିୟାରେ କାର୍ଯ୍ୟର ଚାପ ପାଇଁ ଟ୍ରେନ୍ ଆଗକୁ ଡେଇଁ ଆତ୍ମହତ୍ୟା କରିଛନ୍ତି । ମୁକେଶ କଲୱାଡାର ଧରମପୁରାରେ ଏକ ସରକାରୀ ସ୍କୁଲରେ ଶିକ୍ଷକତା କରୁଥିଲେ । ତାଙ୍କ ପକେଟରୁ ଏକ ସୁସାଇଡ୍ ନୋଟ୍ ମିଳିଛି । ଉପରସ୍ତରର ଅଧିକାରୀମାନେ ତାଙ୍କୁ ହଇରାଣ ଓ ଅପମାନିତ କରିବା ସହ ସସ୍‌ପେଣ୍ଡ କରିବାକୁ ଧମକ ଦେଇଥିଲେ ବୋଲି ସେ ଏଥିରେ ଉଲ୍ଲେଖ କରିଛନ୍ତି । ସେପଟେ କୋଲକାତାରେ ମଧ ଜଣେ



ବିଏଲ୍‌ଓ ଅସୁସ୍ଥତା କରାଣରୁ ହସ୍ପିଟାଲରେ ଭର୍ତ୍ତି ହୋଇଛନ୍ତି । ଏସ୍‌ଆଇଆର କାର୍ଯ୍ୟ କରିବା ପାଇଁ ତାଙ୍କ ଉପରେ ବହୁତ ଚାପ ଥିଲା ବୋଲି ତାଙ୍କ ପତ୍ନୀ କହିଛନ୍ତି ।

# ବିହାରରେ ମନ୍ତ୍ରିପଦ ପାଇଁ କସରତ

**ବିଜେପିରୁ ୧୬, ଜେଡିୟୁରୁ ୧୫ ଜଣ ହୋଇପାନ୍ତି ମନ୍ତ୍ରୀ**

ନୂଆଦିଲ୍ଲୀ, ୧୭ ।୧୧(ଏଜେନ୍ସି): ବିହାର ବିଧାନସଭା ନର୍ବାଚନରେ ବିଜେପି ନେତୃତ୍ୱାଧୀନ ଏନ୍‌ଡିଏ ମେଣ୍ଟର ଐତିହାସିକ ବିଜୟ ପରେ ନୂଆ ସରକାର ଗଠନ କରିବାର ପ୍ରକ୍ରିୟା ଆରମ୍ଭ ହୋଇଛି । ମୁଖ୍ୟମନ୍ତ୍ରୀ ନୀତୀଶ କୁମାର ଆଜି ରାଜ୍ୟପାଳ ଆରିଫ ମହମ୍ମଦ ଖାନ୍‌ଙ୍କୁ ଭେଟି ବିଧାନସଭା ଭଙ୍ଗ ପାଇଁ ସୁପାରିସ କରିଛନ୍ତି । ଆଜି ନୀତୀଶଙ୍କ ଅଧ୍ୟକ୍ଷତାରେ ଶେଷ କ୍ୟାବିନେଟ ବୈଠକ ହୋଇଥିଲା । ବୈଠକରେ ବିଧାନସଭା ଭଙ୍ଗ ପାଇଁ ସୁପାରିସ କରିବାକୁ ପ୍ରସ୍ତାବ ଗ୍ରହଣ କରାଯାଇଥିଲା । ଆସନ୍ତାକାଲି ବିଜେପି ଓ ଜେଡିୟୁର ମିଳିତ ବିଧାୟକ ଦଳ ବୈଠକ ଡକାଯାଇଛି । ଏଥିରେ ଏନ୍‌ଡିଏର ବିଧାୟକ ଦଳର ନେତା ନିର୍ବାଚିତ କରାଯିବ । ଏହାପରେ ଯାଇ ନୂଆ ସରକାର ଗଠନ କରିବା ଲାଗି ଦାବି ଉପସ୍ଥାପନ କରାଯିବ । ନଭେମ୍ବର ୨୦ରେ ପାଟନା ଗାନ୍ଧୀ ମଇଦାନରେ ନୀତୀଶ ୧୦ମ ଥର ପାଇଁ ମୁଖ୍ୟମନ୍ତ୍ରୀ ପଦର ଶପଥ ଗ୍ରହଣ କରିବେ । ଶପଥ ଗ୍ରହଣ ଉତ୍ସବରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ସମେତ ଅନେକ କେନ୍ଦ୍ର ମନ୍ତ୍ରୀ ଓ ବିଜେପି ଶାସିତ ରାଜ୍ୟର ମୁଖ୍ୟମନ୍ତ୍ରୀ ଯୋଗ ଦେବାର କାର୍ଯ୍ୟକ୍ରମ ରହିଛି ।

ଇତିମଧ୍ୟରେ ମନ୍ତ୍ରୀ ତାଲିକାକୁ ନେଇ କସରତ ଆରମ୍ଭ ହୋଇଛି । କେଉଁ ଦଳରୁ କେତେ ଜଣ ମନ୍ତ୍ରୀ ହେବେ ତାହାକୁ ନେଇ ବୁଝାମଣା ପ୍ରାୟ ଚୂଡ଼ାନ୍ତ ହୋଇଯାଇଛି । ନୂଆ କ୍ୟାବିନେଟ୍‌ରେ ୩୬ ଜଣ ମନ୍ତ୍ରୀଙ୍କୁ ସାମିଲ କରାଯିବ ବୋଲି କେନ୍ଦ୍ରମନ୍ତ୍ରୀ ଜିତେନ ରାମ ମାଞ୍ଝି କହିଛନ୍ତି । ନବଗଠିତ ମନ୍ତ୍ରିମଣ୍ଡଳରେ ବିଜେପିର ୧୬, ଜେଡିୟୁର ୧୫, ଚିରାଗ ପାଶୱାଙ୍କ ଏଲ୍‌ଜେପି (ଆର୍), ଏଚ୍‌ଏଏମ୍ ଓ ଆରଏଲ୍‌ଏସ୍‌ପିର ଜଣେ ଲେଖାଏ ମନ୍ତ୍ରୀ ସାମିଲ ହେବେ । ତେବେ ୧୯ଟି ଆସନ ଜିତିଥିବା ଚିରାଗ ପାଶ୍ୱାନଙ୍କ ଏଲଜେପି ନୂଆ ସରକାରରେ ଆଉ ଗୋଟିଏ ମନ୍ତ୍ରୀ ପଦ ପାଇଁ ଦାବି କରିଛି । ଏପରିକି ଏହି ଦଳରୁ



ଜଣଙ୍କୁ ଉପମୁଖ୍ୟମନ୍ତ୍ରୀ କରିବା ଲାଗି ମଧ୍ୟ ପାଶ୍ୱାନ ଦାବି କରିଥିବା ଜଣାପଡ଼ିଛି ।

ଜେଡିୟୁ ଏହାର ମନ୍ତ୍ରୀ ତାଲିକାରେ ଅଦଳବଦଳ କରିବାର ସମ୍ଭାବନା ରହିଛି । ଅନ୍ୟପକ୍ଷରେ ବିଜେପି ଏହାର ପୁରୁଣା ମନ୍ତ୍ରୀଙ୍କୁ ବଜାୟ ରଖିବାର ସମ୍ଭାବନା ରହିଛି । ତଥାପି କିଛି ପରିବର୍ତ୍ତନ ହୋଇପାରେ । ତେଣୁ ନୂଆ ସରକାରରେ ମନ୍ତ୍ରୀ ପଦ ପାଇବା ଲାଗି ଅନେକ ଆଶାୟୀ ଲବି କରିବା ଆରମ୍ଭ କରିଦେଇଛନ୍ତି ।

ସୂଚନାଯୋଗ୍ୟ, ନଭେମ୍ବର ୨୨ରେ ରାଜ୍ୟ ବିଧାନସଭାର କର୍ଯ୍ୟକାଳ ଶେଷ ହେବ । ନିର୍ବାଚନ କମିସନ ଇତିମଧ୍ୟରେ ବିଧାନସଭା ନିର୍ବାଚନ ।।ରେ ବିଜୟୀ ପ୍ରାର୍ଥୀଙ୍କ ତାଲିକା ରାଜଭବନକୁ ପ୍ରଦାନ କରିଛନ୍ତି । ନିର୍ବାଚନରେ ୨୪୩ ଆସନରୁ ଏନ୍‌ଡିଏ ମେଣ୍ଟ ୨୦୨ଟିରେ ବିଜୟୀ ହୋଇଛି । ଏଥିରେ ବିଜେପି ୮୯, ଜେଡିୟୁ ୮୫, ଏଲ୍‌ଜେପି ୧୯, ଏଚ୍‌ଏଏମ୍‌ର ୫, ଆରଏଲ୍‌ଏମ୍‌ର ୪ ଆସନରେ ବିଜୟୀ ହୋଇଛନ୍ତି ।



### ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)

- ଡଲାର ୮୮.୫୦ ● ପାଉଣ୍ଡ ୧୧୬.୦୩
- ୟୁରୋ ୧୦୨.୯୪ ● ୟେନ୍ ୦.୫୭

### ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)

- ସୁନା: ୧,୧୪,୭୦୦ (ନୂଆଦିଲ୍ଲୀ)
- ରୁପା : ୧,୬୭,୦୦୦ (କେଜି)

### ଷ୍ଟକ୍ ମାର୍କେଟ୍



ବଜାର କାରବାର (ପଏଣ୍ଟରେ)

- ସେନ୍ସେକ୍ସ ୮୪,୯୫୦.୦୦
- ନିଫ୍ଟି ୨୬,୦୧୩. ୦୦

### ପେଟ୍ରୋଲ-ଡିଜେଲ୍



ଲିଟର ପିଛା (ଟଙ୍କାରେ)


- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦

## ସଙ୍କଟରେ ଭାରତର ଜେନ୍ ଜେଡ୍‌ଙ୍କ ସ୍ୱାସ୍ଥ୍ୟବସ୍ଥା

# ପ୍ରତି ୬ ଜଣରେ ଜଣେ ମଧୁମେହରେ ପୀଡ଼ିତ

ନୂଆଦିଲ୍ଲୀ,୧୭।୧୧(ଏଜେନ୍ସି)

ବର୍ତ୍ତମାନର ବ୍ୟସ୍ତ ବହୁଳ ଜୀବନରେ ଆପଣ କ'ଣ କ୍ଲାନ୍ତ ଅନୁଭବ କରୁଛନ୍ତି? ଚାପ ଆପଣଙ୍କ ଜୀବନର ଏକ ଅଂଶ ପାଲଟିଛି କି ? ଯଦି ହଁ, ତେବେ ଆପଣ ଏକା ନୁହଁନ୍ତି। ସଙ୍କଟରେ ଏବେ ଭାରତର ଜେନ୍ ଜେଡ୍‌ଙ୍କ ସ୍ୱାସ୍ଥ୍ୟବସ୍ଥା। ଦେଶର ପ୍ରମୁଖ ବୀମା କମ୍ପାନୀ ଆଇସିଆଇସିଆଇ ଲୋମ୍ବାର୍ଡ ସମ୍ପ୍ରତି ଏକ ଆଶ୍ଚର୍ଯ୍ୟଜନକ ପରିସଂଖ୍ୟାନ ସହିତ ଏକ ରିପୋର୍ଟ ପ୍ରକାଶ କରିଛି। ବିଶ୍ୱ ମଧୁମେହ ଦିବସ ଅବସରରେ ପ୍ରକାଶିତ ଏହି ରିପୋର୍ଟ କେବଳ ଭାରତୀୟଙ୍କ ଅବନତିଶୀଳ ସ୍ୱାସ୍ଥ୍ୟ ବିଷୟରେ ଅନ୍ଧକାର ସତ୍ୟ ପ୍ରକାଶ କରେ ନାହିଁ, ବରଂ ଏହା ମଧ୍ୟ ପ୍ରକାଶ କରେ ଯେ ଭାରତରେ ପ୍ରତି ୬ଜଣରେ ଜଣେ ବର୍ତ୍ତମାନ ମଧୁମେହ ରୋଗରେ ପୀଡ଼ିତ। ଆଇସିଆଇସିଆଇ ଲୋମ୍ବାର୍ଡର ଇଣ୍ଡିଆ ୱେଲନେସ୍ ଇଣ୍ଡେକ୍ସ ୨୦୨୫ ଅନୁଯାୟୀ, ଚାପ, ଗଣ୍ଠି ଯନ୍ତ୍ରଣା ଏବଂ ଉଚ୍ଚ ରକ୍ତଚାପ ପରେ ମଧୁମେହ ଦେଶର ଶ୍ରେଷ୍ଠ ୫ଟି ରୋଗ ମଧ୍ୟରୁ ଗୋଟିଏ ହୋଇଗଲାଣି।



- ଆଇସିଆଇସିଆଇ ଲୋମ୍ବାର୍ଡ ରିପୋର୍ଟ
- କ୍ରମାଗତ ଭାବରେ ଚାପ ଓ ଥକାପଣର ଶିକାର

ଏହି ରିପୋର୍ଟ ଦେଶର ୧୯ଟି ପ୍ରମୁଖ ସହରର ୨୦୦୦ ଲୋକଙ୍କ ଉପରେ କରାଯାଇଥିବା ଏକ ସର୍ଭେ ଉପରେ ଆଧାରିତ। ଏଥିରେ ସବୁଠାରୁ ଚିନ୍ତାଜନକ କଥା ହେଉଛି ଏହି ରୋଗ ଆଉ କେବଳ ବୟସ୍କ ଲୋକଙ୍କ ମଧ୍ୟରେ ସୀମିତ ନୁହେଁ। ମିଲେନିୟାଲ୍ସ ଏବଂ କର୍ପୋରେଟ୍ କର୍ମଚାରୀଙ୍କ ମଧ୍ୟରେ ମଧ୍ୟ ଏହାର ପ୍ରକୋପ ଦ୍ରୁତ ଗତିରେ ବୃଦ୍ଧି ପାଉଛି। ଏହାର ମୁଖ୍ୟ କାରଣ ହେଉଛି ଆମେ ସମସ୍ତେ ସମ୍ମୁଖୀନ ହେଉଥିବା ସମାନ - ଖରାପ ଖାଦ୍ୟ, ଶାରୀରିକ ନିଷ୍କ୍ରିୟତା ଏବଂ ଅତ୍ୟଧିକ ଚାପ। ରିପୋର୍ଟରେ ସ୍ପଷ୍ଟ ଭାବରେ କୁହାଯାଇଛି ଯେ ହୃଦରୋଗ କିମ୍ବା ମଧୁମେହ ଥିବା ଲୋକଙ୍କର ସାଧାରଣ ଜନସଂଖ୍ୟା (୭୯) ତୁଳନାରେ ଯଥେଷ୍ଟ କମ୍ ସୁସ୍ଥତା ସ୍କୋର (୭୦) ଥାଏ। ପ୍ରାୟତଃ ଏହା ଅନୁମାନ କରାଯାଏ ଯେ ଯୁବପିଢ଼ିର ଅର୍ଥ ପ୍ରଚୁର ଶକ୍ତି, କିନ୍ତୁ ଏହି ରିପୋର୍ଟ ଏକ ଭିନ୍ନ କାହାଣୀ କୁହେ। ଭାରତର ଯୁବପିଢ଼ି ଜେନ୍ ଜେଡ୍‌ଙ୍କ ସ୍ୱାସ୍ଥ୍ୟରେ ଏକ ଗୁରୁତ୍ୱପୂର୍ଣ୍ଣ ହ୍ରାସ ଦେଖିବାକୁ ମିଳିଛି। ରିପୋର୍ଟ ଅନୁଯାୟୀ, ଏହି ପିଢ଼ି ଶାରୀରିକ, ମାନସିକ ଏବଂ ସାମାଜିକ ପ୍ରତ୍ୟେକ କ୍ଷେତ୍ରରେ ପଛରେ ପଡ଼ିଛି। ଟାୟାର-୧ ସହରରେ ରହୁଥିବା ଯୁବପିଢ଼ି ବିଶେଷ ଭାବରେ ଦୁର୍ବଳ। ଅନ୍ୟପକ୍ଷରେ, କର୍ପୋରେଟ୍ ଜଗତରେ ପରିସ୍ଥିତି ଆହୁରି ଭୟଙ୍କର। ସର୍ଭେରେ ସାମିଲ ହୋଇଥିବା ପ୍ରତି ତିନି ଜଣଙ୍କ ମଧ୍ୟରୁ ଜଣେ ସ୍ୱୀକାର କରିଛନ୍ତି ଯେ ସେମାନେ ଦୈନନ୍ଦିନ ଚାପ ଅନୁଭବ କରୁଛନ୍ତି, ଯେତେବେଳେ ୪୧% ଲୋକ ନିରନ୍ତର କ୍ଲାନ୍ତ ଅନୁଭବ କରୁଛନ୍ତି। ଅଫିସ୍ କର୍ମଚାରୀଙ୍କ ଶାରୀରିକ ସ୍ୱାସ୍ଥ୍ୟ ସାଧାରଣ ଲୋକଙ୍କ ତୁଳନାରେ ବହୁତ ଖରାପ। କାର୍ଯ୍ୟ-ଜୀବନ ସନ୍ତୁଳନର ଅଭାବ, ଜ୍ୱଳନ ଏବଂ ପରିବାରକୁ ସମୟ ଦେଇ ନ ପାରିବା ପାଇଁ ଦୋଷୀ ପ୍ରାୟ ଦୁଇ-ତୃତୀୟାଂଶ କର୍ମଚାରୀଙ୍କୁ ଗ୍ରାସ କରୁଛି। ତଥାପି, ଭଲ ଖବର ହେଉଛି ଯେ ଜେନେରେସନ୍ ଏକ୍ସ ଏବଂ ମହିଳାମାନେ ସେମାନଙ୍କ ସ୍ୱାସ୍ଥ୍ୟ, ଆର୍ଥିକ ବୁଝାମଣା ଏବଂ କର୍ମକ୍ଷେତ୍ର ସନ୍ତୁଳନରେ ଉନ୍ନତି ଦେଖାଇଛନ୍ତି।

## ଅରୁନ୍ଧତୀ ଜୁଏଲର୍ସର 'ବିବାହ ମହୋତ୍ସବ' ଜୁଏଲାରୀ ପ୍ରଦର୍ଶନୀ ଆରମ୍ଭ



ଭୁବନେଶ୍ୱର,୧୭।୧୧(ସମିସ): ଜୁଏଲାରୀ ବ୍ରାଣ୍ଡ ଅରୁନ୍ଧତୀ ଜୁଏଲର୍ସ ଚଳିତ ବିବାହ ଋତୁ ପାଇଁ ଗ୍ରାହକଙ୍କ ପସନ୍ଦକୁ ଆଖି ଆଗରେ ରଖି ଗତକାଲି ଅରୁନ୍ଧତୀ ଜୁଏଲର୍ସ ପୁରୀ ଶାଖାଠାରେ ବିବାହ ମହୋତ୍ସବର ଜୁଏଲାରୀ ପ୍ରଦର୍ଶନୀ ଆରମ୍ଭ କରିଛି। ବିବାହ ଅବସର ପାଇଁ ବିଶେଷ ଭାବରେ ପ୍ରସ୍ତୁତ, ପାରମ୍ପରିକ ସୁନା ଗହଣାର କମ୍ ଓଜନ ଯୁକ୍ତ ସର୍ବୋତମ ଡିଜାଇନ୍ ଓ କଲେକ୍ସନ ପ୍ରସ୍ତୁତ କରାଯାଇଛି। ଏହି ବିବାହ ଋତୁକୁ ଆଖି ଆଗରେ ରଖି ଅରୁନ୍ଧତୀ ଜୁଏଲର୍ସ ତରଫରୁ ବଜାରର ସର୍ବଶ୍ରେଷ୍ଠ ଅଫର ଘୋଷଣା କରିଛି, ଯେଉଁଥିରେ ୫୦ଗ୍ରାମ ରୁ ଉର୍ଦ୍ଧ୍ୱ ସୁନା ଗହଣା କ୍ରୟଉପରେ ଫ୍ଲାଟ ୫୦%ରିଆତି, ୨୫ ରୁ ୫୦ ଗ୍ରାମ୍ ଭିତରେ ଯେତିକି ଗ୍ରାମ୍ ସୁନା ଗହଣା କ୍ରୟ କରିବେ ସେତିକି ପ୍ରତିଶତ ଗଢ଼ାମଜୁରି ରେ ରିହାତି ସହ ପ୍ରତି କ୍ୟାରେଟ ହୀରା ମୂଲ୍ୟରେ ୨୦,୦୦୦ ଟଙ୍କାର ମହାବଚତ ରିଆତି ପାଇପାରିବେ ଏବଂ ୫୧ ଜଣ ଲକ୍ଷପତି ହେବାର ସୁଯୋଗ ମଧ୍ୟ ପାଇପାରିବେ। ସୁନା ଗହଣା ପରି ରୁପଗହଣା ରେ ମଧ୍ୟ ସମାନ ପ୍ରକାରର ଅଫର ରହିଛି। ଏହି ଅଫର ଅରୁନ୍ଧତୀର ସମସ୍ତ ଶାଖାମାନଙ୍କରେ ଉପଲବ୍ଧ।

## କୋମାକି ଇଲେକ୍ଟ୍ରିକ୍‌ର ଏମ୍ଏକ୍ସ-୧୬ ପ୍ରୋ ବଜାରରେ



ନୂଆଦିଲ୍ଲୀ, ୧୭।୧୧(ସମିସ): କୋମାକି ଇଲେକ୍ଟ୍ରିକ୍ ଆଜି ନିଜର ନୂଆ କ୍ରୁଜର୍ ଇଲେକ୍ଟ୍ରିକ୍ ବାଇକ୍ ଏମ୍ଏକ୍ସ୧୬ ପ୍ରୋର ବଜାର ପ୍ରବେଶ କରାଇଛି। ଶକ୍ତିଶାଳୀ ମେଟାଲ୍ ବୋଡି, ଆଧୁନିକ ଇଭି ଟେକ୍ନୋଲୋଜି ଓ ପ୍ରିମିୟମ୍ ଡିଜାଇନ୍ ସହିତ ଏହି ବାଇକ୍ ୧,୬୯,୯୯୯ ଟଙ୍କାର ଆରମ୍ଭିକ ମୂଲ୍ୟରେ ଉପଲବ୍ଧ। ଏହା ଡୁଆଲ୍ ଟୋନ୍ଅ ଓ ଜେଟ୍ ବ୍ଲାକ୍ ଏହି ଦୁଇଟି ରଙ୍ଗରେ ଉପଲବ୍ଧ, ଯାହା ଏହାର କ୍ରୁଜର୍ ଆକର୍ଷଣକୁ ଆଉ ବଢ଼ାଇଦେଇଛି। ଅଧା ମୂଲ୍ୟରେ ବେଶି ପରଫର୍ମାନ୍ସରେ କୌଣସି ସମଝୋତା କରାଯାଇନି। ଗୋଟିଏ ଥର ଚାର୍ଜରେ ୧୬୦–୨୨୦ କି.ମି.ର ରେଞ୍ଜ ଏବଂ ୨୦୦ କି.ମି. ଚାଲିବାର ଖର୍ଚ୍ଚ ମାତ୍ର ୧୫–୨୦ ଟଙ୍କା। ପେଟ୍ରୋଲ୍ ବାଇକ୍ ତୁଳନାରେ ୫ ଗୁଣା ଶସ୍ତା। ଏହାର ସର୍ବାଧିକ ଗତି: ୮୦ କି.ମି./ଘଣ୍ଟା ସୁରକ୍ଷା ଓ ସୁବିଧାର ସଠିକ୍ ସମନ୍ୱୟ।

## ବେଦାନ୍ତ ଝାରସୁଗୁଡା- ଏମ୍‌ସିଏଲ୍ ସହଭାଗିତା



ଭୁବନେଶ୍ୱର,୧୭।୧୧(ସମିସ): ବେଦାନ୍ତ ଆଲୁମିନିୟମ, ମହାନଦୀ କୋଲଫିଲ୍ଡସ୍ ଲିମିଟେଡ୍ (ଏମ୍‌ସିଏଲ) ସହଯୋଗରେ ଲଖନପୁର ରେଳ ସାଇଡିଂରେ ଆୟୋଜିତ ଏକ ଗଣ ସୁରକ୍ଷା ସଚେତନତା ପଦକ୍ଷେପ, ସୁରକ୍ଷା ସମ୍ପର୍କ ମାଧ୍ୟମରେ ସୁରକ୍ଷା ଏବଂ ନବସୃଜନର ସଂସ୍କୃତିକୁ ପ୍ରୋତ୍ସାହିତ କରିବା ପାଇଁ ଏହାର ଅଟଳ ପ୍ରତିବଦ୍ଧତାକୁ ଆହୁରି ଦୃଢ଼ କରିଛି। ଏହି ଶିଳ୍ପ-ପ୍ରଥମ ଅଭିଯାନ ଲଜିଷ୍ଟିକ୍ସ କାର୍ଯ୍ୟର ଏକ ଗୁରୁତ୍ୱପୂର୍ଣ୍ଣ ଉପାଦାନ, ରେଳ ସାଇଡିଂ ଇକୋସିଷ୍ଟମକୁ ବେଦାନ୍ତର ସୁରକ୍ଷା ହସ୍ତକ୍ଷେପର ପରିସରକୁ ବିସ୍ତାର କରି ଏକ ଗୁରୁତ୍ୱପୂର୍ଣ୍ଣ ମାଇଲଖୁଂଟ ଚିହ୍ନିତ କରିଥିଲା। କମ୍ପାନୀର ପୂର୍ବ ସୁରକ୍ଷା ସାରଥି ପ୍ରୟାସର ପରିସରକୁ ବିସ୍ତାର କରି ଯାହା ସମଲେଶ୍ୱରୀ,ଗର୍ଜନବାହାଲ ଏବଂ ଲଖନପୁର ଖଣିରେ ବ୍ୟାପକ ସଡ଼କ ସୁରକ୍ଷା ସଚେତନତା ଉପରେ ଧ୍ୟାନ କେନ୍ଦ୍ରିତ କରିଥିଲା, ଏହି ସ୍ୱତନ୍ତ୍ର କାର୍ଯ୍ୟକ୍ରମ ଅତ୍ୟାଧୁନିକ ପ୍ରଯୁକ୍ତିବିଦ୍ୟା ଅଭିଜ୍ଞତାମୂଳକ ଶିକ୍ଷା ଏବଂ ମାନବିକ ସମ୍ପର୍କ ମାଧ୍ୟମରେ ରେଳ ସାଇଡିଂ ଶ୍ରମିକଙ୍କ ମଧ୍ୟରେ ସୁରକ୍ଷା-ସଚେତନ ଅଭ୍ୟାସ ଏବଂ ଆଚରଣଗତ ସଚେତନତାକୁ ପ୍ରୋତ୍ସାହିତ କରିବା ଉପରେ ଧ୍ୟାନ କେନ୍ଦ୍ରିତ କରିଥିବା ବେଦାନ୍ତ ଝାରସୁଗୁଡାର ସିଇଓ ସି ଚନ୍ଦ୍ରୁ କହିଛନ୍ତି।

## ବିଦ୍ୟୁତ୍ ଚୋରି ଯୋଗୁଁ ପ୍ରଭାବିତ ହେଉଛନ୍ତି ସଚ୍ଚୋଟ ଉପଭୋକ୍ତା

# କଠୋର ହେଲା ଏନଫୋର୍ସମେଣ୍ଟ ଟିମ୍

ଭୁବନେଶ୍ୱର,୧୭।୧୧(ସମିସ): ଅବୈଧ ହୁକିଂ, ମିଟର୍ ଟ୍ୟାମ୍ପରିଂ ଓ ଅନଧିକୃତ ବିଦ୍ୟୁତ ବ୍ୟବହାର ଆଦି ବିଭିନ୍ନ ଉପାୟରେ ବିଦ୍ୟୁତ୍ ଚୋରି ବହୁ ଅଞ୍ଚଳରେ ବଣ୍ଟନ କ୍ଷେତ୍ରରେ କ୍ଷତିର ଏକ ପ୍ରମୁଖ କାରଣ। ଏହି କ୍ଷତି ବିଦ୍ୟୁତ୍ କ୍ଷେତ୍ର ଉପରେ ଆର୍ଥିକ ଚାପ ବୃଦ୍ଧି କରିବା ସହିତ ପରୋକ୍ଷ ଭାବରେ ସଚ୍ଚୋଟ ଭାବେ ବିଲ୍ ଦେଉଥିବା ଉପଭୋକ୍ତାମାନଙ୍କୁ ପ୍ରଭାବିତ କରେ। ଏଥିପାଇଁ ସେମାନଙ୍କୁ ଅଧିକ ସିଷ୍ଟମ୍ ଖର୍ଚ୍ଚ ଦେବାକୁ ପଡୁଥିବାବେଳେ ଉନ୍ନତ ସେବା ପାଇବାରେ ବିଳମ୍ବ ମଧ୍ୟ ହୋଇଥାଏ। ଯେତେବେଳେ କେହି ଅବୈଧ ଭାବେ ବିଦ୍ୟୁତ ବ୍ୟବହାର କରନ୍ତି, ଏଭଳି କ୍ଷେତ୍ରରେ ଠିକ ସମୟରେ ବିଲ୍ ପେମେଣ୍ଟ କରୁଥିବା ପରିବାର ଓ ବ୍ୟବସାୟିକ ସଂସ୍ଥାକୁ ସେମାନଙ୍କର ଅନଧିକୃତ ବ୍ୟବହାରର ଭାର ବୋହିବାକୁ ପଡିଥାଏ । ଅବୈଧ ଓ ଅସୁରକ୍ଷିତ ଭାବରେ ବିଦ୍ୟୁତ ନେବା ଦ୍ୱାରା ଫିଡର୍ ଏବଂ ବଣ୍ଟନ ଟ୍ରାନ୍ସଫର୍ମର ଭାରାକ୍ରାନ୍ତ ହୋଇଥାଏ ଯାହାଦ୍ୱାରା ଭୋଲଟେଜରେ ପରିବର୍ତ୍ତନ,ବାରମ୍ବାର ଟ୍ରିପ୍ ଓ ଦୀର୍ଘ ସମୟ ଧରି ବିଦ୍ୟୁତ ବିଭ୍ରାଟ ଦେଖାଯାଇଥାଏ ଓ ଏହା ଯୋଗୁଁ ଅନେକ ଉପଭୋକ୍ତା ହଇରାଣ ହୋଇଥାନ୍ତି।


GOVERNMENT OF ODISHA
OFFICE OF THE EXECUTIVE ENGINEER
RURAL WORKS DIVISION-II, SUNDARGARH
E.Mail-rw_rourkela@yahoo.co.in
No.1471-O
TENDER CALL NOTICE
BID IDENTIFICATION NO. ONLINE-EERKL-19 of 2025-26

1. Name of the Work :- Road Works.
2. Total No. of works :- 05 (Five) Nos.
3. Estimated cost :- Rs.5.59 Lakhs to 9.32 Lakhs.
4. Class of contractor :- "D" & "C" Class
5. Period of completion :- 01 (One) Calendar months.
6. Type of Tender :- Single Cover
7. Other details :-

| Procurement Officer | Bid Identification No. | Availability of Tender On-line for bidding | |
|---|---|---|---|
| | | From | To |
| 1 | 2 | 3 | 4 |
| Executive Engineer, Rural Works Division-II, Sundargarh | Online-EERKL-19 of 2025-26 | 18.11.2025 from 10.00 A.M. | 26.11.2025 upto 5.00 P.M. |

Further details can be seen from the website www.tendersodisha.gov.in.
Sd/- Executive Engineer
RW Division-II, Sundargarh
OIPR



OFFICE OF THE CHIEF DISTRICT MEDICAL & PUBLIC HEALTH OFFICER, PURI
E-514
CONTRACTUAL APPOINTMENT (WALK-IN-INTERVIEW)
Advt. No : 6156 /DPMU Dt: 14.11.2025

Interested candidates may attend the Walk-in-interview for the post of Medical Officers at different SNCU, UHWCs & UPHCs, Puri on contractual basis as per the NHM norms.

| Sl No | Name of the Post | Vacancy | Mode of Interview |
|---|---|---|---|
| 01 | MO, MBBS | 08 | 29 .11.2025, 11.00AM (Walk In) |

The application format and details are available in the website https://puri.odisha.gov.in. The application should reach by Walk-In-interview to the undersigned.
-sd-
OIPR Chief District Medical & Public Health Officer, Puri



GOVERNMENT OF ODISHA
DEPARTMENT OF WATER RESOURCES
Office of the Superintending Engineer
Barpali Irrigation Division, Barpali
E-mail Id - ee.barpali.canal@gmail.com
No.875-A
'e' Procurement Notice No-07/2025-26
BID IDENTIFICATION NO-BID 07(01 to 04) / 2025-26 (ON-LINE) DATED 10.11.2025

1. Type of the work : Improvement to canal structures & Approach Road.
2. No of works : 04 (Four) Nos.
3. Class of contractor : "D" & "C"
4. Bid identification No. : BID 07 (01 to 04)/2025-26
5. Estimate cost : 8.97 Lakhs to 16.91 Lakhs
6. Period of completion : As per DTCN.
7. Date and time of availability of bid documents in the portal Dt.13.11.2025 at 11.00 A.M. to Dt.20.11.2025 upto 5.00 P.M.
8. Last date/ time for receipt of bids in the portal Dt.20.11.2025 upto 5.00 P.M.
9. Date of opening of Bid Dt.21.11.2025 at 11.00 A.M.
10. Date of Lottery Dt.27.11.2025 at 11.00 A.M.

1. Any addendum/corrigendum/cancellation of tender can also be seen in the said Website.
2. Further details can be seen from Government Website-http:// tenderodisha.gov.in.

Sd/- Superintending Engineer
Barpali Irrigation Division, Barpali
OIPR



ଓଡ଼ିଶା ସରକାର
ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ
ଅଧିସୂଚନା
No. RDM-LAB-GM-0015-2025- 20959 / R&DM, Dated. 11 JUN 2025

XII-13: ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ଗଞ୍ଜାମ ଜିଲ୍ଲାର ଛେଳିଗଡ ଜଳସେଚନ କେନାଲ ପ୍ରକଳ୍ପ ନିର୍ମାଣ ମୌଜା–ଛଣମେରି, ଥାନା– ପାଟପୁର, ତହସିଲ–ସାନଖେମୁଣ୍ଡି, ଜିଲ୍ଲା–ଗଞ୍ଜାମରେ ନିମ୍ନ ତଫସିଲ ମତେ ପ୍ରାୟ ୦.୫୧୦ ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ତେଣୁ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ–ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act.2013) ର ୧୧(୧) ଧାରାରେ ଭାରପ୍ରାପ୍ତ ହୋଇ ସରକାର ଏତଦ୍ୱାରା ନିମ୍ନ ଅନୁସୂଚୀରେ ପ୍ରଦତ୍ତ ଜମି ଅଧିଗ୍ରହଣ ପାଇଁ ପ୍ରାରମ୍ଭିକ ଅଧିସୂଚନା ଜାରି କରୁଛନ୍ତି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ–ଅର୍ଜନ ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ ୨୦୧୩ ର ଧାରା ୧୧(୧)ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥି ସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଯଦି ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ / ଜମି ମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଥାଏ, ସେ ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦ ଦିନ ମଧ୍ୟରେ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act.2013) ର ଧାରା ୧୫ର ବ୍ୟବସ୍ଥା ଅନୁଯାୟୀ ସମ୍ପୃକ୍ତ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

ପ୍ରକଳ୍ପ ସମ୍ବନ୍ଧୀୟ ବିବରଣୀ

୧. ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ– ଛେଳିଗଡ ଜଳସେଚନ କେନାଲ ପ୍ରକଳ୍ପର ନିର୍ମାଣ ନିମନ୍ତେ ।
୨. ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ – ଅଧିକ୍ଷଣ ଯନ୍ତ୍ରୀ, ଛେଳିଗଡ କେନାଲ ବିଭାଜନ, ଦିଗପହଣ୍ଡି ଗଞ୍ଜାମ ।
୩. କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ : ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ ଗଞ୍ଜାମ ଜିଲ୍ଲାର ଛେଳିଗଡ ଜଳସେଚନ କେନାଲ ପ୍ରକଳ୍ପ ନିର୍ମାଣ ନିମନ୍ତେ (ଉକ୍ତ ପ୍ରକଳ୍ପ ଯୋଗୁଁ କୌଣସି ଲୋକ ବିସ୍ଥାପିତ ହେଉନାହାନ୍ତି) ।
୪. ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ : ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ । ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ, ଓଡ଼ିଶା ସରକାରଙ୍କ ପତ୍ର ସଂଖ୍ୟା–୩୪୮୮୪, ତାରିଖ : ୦୮.୧୦.୨୦୨୪ରେ ଦ୍ରଷ୍ଟବ୍ୟ ।
୫. ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ : ଉପ ଜିଲ୍ଲାପାଳ, ବ୍ରହ୍ମପୁର, ଗଞ୍ଜାମ
୬. ଜମିର ବିବରଣୀ

ଜମିର ବିଶଦ ବିବରଣୀ

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ | ପ୍ଲଟ୍ ନଂ | ପ୍ଲଟର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତ୍‌ର ନାମ |
|---|---|---|---|---|---|---|---|---|
| ଗଞ୍ଜାମ | ସାନଖେମୁଣ୍ଡି | ଛଣମେରି | ଗ୍ରାମାଞ୍ଚଳ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ଏ. ୨.୫୪୫ | ଏ. ୦.୫୧୦ | ଏଥି ସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା ଜିଲ୍ଲାପାଳ, ଗଞ୍ଜାମ ଓ ସ୍ୱତନ୍ତ୍ର ଭୂ–ଅର୍ଜନ ତଥା ଥଇଥାନ ଓ ପୁନର୍ବସତି ଅଧିକାରୀ, (ମଧ୍ୟମ ଜଳସେଚନ ପ୍ରକଳ୍ପ), ମହେନ୍ଦ୍ରଗଡଙ୍କ କାର୍ଯ୍ୟାଳୟରେ କାର୍ଯ୍ୟ ଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟ, ବିକ୍ରୟ, ହସ୍ତାନ୍ତର (ଦେଣ ନେଣ) କିମ୍ବା ଦାୟ ସୃଷ୍ଟି ଜିଲ୍ଲାପାଳ, ଗଞ୍ଜାମଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

ରାଜ୍ୟପାଳଙ୍କ ଆଦେଶକ୍ରମେ
ସ୍ୱା/- (ମଧୁସ୍ମିତା ସାହୁ)
ଅତିରିକ୍ତ ଶାସନ ସଚିବ

ଛଣମେରି ଗ୍ରାମର ଜମିର ବିବରଣୀ
ମୌଜା - ଛଣମେରି, ତହସିଲ - ସାନଖେମୁଣ୍ଡି, ଜିଲ୍ଲା-ଗଞ୍ଜାମ

| ଖାତା ନମ୍ବର | ପ୍ଲଟ ନମ୍ବର | ଚାଷୀଙ୍କ ନାମ ପିତାଙ୍କ ନାମ | ମୋଟ ଏରିଆ (ଏକର) | ଶ୍ରେଣୀ ବିଭାଜନ | ଅର୍ଜିତ ହେବାକୁ ଥିବା ଜମିର ପରିମାଣ (ଏକର) | ମନ୍ତବ୍ୟ |
|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ |
| ୨୭୩ | ୧୪୯୮ | ଶ୍ରୀ କପିଳେଶ୍ୱର ମହାଦେବ ବିଜେ ନିଜଗାଁ ମାର୍ଫତ ଛଣମେରି ଗ୍ରାମବାସୀ ତରଫେ ଟ୍ରଷ୍ଟି | ୧.୨୦୦ | ବିଲ ଅଣଜଳସେଚିତ ଦୁଇ | ୦.୨୪୦ | |
| | ୧୫୨୮ | | ୦.୨୬୦ | | ୦.୦୩୦ | |
| | ୧୫୩୧ | | ୦.୫୮୦ | | ୦.୦୧୫ | |
| | ୧୫୩୭ | | ୦.୨୪୫ | | ୦.୦୫୦ | |
| | ୧୫୨୬ | | ୦.୧୩୫ | | ୦.୦୯୦ | |
| | ୧୫୨୭ | | ୦.୧୨୫ | | ୦.୮୫ | |
| | | | | | ମୋଟ - ୦.୫୧୦ ଏକର | |

Sd/-
Spl. L.A. Cum-R & R.O. (M.I.P),
Mahendragada, (Gajapati)


## ଟ୍ରମ୍ପଙ୍କ ଚାପରେ ଭାରତ

# ୧୦% ଗ୍ୟାସ୍ ଆମେରିକାଠାରୁ କିଣିବ

ନୂଆଦିଲ୍ଲୀ,୧୭।୧୧(ଏଜେନ୍ସି): ଶୁଳ୍କ ବିବାଦ ମଧ୍ୟରେ, ଭାରତ ଏବଂ ଆମେରିକା ସେମାନଙ୍କର ପ୍ରଥମ ଚୁକ୍ତି ସ୍ୱାକ୍ଷର କରିଛନ୍ତି। ଏହି ଚୁକ୍ତି ଅନୁଯାୟୀ, ଭାରତ ଆମେରିକାରୁ ପ୍ରାୟ ୨.୨ ନିୟୁତ ଟନ୍ ଏଲ୍‌ପିଜି କ୍ରୟ କରିବ। ଏହା ଭାରତର ବାର୍ଷିକ ଆବଶ୍ୟକତାର ୧୦%। ଏହି ଚୁକ୍ତି କେବଳ ଗୋଟିଏ ବର୍ଷ ପାଇଁ, ଅର୍ଥାତ୍ ୨୦୨୬ ପାଇଁ। ଏହି ଚୁକ୍ତି ଭାରତର ରାଷ୍ଟ୍ରାୟତ୍ତ ତୈଳ କମ୍ପାନୀଗୁଡ଼ିକ ଇଣ୍ଡିଆନ ଅଏଲ୍ କର୍ପୋରେସନ), ଭାରତ ପେଟ୍ରୋଲିୟମ୍ କର୍ପୋରେସନ, ଏବଂ ହିନ୍ଦୁସ୍ତାନ ପେଟ୍ରୋଲିୟମ୍ କର୍ପୋରେସନ ,- ଆମେରିକାର ଶକ୍ତି ଯୋଗାଣକାରୀ ଚେଭ୍‌ରନ୍, ଫିଲିପ୍ସ ୬୬ ଏବଂ ଏନର୍ଜିକ୍ ଟ୍ରେଡିଂ ସହିତ ସ୍ୱାକ୍ଷରିତ ହୋଇଛି।

ଭାରତ ବିଶ୍ୱର ଦ୍ୱିତୀୟ ବୃହତ ଏଲ୍‌ପିଜି ଗ୍ରାହକ। ବର୍ତ୍ତମାନ, ଭାରତ ଏହାର ଏଲ୍‌ପିଜି ଆବଶ୍ୟକତାର ୫୦% ରୁ ଅଧିକ ଆମଦାନୀ କରେ, ଏଥିରୁ ଅଧିକାଂଶ ଯୋଗାଣ ପଶ୍ଚିମ ଏସୀୟ ବଜାରରୁ ଆସୁଛି। ପେଟ୍ରୋଲିୟମ୍ ମନ୍ତ୍ରୀ ହରଦୀପ ସିଂହ ପୁରୀ ଏହି ଚୁକ୍ତିକୁ ଐତିହାସିକ ବୋଲି କହିଛନ୍ତି। ସେ କହିଛନ୍ତି, ବିଶ୍ୱର ସବୁଠାରୁ ଦ୍ରୁତ ଗତିରେ ବଢୁଥିବା ଏଲପିଜି ବଜାର ମଧ୍ୟରୁ ଗୋଟିଏ ଏବେ ଆମେରିକା ଯୋଗାଣ ପାଇଁ ଖୋଲା। ଭାରତର ଲୋକଙ୍କୁ ନିରାପଦ ଏବଂ ସୁଲଭ ଏଲପିଜି ଯୋଗାଇବା ପାଇଁ ଆମର ପ୍ରୟାସରେ, ଆମେ ଆମର ସୋର୍ସିଂକୁ ବିବିଧ କରୁଛୁ। ଏହି ଚୁକ୍ତି ସେହି ଦିଗରେ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ।

## 'ଏଆଇ ଇମ୍ପାକ୍ଟ ଫେଷ୍ଟିଭାଲ – ୨୦୨୫' ଉଦ୍‌ଘାଟିତ




ନୂଆଦିଲ୍ଲୀ,୧୭।୧୧: ବର୍ତ୍ତମାନର ସମୟ ଏକବିଂଶ ଶତାବ୍ଦୀର ସମୟ । ଏହି ସମୟରେ ଆମ ଦେଶ ଭାରତ ବିକାଶ ଦିଗରେ ଅଗ୍ରସର ହେଉଥିବା ବେଳେ ଆମକୁ ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସ(ଏଆଇ) ସୁଯୋଗର ସମ୍ପୂର୍ଣ୍ଣ ଲାଭ ନେବାକୁ ହେବ ବୋଲି ସୋମବାର ନୂଆଦିଲ୍ଲୀରେ ଆୟୋଜିତ 'ଏଆଇ ଇମ୍ପାକ୍ଟ ଫେଷ୍ଟିଭାଲ୍ - ୨୦୨୫'କୁ ଉଦ୍‌ଘାଟନ କରିବା ସହ ଏକାଧିକ ଏଆଇ ପଦକ୍ଷେପର ଶୁଭାରମ୍ଭ କରିବା ଅବସରରେ କେନ୍ଦ୍ର ଶିକ୍ଷା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ କହିଛନ୍ତି। ଏହି ଅବସରରେ ଇନଟେଲ ଦ୍ୱାରା ନିଆଯାଇଥିବା ସମସ୍ତ ପଦକ୍ଷେପକୁ ଭୂୟସୀ ପ୍ରଶଂସା କରିଥିଲେ ଶ୍ରୀ ପ୍ରଧାନ । ସେ କହିଥିଲେ ଏହି ପଦକ୍ଷେପ ଗୁଡ଼ିକ ନୂତନ ଜାତୀୟ ଶିକ୍ଷା ନୀତି ୨୦୨୦କୁ ଆଧାର କରି ଆମ ଛାତ୍ରଛାତ୍ରୀଙ୍କ କଳ୍ପନା ଓ ନବସୃଜନକୁ ଆହୁରି ଅଧିକ ଗତି ଦେବ। ଭାରତବର୍ଷ ଏଆଇ ପ୍ରଦାନ କରୁଥିବା ସୁଯୋଗଗୁଡ଼ିକୁ ହାତଛଡ଼ା ନକରି ତାହାକୁ ଆପଣେଇ ନେଉଛି। ଭାରତର ମାନବ ବୁଦ୍ଧିମତା ଏବଂ କୃତ୍ରିମ ବୁଦ୍ଧିମତାର ମିଳିତ ଶକ୍ତି ଏକ ବିକଶିତ ଭାରତ ଗଠନ କରିବ।

## ରାଷ୍ଟ୍ରପତିଙ୍କୁ ଷୋଡ଼ଶ ଅର୍ଥ ଆୟୋଗଙ୍କ ରିପୋର୍ଟ ପ୍ରଦାନ

ନୂଆଦିଲ୍ଲୀ,୧୭।୧୧(ଏଜେନ୍ସି): ଭାରତୀୟ ସମ୍ବିଧାନର ଧାରା ୨୮୦ ର ଧାରା (୧) ଅନୁଯାୟୀ ଭାରତର ରାଷ୍ଟ୍ରପତିଙ୍କ ଦ୍ୱାରା ଷୋଡ଼ଶ ଅର୍ଥ ଆୟୋଗ ଗଠନ କରାଯାଇଥିଲା। ଡକ୍ଟର ଅରବିନ୍ଦ ପାନଗାରିଆଙ୍କ ଅଧ୍ୟକ୍ଷତାରେ କମିଶନ ଆଜି ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କୁ ତାଙ୍କର ରିପୋର୍ଟ ପ୍ରଦାନ କରିଛନ୍ତି। ଆୟୋଗଙ୍କ ଏହି ରିପୋର୍ଟ ୨୦୨୬-୩୧ ଆର୍ଥିକବର୍ଷ ନିମନ୍ତେ ଉଦ୍ଦିଷ୍ଟ। ଏହି ଅବସରରେ ଆୟୋଗର ସଦସ୍ୟ ଆନି ଜର୍ଜ ମାଥ୍ୟୁ, ଡକ୍ଟର ମନୋଜ ପଣ୍ଡା, ଟି. ରବି ଶଙ୍କର ଏବଂ ଡକ୍ଟର ସୌମ୍ୟକାନ୍ତି ଘୋଷ ଏବଂ ଆୟୋଗଙ୍କ ସଚିବ ଋତ୍ୱିକ ପାଣ୍ଡେ ପ୍ରମୁଖ ଉପସ୍ଥିତ ଥିଲେ। ଏହାପରେ ଆୟୋଗ ଆଜି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଏବଂ କେନ୍ଦ୍ର ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣଙ୍କୁ ରିପୋର୍ଟର ଏକ ନକଲ ପ୍ରଦାନ କରିଛନ୍ତି। ସନ୍ଦର୍ଭର ସର୍ତ୍ତାବଳୀ (ଟିଓଆର୍) ଅନୁଯାୟୀ, ଆୟୋଗ ୨୦୨୬ ଏପ୍ରିଲ୍ ପହିଲାରୁ ଆରମ୍ଭ କରି ୫ ବର୍ଷ ପାଇଁ ଏହାର ରିପୋର୍ଟ ଦାଖଲ କରିବାକୁ ନିର୍ଦ୍ଦେଶ ଦିଆଯାଇଥିଲା, ଯେଉଁଥିରେ କେନ୍ଦ୍ର ଏବଂ ରାଜ୍ୟ ମଧ୍ୟରେ ଟିକସର ନିଟ୍ ଆୟ ବଣ୍ଟନ, ରାଜ୍ୟମାନଙ୍କ ମଧ୍ୟରେ ଏପରି ପ୍ରାପ୍ତିର ସମ୍ପୃକ୍ତ ଅଂଶର ଆବଣ୍ଟନ ପାଇଁ ଆର୍ଥିକ ବ୍ୟବସ୍ଥାର ସମୀକ୍ଷା ଉପରେ ସୁପାରିଶ କରାଯାଇଥିଲା।

# ଗୌହାଟୀ ଯିବେ ନାହିଁ ଗିଲ୍

**କୋଲକାତା, ୧୭।୧୧(ଏଜେନ୍ସି):** ଦକ୍ଷିଣ ଆଫ୍ରିକାଠାରୁ ପ୍ରଥମ ଟେଷ୍ଟ ହାରିଯିବା ପରେ ଅଧିନାୟକ ଶୁବମନ ଗିଲ୍‌ଙ୍କ ଅନୁପସ୍ଥିତି ଭାରତୀୟ ଦଳରେ ଅନୁଭୂତ ହୋଇଥିଲା। ଭାରତର ପ୍ରଥମ ଇନିଂସରେ ୩ଟି ବଲ୍‌ରୁ ୪ ରନ୍ କରିବା ପରେ ଗିଲ୍ ପଡ଼ିଆ ଛାଡ଼ିଥିଲେ। ତାଙ୍କ ବେକ ପଛପଟେ ଯନ୍ତ୍ରଣା ହେବାରୁ ସେ ଏହି ଟେଷ୍ଟରେ



ଆଉ ଖେଳି ପାରି ନ ଥିଲେ। ତାଙ୍କୁ ସଙ୍ଗେ ସଙ୍ଗେ ଚିକିତ୍ସା ଲାଗି ମେଡିକାଲରେ ଭର୍ତ୍ତି କରାଯାଇଥିଲା। ଚିକିତ୍ସା ପରେ ଆଜି ତାଙ୍କୁ ମେଡିକାଲରୁ ଛାଡି ଦିଆଯାଇଛି। କିନ୍ତୁ ନଭେମ୍ବର ୨୨ରୁ ଖେଳାଯିବାକୁ ଥିବା ଦ୍ୱିତୀୟ ଟେଷ୍ଟରେ ତାଙ୍କର ଖେଳିବା ନେଇ ଆଶଙ୍କା ରହିଛି। ଆସନ୍ତାକାଲି ବା ମଙ୍ଗଳବାର ଭାରତୀୟ ଦଳ ଇଡେନ୍‌ରେ ଅଭ୍ୟାସ କରିବ। ବୁଧବାର ସକାଳେ ଦ୍ୱିତୀୟ ଟେଷ୍ଟ ଖେଳିବାକୁ ଗୌହାଟୀ ଯାତ୍ରା କରିବ। କିନ୍ତୁ ବେକରେ ଆଘାତ ଲାଗିଥିବା ବ୍ୟକ୍ତିଙ୍କୁ ବିମାନରେ ଯାତ୍ରା କରିବାର ନିୟମ ନାହିଁ। ଏବେ ସେ ବିସିସିଆଇ ମେଡିକାଲ ଟିମ୍‌ର ତତ୍ତ୍ୱାବଧାନରେ ରହିଛନ୍ତି। ଯାହା ଫଳରେ ବୁଧବାର ଦଳ ସହ ସେ ଗୌହାଟୀ ଯାଇ ପାରିବେ ନାହିଁ ବୋଲି ଟିମ୍ ମ୍ୟାନେଜମେଣ୍ଟ ପକ୍ଷରୁ ସୂଚନା ଦିଆଯାଇଛି। ଯଦି ସେ ନ ଖେଳନ୍ତି ତାଙ୍କ ସ୍ଥାନରେ ତେବେ ନୀତୀଶ ରେଡ୍ଡୀ, ସାଇ ସୁଦର୍ଶନ ଓ ଦେବଦତ୍ତ ପାଡିକଲଙ୍କ ମଧ୍ୟରୁ ଜଣେ ଖେଳିପାରନ୍ତି।

# ରୟାଲ୍ସର କୋଚ୍ ପଦକୁ ଫେରିଲେ ସାଙ୍ଗାକରା

**ଜୟପୁର, ୧୭।୧୧ (ଏଜେନ୍ସି):** ଶ୍ରୀଲଙ୍କାର କିମ୍ବଦନ୍ତୀ କ୍ରିକେଟର୍ କୁମାର ସାଙ୍ଗାକରା ରାଜସ୍ଥାନ ରୟାଲ୍ସ ଦଳର ମୁଖ୍ୟ କୋଚ୍ ପଦକୁ ଫେରିଛନ୍ତି। ୪୮ ବର୍ଷୀୟ ସାଙ୍ଗାକରାଙ୍କୁ ପୁନଃନିଯୁକ୍ତି କରାଯାଇଥିବା ନେଇ ରାଜସ୍ଥାନ ଫ୍ରାଞ୍ଚାଇଜ ପକ୍ଷରୁ ସୋମବାର ସୂଚନା ଦିଆଯାଇଛି। ରାହୁଲ ଦ୍ରାବିଡଙ୍କ ସ୍ଥାନରେ ସାଙ୍ଗାକରା ଆଗାମୀ ଆଇପିଏଲ୍-୧୯ରେ ରୟାଲ୍ସର ମୁଖ୍ୟ କୋଚ୍ ଦାୟିତ୍ୱ ସମ୍ଭାଳିବେ। ଆଇପିଏଲ୍‌ର ଗତ ସିଜନରେ ରାଜସ୍ଥାନର ମୁଖ୍ୟ କୋଚ୍ ରହିଥିବା ଦ୍ରାବିଡ ଗତ ଅଗଷ୍ଟରେ ତାଙ୍କ ପଦରୁ ଇସ୍ତଫା ଦେଇଥିଲେ। ସାଙ୍ଗାକରା ଏଥିପୂର୍ବରୁ ୨୦୨୨, ୨୦୨୩ ଓ ୨୦୨୪ ଆଇପିଏଲ୍‌ରେ ରାଜସ୍ଥାନର ମୁଖ୍ୟ କୋଚ୍ ଦାୟିତ୍ୱ ତୁଲାଇଥିଲେ। ୨୦୨୫ ଅର୍ଥାତ୍ ଗତ ସିଜନରେ ଦ୍ରାବିଡଙ୍କୁ ଦଳର ଗୁରୁ ଦାୟିତ୍ୱ ମିଳିବା ପରେ ସାଙ୍ଗାକରା ରାଜସ୍ଥାନ ଫ୍ରାଞ୍ଚାଇଜର କ୍ରିକେଟ୍ ନିର୍ଦ୍ଦେଶକ ପଦ ସମ୍ଭାଳିଥିଲେ।

- **ଜାତୀୟ ପାରା ସୁଇମିଂର ୨ୟ ଦିନରେ ଚମକ**

# ୪ ସ୍ୱର୍ଣ୍ଣ ସହ ଓଡ଼ିଶାକୁ ୨୬ ପଦକ

**ଭୁବନେଶ୍ୱର, ୧୭।୧୧ (ସମିସ):** ହାଇଦରାବାଦ୍‌ରେ ଚାଲିଥିବା ୨୫ତମ ଜାତୀୟ ପାରା ସୁଇମିଂରେ ଓଡ଼ିଶାର ସନ୍ତରଣକାରୀଙ୍କ ଦମ୍‌ଦାର ପ୍ରଦର୍ଶନ ଜାରି ରହିଛି। ଉଦ୍‌ଘାଟନୀ ଦିବସରେ ୭ଟି ପଦକ ଜିତିଥିବା ଓଡ଼ିଶା ସୋମବାର ଆଉ ୨୬ଟି ପଦକ ବିଜୟୀ ହୋଇଛି। ଯେଉଁଥିରେ ୪ଟି ସ୍ୱର୍ଣ୍ଣ, ୧୩ ରୌପ୍ୟ ଓ ୯ଟି କାଂସ୍ୟ ପଦକ ରହିଛି। ଲିନା ସ୍ୱାଇଁ ୨ଟି ଏବଂ ନରହରି ବେହେରା ଓ ସଙ୍ଗୀତା ନାୟକ ଗୋଟିଏ ଲେଖାଏ ସ୍ୱର୍ଣ୍ଣ ପଦକ ହାସଲ କରିଛନ୍ତି। ସେହିଭଳି ବିକାଶ ରଞ୍ଜନ ବରାଳ, ପ୍ରଦୀପ୍ତ କୁମାର ସ୍ୱାଇଁ, ଲିନା ସ୍ୱାଇଁ, ଆକାଶ ବାନଛୋର, ଗୋଲାପୀ ସିରକା, ଚୈତନ୍ୟ ମାରାଣ୍ଡି, ଭାନୁମତୀ ବେହେରା ଗୋଟିଏ ଲେଖାଏ ଏବଂ ରଞ୍ଜନ ହାଁସଦା ଓ କବିତା ଦଳାଇ ୨ଟି ଲେଖାଏ ରୌପ୍ୟ ପଦକ ବିଜୟୀ ହୋଇଛନ୍ତି। ରାମ ମୁର୍ମୁ, ଅନିତା ମୁଣ୍ଡା, ଭାନୁମତୀ, ସୁଜାତା ସାମଲ, ବିଜୁ ସିଂ, କମଳ ଟୁଡୁ ଓ ଶିବାନନ୍ଦ ବୈଦ୍ୟ କାଂସ୍ୟ ପଦକ ସଫଳତା ପାଇଥିଲେ।

**କିଟ୍ ରଣଜୀ ଲଢ଼େଇ**

# ଅନିଲଙ୍କ ଶତକ; ଓଡ଼ିଶା ଇନିଂସ ଅଗ୍ରଣୀ

**ଭୁବନେଶ୍ୱର, ୧୭।୧୧ (ସମିସ)**

ସ୍ଥାନୀୟ କିଟ୍ କ୍ରିକେଟ୍ ଗ୍ରାଉଣ୍ଡରେ ନାଗାଲାଣ୍ଡ ବିପକ୍ଷରେ ଚାଲିଥିବା ରଣଜୀ ଟ୍ରଫି ମୁକାବିଲାରେ ଘରୋଇ ଓଡ଼ିଶା ପ୍ରଥମ ଇନିଂସରେ ଅଗ୍ରଣୀ ହାସଲ କରିବାରେ ସଫଳ ହୋଇଛି। ଓଡ଼ିଶାର ପ୍ରଥମ ଇନିଂସ ସ୍କୋର ୨୭୫ ରନ ଜବାବରେ ନାଗାଲାଣ୍ଡ ୧୬୧ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ଫଳରେ ୧୧୪ ରନରେ ଅଗ୍ରଣୀ ହାସଲ କରିଥିବା ଓଡ଼ିଶା କିନ୍ତୁ ଦ୍ୱିତୀୟ ଇନିଂସ ଆରମ୍ଭରୁ ପ୍ରାରମ୍ଭିକ ବିପର୍ଯ୍ୟୟର ସମ୍ମୁଖୀନ ହୋଇଛି। ସୋମବାର ଦ୍ୱିତୀୟ ଦିବସ ଷ୍ଟମ୍ପ ସୁଦ୍ଧା ଓଡ଼ିଶା ଦ୍ୱିତୀୟ ଇନିଂସରେ ୬.୫ ଓଭର ଖେଳି ୨ ୱିକେଟ ହରାଇ ୧୬ ରନ ସଂଗ୍ରହ କରିଛି। ସ୍ୱସ୍ତିକ ସାମଲ ୯ ରନ କରି ଅପରାଜିତ ରହିଛନ୍ତି। ଓପନର୍ ଗୌରବ ଚୌଧୁରୀ ୭ ରନରେ ଆଉଟ୍ ହୋଇଛନ୍ତି। ସେହିଭଳି ଏଠାରେ ପଦାର୍ପଣ କରିଥିବା ୱିକେଟ୍‌କିପର ସାୱନ ପହରିୟା ଦ୍ୱିତୀୟ ଇନିଂସରେ ମଧ୍ୟ ନିରାଶ କରି ଖାତା ଖୋଲିବା ପୂର୍ବରୁ ଆଉଟ୍ ହୋଇଛନ୍ତି। ପ୍ରଥମ ଇନିଂସରେ ପହରିୟା ମାତ୍ର ୧ ରନ କରିଥିଲେ। ଆଠ ୱିକେଟ ବଳକା ଥାଇ ଓଡ଼ିଶା ଏବେ ମୋଟ୍ ଉପରେ ୧୩୦ ରନରେ ଅଗ୍ରଣୀ ଲାଭ କରିଛି। ଏହି ମ୍ୟାଚ୍‌ର ଦ୍ୱିତୀୟ ଦିନରେ ୧୫ ୱିକେଟ୍‌ର ପତନ ହୋଇଛି।



ଅନିଲ ପଣ୍ଡା

## ରାଜେଶ, ସମ୍ବିତ ଓ ଗୋବିନ୍ଦଙ୍କ ବୋଲିଂ ସଫଳତା

ପୂର୍ବ ଦିନର ଅସମାପ୍ତ ପ୍ରଥମ ଇନିଂସ ସ୍କୋର ୨୪୩/୭ରୁ ସୋମବାର ବ୍ୟାଟିଂ ଆରମ୍ଭ କରିଥିବା ଓଡ଼ିଶା ୨୨ ରନ ଯୋଡ଼ି ଅଲ୍‌ଆଉଟ୍ ହୋଇଯାଇଥିଲା। ନିଜର ଦ୍ୱିତୀୟ ମ୍ୟାଚ୍ ଖେଳୁଥିବା ଯୁବ ବ୍ୟାଟର ଅନିଲ ପରିଡ଼ା ୧୧୮ ରନ କରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ରାଜେଶ ମହାନ୍ତି ୧୪ ଏବଂ ବାଦଲ ବିଶ୍ୱାଳ ଓ ତାପସ ଦାସ ଖାତା ଖୋଲି ନ ପାରି ଆଉଟ୍ ହୋଇଥିଲେ। ଅନିଲଙ୍କ ଏହା ପ୍ରଥମ ପ୍ରଥମଶ୍ରେଣୀ ଶତକ ଥିଲା। ଗତ ସିଜନରେ ସେ ସର୍ଭିସେସ ବିପକ୍ଷ ପଦାର୍ପଣ ମ୍ୟାଚରେ ଅପରାଜିତ ୯୯ ରନ କରିବା ସହ ଅଳ୍ପକେ ଶତକରୁ ବଞ୍ଚିତ ହୋଇଥିଲେ। ବୋଲିଂରେ ନାଗାଲାଣ୍ଡ ପକ୍ଷରୁ ରୋନିତ ମୋରେ, ଅଧିନାୟକ ରଙ୍ଗସେନ ଜୋନାଥନ ଓ ଲମଲିୱତି ଲେମତୁର ୩ଟି ଲେଖାଏ ୱିକେଟ୍ ନେଇଥିଲେ। ଏହାପରେ ପ୍ରଥମ ପାଳି ଆରମ୍ଭ କରିଥିବା ନାଗାଲାଣ୍ଡ ଓପନିଂ ୱିକେଟରେ ୫୨ ରନ ସଂଗ୍ରହ କରି ଭଲ ଆରମ୍ଭ କରିଥିଲା। କିନ୍ତୁ ଏହାପରେ ଦଳ ନିୟମିତ ବ୍ୟବଧାନରେ ୱିକେଟ୍ ହରାଇ ୧୬୧ରେ ସୀମିତ ରହିଥିଲା। ଓପନର୍ ଡେଗା ନିଶ୍ଚଳ ସର୍ବାଧିକ ୭୨, ରୋନିତ ୨୫ ଓ ଜୋନାଥନ ୧୬ ରନ କରିଥିଲେ। ଘରୋଇ ଓଡ଼ିଶା ପକ୍ଷରୁ ରାଜେଶ ମହାନ୍ତି, ସମ୍ବିତ ବରାଳ ଓ ସ୍ପିନ ଅଲରାଉଣ୍ଡର ଗୋବିନ୍ଦ ପୋଦ୍ଦାର ୩ଟି ଲେଖାଏ ୱିକେଟ୍ ନେଇ ଦଳକୁ ଅଗ୍ରଣୀ ଦେବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ।


### ସଂକ୍ଷିପ୍ତ ସ୍କୋର

**ଓଡ଼ିଶା ପ୍ରଥମ ଇନିଂସ:** ୨୭୫/୧୦, ୧୦୪.୪ ଓଭର।
**ନାଗାଲାଣ୍ଡ ପ୍ରଥମ ଇନିଂସ:** ୧୬୧/୧୦, ୫୭.୩ ଓଭର
**ଓଡ଼ିଶା ଦ୍ୱିତୀୟ ଇନିଂସ:** ୧୬/୨, ୬.୫ ଓଭର (ସ୍ୱସ୍ତିକ- ଅପରାଜିତ- ୯, ଗୌରବ- ୭, ଲେମତୁର- ୧/୪)

**● ଏଟିପି ଫାଇନାଲ୍ସ**

# ଟାଇଟଲ୍ ସହ ୪୪.୯ କୋଟି ଜିତିଲେ ସିନ୍ନର୍

**ତୁରିନ, ୧୭।୧୧ (ଏଜେନ୍ସି):** ପୁରୁଷ ଟେନିସ ଇତିହାସର ଅନ୍ୟତମ ଶ୍ରେଷ୍ଠ ଟୁର୍ଣ୍ଣାମେଣ୍ଟ ଏଟିପି ଫାଇନାଲ୍ସରେ ଏଥର ମଧ୍ୟ ଇଟାଲୀ ତାରକା ଜାନ୍ନିକ ସିନ୍ନର ଚାମ୍ପିଅନ ହୋଇଛନ୍ତି। ଗତକାଲି ରାତିରେ ଖେଳାଯାଇଥିବା ଫାଇନାଲରେ ବିଶ୍ୱ ମାନ୍ୟତାର ଦ୍ୱିତୀୟ ସ୍ଥାନରେ ରହିଥିବା ସିନ୍ନର ୭-୬ (୪), ୭-୫ ସେଟ୍‌ରେ ଶୀର୍ଷ ମାନ୍ୟତା




କାର୍ଲୋସ ଆଲ୍‌କାରାଜଙ୍କୁ ହରାଇ ଟାଇଟଲ୍ ବଜାୟ ରଖିବାରେ ସଫଳ ହୋଇଛନ୍ତି। ଘରୋଇ ମାଟିରେ ଏହି ସମ୍ମାନଜନକ ଟ୍ରଫି ଜିତିବା ସହ ସିନ୍ନର ରେକର୍ଡ ୫.୦୭୧ ମିଲିୟନ ଡଲାର (ଭାରତୀୟ ମୁଦ୍ରାରେ ପ୍ରାୟ ୪୪ କୋଟି ୯୨ ଲକ୍ଷ) ପୁରସ୍କାର ବାବଦରେ ହାସଲ କରିଛନ୍ତି। ଯାହାକି ପୁରୁଷ ଟେନିସ ଇତିହାସରେ ସର୍ବକାଳୀନ ସର୍ବାଧିକ ପୁରସ୍କାର ରାଶି। ସେହିଭଳି ରନର୍ସଅପ୍ ହୋଇଥିବା ଆଲ୍‌କାରାଜ ୨.୭ ମିଲିୟନ ଡଲାର (୨୩ କୋଟି ୯୫ ଲକ୍ଷ ଟଙ୍କା) ବିଜୟୀ ହୋଇଛନ୍ତି।

# ଓଡ଼ିଶା ବୋଲର ନିରାଶ; ମହାରାଷ୍ଟ୍ର ୫୨୮

**କୁଚ ବିହାର ଟ୍ରଫି**

**କଟକ,୧୭।୧୧(ସମିସ):** ନାଗୋଥାନେର ରିଲାଏନ୍ସ କ୍ରିକେଟ ଗ୍ରାଉଣ୍ଡରେ ଖେଳାଯାଉଥିବା କୁଚବିହାର ଟ୍ରଫିର ଓଡ଼ିଶା ବିପକ୍ଷ ମ୍ୟାଚ୍‌ରେ ଘରୋଇ ମହାରାଷ୍ଟ୍ର ଦଳ ଦୃଢ଼ ସ୍ଥିତିରେ ରହିଛି। ମହାରାଷ୍ଟ୍ରର ପ୍ରଥମ ପାଳି ୫୨୮ ରନରେ ସୀମିତ ରହିବା ପରେ ସୋମବାର ମ୍ୟାଚର ଦ୍ୱିତୀୟ ଦିବସ ଷ୍ଟମ୍ପ ଅପସାରଣ ସୁଦ୍ଧା ଓଡ଼ିଶା ୩ ୱିକେଟ ହରାଇ ୧୩୪ରନ ସଂଗ୍ରହ କରିଛି। ମ୍ୟାଚ୍ ଆଉ ଦୁଇ ଦିନ ବାକି ରହିଛି। ଅସମାପ୍ତ ପ୍ରଥମ ପାଳି ୨୯୯/୫ରୁ ଆଜି ମହାରାଷ୍ଟ୍ର ବ୍ୟାଟିଂ ଆରମ୍ଭ କରିଥିଲା। ୪୮ ରନରେ ଅପରାଜିତ ଥିବା ଏସ୍ ଜଗତପ ୧୧୭ ରନର ପାଳି ଖେଳିଥିଲେ। ନିମ୍ନକ୍ରମର ବ୍ୟାଟର ଆରକମ୍ ସୟଦଙ୍କ ୬୨ରନ ଏବଂ ଶୁଭମ କଦମଙ୍କ ୪୮ ରନ ଯୋଗୁଁ ମହାରାଷ୍ଟ୍ରର ସ୍କୋର ୫୦୦ ଟପିଥିଲା। ଓଡ଼ିଶା ପକ୍ଷରୁ ଅର୍ପିତ ମହାନ୍ତି ୫ଟି ୱିକେଟ ଦଖଲ କରିଥିଲେ।

### ନିଖିଳ ଓଡ଼ିଶା ବିଲିଆର୍ଡ୍‌ସ ଓ ସ୍ନୁକର

# ସୁବ୍ରତ-ଆଶୁତୋଷ ଫାଇନାଲ

**ଭୁବନେଶ୍ୱର,୧୭।୧୧(ସମିସ):** ରାଜ୍ୟର ଦୁଇ ପ୍ରତିଷ୍ଠିତ ଖେଳାଳି ସୁବ୍ରତ ଦାସ ଓ ଆଶୁତୋଷ ପାଢ଼ୀଙ୍କ ମଧ୍ୟରେ ସିନିଅର ବିଲିଆର୍ଡ୍ସ ଟାଇଟଲ ଲାଗି ମୁକାବିଲା ହେବ। ପଟିଆ ଛକସ୍ଥିତ ସିକ୍ସ ପକେଟସ କ୍ଲବ୍ ପରିସରରେ ଚାଲିଥିବା ୩୧ତମ ରାଜ୍ୟ ବିଲିୟାର୍ଡ୍ସ ଓ ସ୍ନୁକର ଚାମ୍ପିଅନସିପ୍‌ର ଦ୍ୱିତୀୟ ଦିନରେ ଚିରଞ୍ଜୀବ ସିଂହଙ୍କୁ ୩-୦ ଫ୍ରେମ୍‌ରେ ହରାଇ ଆଶୁତୋଷ ଓ ସମୀର ଅଲିଙ୍କୁ ୩-୦ରେ ହରାଇ ସୁବ୍ରତ ବିଲିଆର୍ଡ୍‌ସ ଫାଇନାଲରେ ପ୍ରବେଶ କରିଛନ୍ତି। ପୂର୍ବରୁ କୁନାଲ ଅଗରୱାଲଙ୍କୁ ୨-୧ରେ ହରାଇ ଆଶୁତୋଷ ସେମିରେ ପ୍ରବେଶ କରିଥିଲେ। ଆସନ୍ତାକାଲି ଫାଇନାଲ୍ ଖେଳାଯିବ।

**ଷ୍ଟେଟ-ଏ' ଟ୍ରଫି**

# ଆସାମକୁ ହରାଇ ଓଡ଼ିଶାର ଚତୁର୍ଥ ବିଜୟ

**କଟକ,୧୭।୧୧(ସମିସ):** ଚଳିତ ୨୩ବର୍ଷରୁ କମ୍ ପୁରୁଷ ଷ୍ଟେଟ-ଏ (ଲିଷ୍ଟ-ଏ) ଟ୍ରଫିରେ ଓଡ଼ିଶା ୪ର୍ଥ ବିଜୟ ହାସଲ କରିଛି। ଆଜି ବରୋଦାର ମୋତିବାଗ୍ କ୍ରିକେଟ ଗ୍ରାଉଣ୍ଡରେ ଅନୁଷ୍ଠିତ ମ୍ୟାଚ୍‌ରେ ଦଳ ଅନ୍ତିମ ୱିକେଟରେ ଆସାମକୁ ପରାସ୍ତ କରିଥିଲା। ଲିଗ୍ ପର୍ଯ୍ୟାୟରେ ୫ଟି ମ୍ୟାଚ୍‌ରୁ ୪ଟି ବିଜୟ, ଗୋଟିଏ ପରାଜୟ ୧୬ ପଏଣ୍ଟ ହାସଲ କରି ଓଡ଼ିଶା ଗ୍ରୁପ-ବି ଟେବଲର ୩ୟ ସ୍ଥାନରେ ରହିଛି। ୧୯ ତାରିଖରେ ମୁମ୍ବଇ ବିପକ୍ଷରେ ଓଡ଼ିଶା ପରବର୍ତ୍ତୀ ମ୍ୟାଚ୍ ଖେଳିବ। ସୋମବାର ଖେଳାଯାଇଥିବା ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରିଥିବା ଆସାମ ୮ ୱିକେଟ ବିନିମୟରେ ୨୫୭ରନ ସଂଗ୍ରହ କରିଥିଲା। ଓପନର ସୌରଭ ଡ଼ିଙ୍ଗିଆ ଅପରାଜିତ ୧୩୪ରନ କରିଥିଲେ। ଓଡ଼ିଶାର ମହମ୍ମଦ ଡାନିସ ଏବଂ ଆୟୁଷ ବାରିକ ୨ଟି ଲେଖାଏ ୱିକେଟ ଦଖଲ କରିଥିଲେ। ତେବେ ୪୯ ଓଭରରେ ୯ ୱିକେଟ ହରାଇ ଓଡ଼ିଶା ବିଜୟ ଲକ୍ଷ୍ୟ ହାସଲ କରିଛି। ସୁଜଳ କୁମାର ସିଂହ ୫୪ବଲରୁ ୭୬ରନର ଅପରାଜିତ ମ୍ୟାଚ୍ ବିଜୟୀ ପାଳି ଖେଳିଥିଲେ। ୱିକେଟକିପର ଆଶୀର୍ବାଦ ସ୍ୱାଇଁ ୬୭ରନ କରିଥିଲେ।






ସକାଳ THE SAKALA
A Unit of Nandighosha Network Pvt. Ltd.
ନନ୍ଦିଘୋଷ

'ସକାଳ'ର ପଞ୍ଚମ ସ୍ୱନକ୍ଷତ୍ର ଉପଲକ୍ଷେ ରାଜ୍ୟସ୍ତରୀୟ

ବିତର୍କ ପ୍ରତିଯୋଗିତା ୨୦୨୫

ଭାଷା: ଓଡ଼ିଆ

5th Anniversary

Presented by: BHARAT MASALA The Taste of New India

In Association with: CBSE-XI & XII SRI VINAYAKA Concept School BHUBANESWAR

ପ୍ରତିଯୋଗିତା ସ୍ଥାନ ଓ ଯୋଗାଯୋଗ ନଂ.

| | | |
|---|---|---|
| ଭୁବନେଶ୍ୱର | ଡ଼ିଏଭି ପବ୍ଲିକ ସ୍କୁଲ୍, ୟୁନିଟ୍-୮, ଭୁବନେଶ୍ୱର | ସୁଧାଂଶୁ ସାହୁ - ୭୩୭୧୬୯୪୧୪୨ |
| ଖୋର୍ଦ୍ଧା | ସିଗମା ପବ୍ଲିକ ସ୍କୁଲ, ଖୋର୍ଦ୍ଧା | ରଞ୍ଜିତ କେଏନ୍ ସାମନ୍ତରାୟ - ୯୪୩୭୪୫୬୫୬୬ |
| ନୟାଗଡ଼ | ସାମ୍ବାଦିକ ଭବନ, ନୟାଗଡ଼ | ଅନିଲ କୁମାର ପଣ୍ଡା - ୭୩୭୭୭୧୦୦୯୭ |
| ଅନୁଗୋଳ | ରୋଟାରୀ ପବ୍ଲିକ ସ୍କୁଲ, ଅନୁଗୋଳ | ସଂଗ୍ରାମ ଦାସ - ୯୪୩୯୦୧୬୦୧୯ |
| ପୁରୀ | କେନ୍ଦ୍ରୀୟ ସଂସ୍କୃତ ବିଶ୍ୱବିଦ୍ୟାଳୟ, ସଦାଶିବ ପରିସର, ପୁରୀ | ହେମନ୍ତ କୁମାର ନାୟକ - ୯୯୩୭୫୨୧୬୬୯ |
| କଟକ | ସାରଳା ଭବନ, ବିଜୁ ପଟ୍ଟନାୟକ ଛକ, ତୁଳସିପୁର, କଟକ | ଭକ୍ତି ଭୂଷଣ ମହାନ୍ତି - ୯୩୩୮୧୦୧୦୮୩ |
| ଢେଙ୍କାନାଳ | ଢେଙ୍କାନାଳ, ସିନର୍ଜି ଇଞ୍ଜିନିରିଂ ବୈଷିକ ମହାବିଦ୍ୟାଳୟ | ସୟେଦ ଇମତିଆଜ୍ ହୁସେନ୍ - ୯୪୩୭୦୭୪୦୩୩ |
| ମୟୂରଭଞ୍ଜ | ସାଇଆଦର୍ଶ ଉଚ୍ଚମାଧମିକ ବିଦ୍ୟାଳୟ, ରଘୁନାଥପୁର ବାରିପଦା | ମନୋଜ କୁମାର ପଣ୍ଡା - ୯୪୩୮୭୪୮୪୯୧ |
| ଗଜପତି | ମହେନ୍ଦ୍ରଗିରି ପୌର ସରକାରୀ ଉଚ୍ଚ ବିଦ୍ୟାଳୟ, ପାରଳାଖେମୁଣ୍ଡି, ଗଜପତି | ରଶ୍ମି ରଞ୍ଜନ ମିଶ୍ର-୯୪୩୭୧୪୦୦୦୨ |
| ଗଞ୍ଜାମ | ସହିଦ ଲକ୍ଷ୍ମଣ ନାୟକ ସ୍ମୃତି ସରକାରୀ ଉଚ୍ଚ ବିଦ୍ୟାଳୟ, କୋର୍ଟପେଟା, ବ୍ରହ୍ମପୁର | କ୍ଷୀରସିନ୍ଧୁ ମହାନ୍ତି - ୭୭୪୯୮୧୧୭୦୩ |
| କନ୍ଧମାଳ | ଡିଆଇପିଆରଓ କନଫରେନ୍ସ ହଲ, ଫୁଲବାଣୀ, କନ୍ଧମାଳ | ସଞ୍ଜୟ ପାତ୍ର - ୭୦୦୮୬୨୫୭୧୯ |
| କେନ୍ଦ୍ରାପଡା | ସେଣ୍ଟ ଜାଭିୟର ହାଇସ୍କୁଲ, ଗୋପ, କେନ୍ଦ୍ରାପଡା | ଦେବଦତ୍ତ ଦାଶ - ୯୯୩୭୨୨୭୯୯୪ |
| ଜଗତସିଂହପୁର | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଜଗତସିଂହପୁର | ଶଶାଙ୍କ ଶେଖର ପଣ୍ଡା - ୯୮୬୧୩୩୭୯୮୨ |
| ଯାଜପୁର | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଯାଜପୁର | ସନ୍ଦିପ୍ତ ରାୟ - ୯୪୩୯୪୯୭୬୪୫ |
| ବାଲେଶ୍ୱର | ସକାଳ-ନନ୍ଦିଘୋଷ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ, ପଡୁଆଁପଦା, ପ୍ରୁଫ ରୋଡ, ବାଲେଶ୍ୱର | ଅସୀମ ମହାପାତ୍ର - ୯୪୩୯୪୫୨୧୮୮ |
| ଭଦ୍ରକ | ଭଦ୍ରକ ସରକାରୀ ଉଚ୍ଚ ବିଦ୍ୟାଳୟ (ପୁରୁଣା ସରକାରୀ ବାଳିକା ବିଦ୍ୟାଳୟ), ଭଦ୍ରକ | ଉମାକଲ୍ୟାଣ ମହାପାତ୍ର - ୯୦୯୦୯୦୪୦୭୭ |
| କେନ୍ଦୁଝର | ସରସ୍ୱତୀ ଶିଶୁ ବିଦ୍ୟାମନ୍ଦୀର ବଣିଆପାଟ, କେନ୍ଦୁଝର (ଲର୍ଡ଼ ଜଗନ୍ନାଥ ସାଇନ୍ସ କଲେଜ ସମ୍ମୁଖ, କଲେଜ ରୋଡ଼) | ଶରତ ଦାସ - ୭୩୭୧୧୨୨୦୫୫ |

୨୩ ନଭେମ୍ବର ୨୦୨୫ । ରବିବାର

ଜୁନିୟର: ହାଇସ୍କୁଲ ଛାତ୍ରଛାତ୍ରୀ
ସିନିୟର: କଲେଜ / ବିଶ୍ୱବିଦ୍ୟାଳୟ ଛାତ୍ରଛାତ୍ରୀ

ପ୍ରାରମ୍ଭିକ ବିତର୍କ ପ୍ରତିଯୋଗିତାର ବିଜେତାମାନଙ୍କୁ ପୁରସ୍କୃତ କରାଯିବ।
ଭାଗ ନେଉଥିବା ସମସ୍ତ ପ୍ରତିଯୋଗୀମାନଙ୍କୁ ସାର୍ଟିଫିକେଟ୍ ଅଫ୍ ପାର୍ଟିସିପେସନ୍ ପ୍ରଦାନ କରାଯିବ।

ଜିଲ୍ଲାସ୍ତରୀୟ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରିଥିବା ପ୍ରତିଯୋଗୀଙ୍କୁ ରାଜ୍ୟସ୍ତରର ପ୍ରତିଯୋଗିତା ପାଇଁ ଭୁବନେଶ୍ୱର ଡକାଯିବ।



PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ: ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS